

‘ନୋ ଏଣ୍ଟ୍ରି ୨’ ଛାଡ଼ିଲେ ବରୁଣ

▶ପୃଷ୍ଠା ୧୧ ଦେଖନ୍ତୁ...


◆ RNI REGD NO: 42041/83
◆ www.sakalaepaper.com
◆ /sakalanews
◆ /sakalanews
◆ www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-111 ◆FRIDAY ◆17 OCTOBER 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୧୧୧ ◆ଶୁକ୍ରବାର ◆୧୭ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦





THIS DHANTERAS & DIWALI GET THE ULTIMATE
GOLD RATE PROTECTION PLAN
PAY JUST 15% AND LOCK YOUR GOLD RATE NOW*

KHIMJI®
JEWELLERS SINCE 1936

BHUBANESWAR: SHAHEED NAGAR, CHANDRASHEKHARPUR, SOUBHAGYANAGAR, SAMANTARAPUR | ANGUL BERHAMPUR CUTTACK JHARSUGUDA PURI ROURKELA


## ମହଙ୍ଗା ଭତ୍ତା ୩ % ବଢ଼ିଲା

**ପିଛିଲା ଭାବେ ଜୁଲାଇ ମାସରୁ ଲାଗୁ**

■ **ଭୁବନେଶ୍ୱର, ୧୬।୧୦ (ସମିସ):** ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦୀପାବଳି ପୂର୍ବରୁ ରାଜ୍ୟ ସରକାରୀ କର୍ମଚାରୀଙ୍କ ମହଙ୍ଗା ଭତ୍ତାରେ ତିନି ପ୍ରତିଶତ ବୃଦ୍ଧି କରିଛନ୍ତି। ଏହା ଫଳରେ ସରକାରୀ କର୍ମଚାରୀଙ୍କ ମହଙ୍ଗା ଭତ୍ତା ୫୫ ପ୍ରତିଶତରୁ ୫୮ ପ୍ରତିଶତକୁ ବୃଦ୍ଧି ପାଇଛି। ଏହା ଜୁଲାଇ ପହିଲା ୨୦୨୫ରୁ ପିଛିଲା ଭାବରେ ଲାଗୁ ହେବ। ଏହି ବର୍ଦ୍ଧିତ ମହଙ୍ଗା ଭତ୍ତା ଚଳିତ ଅକ୍ଟୋବର ମାସ ଦରମାରେ ନଗଦ ଆକାରରେ ମିଳିବ। ଏହା ସହିତ ପେନ୍‌ସନଭୋଗୀ ମାନଙ୍କ ଡିଆଇରେ ମଧ୍ୟ ତିନି ପ୍ରତିଶତ ବୃଦ୍ଧି କରାଯାଇଛି। ସେମାନେ ମଧ୍ୟ ଅନୁରୂପ ଭାବେ ଅକ୍ଟୋବର ମାସ ପେନ୍‌ସନରେ ଏହି ବର୍ଦ୍ଧିତ ଡିଆଇ ପାଇବେ। ଏହା ଦ୍ୱାରା ପ୍ରାୟ ସାଢେ ଆଠ ଲକ୍ଷ ସରକାରୀ କର୍ମଚାରୀ ଓ ପେନ୍‌ସନଭୋଗୀ ଉପକୃତ ହେବେ।

## ଜନସମ୍ପର୍କ ପଦଯାତ୍ରାରେ ନବୀନ

# ଶେଷ ପର୍ଯ୍ୟନ୍ତ ଓଡ଼ିଶା ମା’ର ସେବା ଜାରି ରଖିବି



**ବିଜୁ ଜନତା ଦଳ ଓଡ଼ିଶାବାସୀଙ୍କ ଦଳ**

**ଶଙ୍ଖ ହୁଳହୁଳିରେ ସ୍ୱାଗତ କଲେ ମହିଳା**

**ନବୀନ ଜିନ୍ଦାବାଦ ସ୍ଲୋଗାନରେ କମ୍ପିଲା ଅଞ୍ଚଳ**

■ **ଭୁବନେଶ୍ୱର, ୧୬।୧୦ (ସମିସ):** ବିଜୁ ଜନତା ଦଳ ଆପଣମାନଙ୍କର ଦଳ। ସମଗ୍ର ଓଡ଼ିଶାବାସୀଙ୍କ ଦଳ। ମୁଁ ସବୁବେଳେ ଆପଣଙ୍କ ସହ ରହିଛି ଆଉ ରହିଥିବି। ଶେଷ ପର୍ଯ୍ୟନ୍ତ ଓଡ଼ିଶା ମା’ର ସେବା ଜାରି ରଖିବି ବୋଲି କହିଛନ୍ତି ବିଜେଡି ସଭାପତି ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ନିଜର ୭୯ତମ ଜନ୍ମଦିନ ତଥା ବିଜେଡି ପକ୍ଷରୁ ଭୁବନେଶ୍ୱର ଏକାମ୍ର ନିର୍ବାଚନ ମଣ୍ଡଳୀର ଗଙ୍ଗନଗର ବିଜୁ ଆଦର୍ଶ କଲୋନୀରେ ଆୟୋଜିତ ଜନସମ୍ପର୍କ ପଦଯାତ୍ରା ଯୋଗଦେଇ ଦଳୀୟ କର୍ମୀଙ୍କୁ ସାଧାରଣ ଲୋକଙ୍କ ସହ ଯୋଡ଼ିହୋଇ ରହିବାକୁ ପରାମର୍ଶ ଦେଇଛନ୍ତି। ସେବା ହିଁ ବିଜୁ ଜନତା ଦଳର ମୂଳମନ୍ତ୍ର, ମୂଳ ଆଦର୍ଶ। ତେଣୁ ଏହାକୁ ବ୍ରତ ଭାବେ ଗ୍ରହଣ କରି ସାଧାରଣ ଜନତାଙ୍କ ସେବା ଜାରି ରଖିବାକୁ ସେ କର୍ମୀମାନଙ୍କୁ ପରାମର୍ଶ ଦେଇଛନ୍ତି।

ଗୁରବାର ପୂର୍ବାହ୍ନରେ ସ୍ଥାନୀୟ ଗଙ୍ଗନଗର ବିଜୁ ଆଦର୍ଶ କଲୋନୀରେ ଆୟୋଜିତ ଜନସମ୍ପର୍କ ପଦଯାତ୍ରାରେ ନବୀନ କର୍ମୀମାନଙ୍କ ଗହଣରେ କିଛି ବାଟ ପଦଯାତ୍ରା କରିଥିଲେ। ନବୀନଙ୍କୁ ପାଖରେ ପାଇ ଦଳୀୟ ନେତା ଓ କର୍ମୀମାନେ ବେଶ୍ ଉତ୍ସାହିତ ହୋଇ ପଡ଼ୁଥିବା ବେଳେ ନିଜ ପ୍ରିୟ ନେତାଙ୍କୁ ଦେଖିବା ପାଇଁ ସାଧାରଣ ଲୋକେ ମଧ୍ୟ ଅସମ୍ଭବ ଭିଡ଼ ଜମାଇଥିଲେ। ମହିଳାମାନଙ୍କ ହୁଳହୁଳି, ଶଙ୍ଖ ବାଦନ ସ୍ୱର ସହ ▶ପୃଷ୍ଠା-୭

## ଶିଶୁ ଗ୍ରାମରେ ପାଳିଲେ ଜନ୍ମଦିନ



**ପିଲାଙ୍କୁ ବାଣ୍ଟିଲେ କେକ୍ ଓ ଚକୋଲେଟ**

**ଫୋନ୍ କରି ଶୁଭେଚ୍ଛା ଜଣାଇଲେ ମୁଖ୍ୟମନ୍ତ୍ରୀ**

**ଶୁଭକାମନା କଲେ ଧର୍ମେନ୍ଦ୍ର, ଜୁଏଲ୍, ଶିବରାଜ ଓ ବହୁ ବିଶିଷ୍ଟ ବ୍ୟକ୍ତି**

■ **ଭୁବନେଶ୍ୱର, ୧୬।୧୦ (ସମିସ):** ନିଜର ୭୯ତମ ଜନ୍ମଦିନକୁ ଛୋଟଛୋଟ ପିଲାମାନଙ୍କ ଗହଣରେ ନିଆରା ଢଙ୍ଗରେ ପାଳନ କରିଛନ୍ତି ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ନିରାଡମ୍ବର ଜୀବନଶୈଳୀରେ ବିଶ୍ୱାସ ରଖୁଥିବା ନବୀନ ଛୋଟଛୋଟ ପିଲାଙ୍କ ଗହଣରେ ଜନ୍ମଦିନ ପାଳନ କରିବାକୁ ପସନ୍ଦ କରିବା ସହ ସେମାନଙ୍କ ଗହଣରେ ▶ପୃଷ୍ଠା-୭

## ବିଦାୟ ନେଲା ମୌସୁମୀ

**୨୪ରେ ଲଘୁଚାପ, ଓଡ଼ିଶାରେ ଆଂଶିକ ପ୍ରଭାବ**

■ **ଭୁବନେଶ୍ୱର, ୧୬।୧୦ (ସମିସ):** ସାରା ରାଜ୍ୟରୁ ବିଦାୟ ନେଇଛି ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ। ଗତ ୧୩ ତାରିଖରେ ମୌସୁମୀ ଉତ୍ତର ଓଡ଼ିଶାରୁ ଅପସାରଣ ଆରମ୍ଭ ହୋଇଥିଲା। ୩ ଦିନ ମଧ୍ୟରେ ଏହା ସାରା ଓଡ଼ିଶା ସମେତ ସାରା ଦେଶରୁ ବିଦାୟ ନେଇଛି। ମୌସୁମୀ ବିଦାୟ ପରେ ପରେ ରାଜ୍ୟରେ ତାପମାତ୍ରା ଧୀରେ ଧୀରେ ହ୍ରାସ ହେବାରେ ଲାଗିଛି। ଏବେ ରାତିରେ କାକର ମାତ୍ରା ବୃଦ୍ଧି ପାଇଥିବା ବେଳେ କିଛି ମାତ୍ରାରେ ଥଣ୍ଡା ମଧ୍ୟ ବଢ଼ିଛି।

ଅନ୍ୟପଟେ ଆସନ୍ତା ୨୪ ତାରିଖ ବେଳକୁ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ପ୍ରାଥମିକ ଆକଳନ ଅନୁଯାୟୀ, ଏହା ଅଧିକ ଘନୀଭୂତ ହୋଇପାରେ। ମାତ୍ର କେତେ ଘନୀଭୂତ ହେବ ତାହା ସ୍ପଷ୍ଟ ହୋଇନାହିଁ। ସମ୍ଭବତଃ ଏହା ଆନ୍ଧ୍ର କିମ୍ବା ତାମିଲନାଡୁ ଉପରେ ସିଧାସଳଖ ପ୍ରଭାବ ପକାଇପାରେ। ଯଦି ଏହା ଆନ୍ଧ୍ର ଉପକୂଳ ମୁହାଁ ହୁଏ, ତେବେ ଓଡ଼ିଶାର ଦକ୍ଷିଣ ଭାଗ ଓ ଏହାର ସଂଲଗ୍ନ କିଛି ଜିଲ୍ଲା ସମେତ ପ୍ରାୟ ଜଗତସିଂହପୁର ପର୍ଯ୍ୟନ୍ତ ବର୍ଷା ହୋଇପାରେ। ବିଶେଷକରି ଉପକୂଳବର୍ତ୍ତୀ କିଛି ଜିଲ୍ଲାରେ ବର୍ଷା ହେବା ସହ ବାକି କିଛି କିଛି ସ୍ଥାନରେ ମେଘୁଆ ପାଗ ସୃଷ୍ଟି ହୋଇପାରେ।





TANISHQ

ଭାରତର ସବୁଠାରୁ ଭରସାଯୋଗ୍ୟ ଜୁଏଲର୍

ବୃହତ୍ତର ତଥା ଉତ୍ତମ କିଣାକିଣି ଅନୁଭୂତି ପାଇଁ ଏବେ ଉଦିତ୍ ନଗର, ମେନ୍ ରୋଡ୍, ରାଉରକେଲାକୁ ସ୍ଥାନାନ୍ତରିତ ହୋଇଛି

₹450 ପର୍ଯ୍ୟନ୍ତ ଛାଡ଼* ପ୍ରତି ଗ୍ରାମ ସୁନା ଅଳଙ୍କାର ଉପରେ | 20% ପର୍ଯ୍ୟନ୍ତ ଛାଡ଼* ଡାଇମଣ୍ଡ ମୂଲ୍ୟ ଉପରେ

To locate your nearest store and know more on 8147349242. Buy online at tanishq.co.in or Download our App *Conditions apply, For T&C visit our website.

ସୋରୁମ୍: ଇଣ୍ଡିଆ ଜୁଏଲ୍ସ ପ୍ରାଇଭେଟ୍ ଲିମିଟେଡ୍, ପ୍ଲଟ୍ ନମ୍ବର-362/2000 ଏବଂ 358/2001, ଉଦିନ୍ ନଗର,କଚେରୀ ରୋଡ୍, ମେନ୍ ରୋଡ୍, ରାଉରକେଲା-769012

# ଲକ୍ଷେ ଟଙ୍କା ସୁପାରି ଦେଇ ସ୍ୱାମୀଙ୍କୁ ମାରିଲା ସ୍ତ୍ରୀ

## ମା'ର ମୁଖା ଖୋଲିଲା ପୁଅ

ବାରାବାଙ୍କୀ, ୧୬ ।୧୦(ଏଜେନ୍ସି): ଉତ୍ତରପ୍ରଦେଶ ବାରାବାଙ୍କୀରେ ଜଣେ ମହିଳା ସୁପାରି ଦେଇ ନିଜ ସ୍ୱାମୀଙ୍କୁ ହତ୍ୟା କରିବା ଘଟଣା ସାମ୍ନାକୁ ଆସିଛି। ମହିଳାଙ୍କ ୮ ବର୍ଷର ପୁଅ ଏହି ହତ୍ୟାକାଣ୍ଡର ଗୁମର ଖୋଲିବା ସହ ସହ ମା'ଙ୍କ ମୁଖା ଖୋଲିଦେଇଛି। ସ୍ୱାମୀଙ୍କୁ ହତ୍ୟା କରିବାକୁ ମହିଳା ଜଣକ ଜଣେ ଇ- ଅଟୋ ରିକ୍ସା ଡ୍ରାଇଭରକୁ ଲକ୍ଷେ ଟଙ୍କା ଦେଇଥିଲେ। କିନ୍ତୁ ୮ ବର୍ଷର ଶିଶୁ ଏହି ଅପରାଧ ଘଟଣା ପୁଲିସକୁ କହିବା ପରେ ସତ ପଦାକୁ ଆସିଛି। ଏହି ମହିଳା ଜଣକ ହେଉଛନ୍ତି ବାରାବାଙ୍କି ଘୁଙ୍ଗେଟର ଅଞ୍ଚଳର ପୂଜା ଗୌତମ। ସ୍ୱାମୀ ହନୁମନ୍ତଲାଲ୍ ସଡ଼କ ଦୁର୍ଘଟଣାରେ ମୃତ୍ୟୁବରଣ କରିଛନ୍ତି ବୋଲି ପୂଜା ପ୍ରଥମେ କହୁଥିଲେ। କିନ୍ତୁ ତାଙ୍କ ଉପରେ ପୁଲିସର ସନ୍ଦେହ ସୃଷ୍ଟି ହୋଇଥିଲା। ଫଳର ପୁଲିସ ତଦନ୍ତ ଆଗକୁ ବଢ଼ାଇବା ସହ ଅଧିକ ପଚରାଉଚରା କରିଥିଲା। ନିଜ ପୁତୁରାଙ୍କ ସହ ପୂଜାଙ୍କର ଅବୈଧ ସମ୍ପର୍କ ଥିଲା। ଏହା ଜଣାପଡ଼ିବା ପରେ ସ୍ୱାମୀଙ୍କ ସହ ପୂଜାଙ୍କର ଝଗଡ଼ା ହୋଇଥିଲା। ଶେଷରେ ସେ ସ୍ୱାମୀଙ୍କୁ ରାସ୍ତାରୁ ହଟାଇବାକୁ ନିଷ୍ପତ୍ତି ନେଇଥିଲେ। ଏଥିପାଇଁ ସେ ଲକ୍ଷ୍ନୌର ଜଣେ ଇ- ରିକ୍ସା ଅଟୋ ଡ୍ରାଇଭର କମଲେଶଙ୍କୁ ଏକ ଲକ୍ଷ ଟଙ୍କା ଦେଇଥିଲେ। ସୋମବାର ସନ୍ଧ୍ୟାରେ ଏକ ମେଳା ବୁଲିବାକୁ ଯାଇ ଫେରିବା ବେଳେ ପୂଜା କମଲେଶର ଇ- ରିକ୍ସା ବୁକ୍ କରିଥିଲେ। ଫେରିବା ବେଳେ ହନୁମନ୍ତଲାଲ୍‌ଙ୍କୁ ଲୁହା ରଡ଼ରେ ପିଟି କମଲେଶ ହତ୍ୟା କରିଥିଲେ। ଏହାକୁ ଏକ ଦୁର୍ଘଟଣା ରୂପ ଦେବାକୁ ପୂଜା ଓ କମଲେଶ ପ୍ରୟାସ କରିଥିଲେ ମଧ୍ୟ ପୁଅ ପୁଲିସକୁ ସତକଥା କହିଥିଲା।

# ଜାତିଗତ ଜନଗଣନାରେ ସାମିଲ ହେଲେନି ସୁଧା ମୂର୍ତ୍ତି

ବେଙ୍ଗାଲୁରୁ, ୧୬।୧୦ (ଏଜେନ୍ସି): ଇନ୍‌ଫୋସିସ ପ୍ରତିଷ୍ଠାତା ଏନଆର ନାରାୟଣ ମୂର୍ତ୍ତି ଏବଂ ତାଙ୍କ ପତ୍ନୀ ତଥା ରାଜ୍ୟସଭା ସାଂସଦ ସୁଧା ମୂର୍ତ୍ତି କର୍ଣ୍ଣାଟକରେ ଚାଲିଥିବା ଜାତିଗତ ଜନଗଣନାରେ ସାମିଲ ହେବାକୁ ମନା କରିଦେଇଛନ୍ତି। କିଛି ଦିନ ତଳେ ସର୍ଭେ ଟିମ୍ ତାଙ୍କ ଘରକୁ ଯାଇଥିଲା। ସେତେବେଳେ ସେ ନିଜ ଘରର ସର୍ବେକ୍ଷଣ କରାଇବାକୁ ମନା କରିଦେଇଥିଲେ। ରିପୋର୍ଟ ଅନୁଯାୟୀ ସର୍ବେକ୍ଷଣ ଫର୍ମ ପୂରଣ କରିବା ପରିବର୍ତ୍ତେ ସୁଧା ମୂର୍ତ୍ତି ଏକ ଘୋଷଣାପତ୍ରରେ ସ୍ୱାକ୍ଷର କରିଥିଲେ। ଏଥିରେ ସୁଧା ଲେଖିଥିଲେ ଯେ ସେ କୌଣସି ପଛୁଆ ସମ୍ପ୍ରଦାୟର ନୁହଁନ୍ତି। ତେଣୁ ସେହି ସମ୍ପ୍ରଦାୟ ପାଇଁ ସରକାର କରୁଥିବା ସର୍ବେକ୍ଷଣରେ ସେ ଭାଗ ନେବେ ନାହିଁ। କିଛି ବ୍ୟକ୍ତିଗତ କାରଣ ପାଇଁ ରାଜ୍ୟର ପଛୁଆ ବର୍ଗ କମିଶନଙ୍କ ଦ୍ୱାରା ହେଉଥିବା ଏହି ସାମାଜିକ ଏବଂ ଶିକ୍ଷାଗତ ସର୍ବେକ୍ଷଣରେ ସୂଚନା ଦେବାକୁ ମନା କରିଦେଇଥିଲେ ବୋଲି ସୁଧା କହିଛନ୍ତି।

ଏହାକୁ ନେଇ କର୍ଣ୍ଣାଟକ ଉପ-ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାର କହିଛନ୍ତି ଯେ ସର୍ବେକ୍ଷଣରେ ଭାଗ ନେବା ନ ନେବା ଇଚ୍ଛାଧୀନ ପ୍ରସଙ୍ଗ। ଯଦି କେହି ସୂଚନା ଦେବାକୁ ଚାହୁଁନାହାନ୍ତି ତେବେ ତାଙ୍କୁ ଏଥିରେ ଭାଗନେବାକୁ ବାଧ୍ୟ କରାଯାଇପାରିବ ନାହିଁ। ସୂଚନା ଅନୁଯାୟୀ କର୍ଣ୍ଣାଟକରେ ଗତ ୨୨ ତାରିଖରେ ଜାତିଗତ ଜନଗଣନା ଆରମ୍ଭ ହୋଇଥିଲା। ଏହାର ସମୟସୀମାକୁ ଅକ୍ଟୋବର ୧୮ ତାରିଖ ପର୍ଯ୍ୟନ୍ତ ବଢ଼ାଇ ଦିଆଯାଇଛି। ଏହି ସର୍ବେକ୍ଷଣ ପାଇଁ ସରକାର ୪୨୦ କୋଟି ଟଙ୍କା ବ୍ୟୟ ଅଟକଳ କରିଛନ୍ତି। ଏଥିପାଇଁ ମାସେ ପର୍ଯ୍ୟନ୍ତ ସ୍କୁଲ ଛୁଟି କରିଦିଆଯାଇଛି। ସରକାରୀ ଶିକ୍ଷକଙ୍କୁ ଏହି କାର୍ଯ୍ୟରେ ଲଗାଯାଇଛି।

# ଆଉ କେତେ ମିଛ କହିବେ ଟ୍ରମ୍ପ

## ରୁଷରୁ ଆଉ ତେଲ କିଣିବ ନାହିଁ ଭାରତ: ଟ୍ରମ୍ପ

## ସ୍ପଷ୍ଟ କଲା ବୈଦେଶିକ ବିଭାଗ: ଭାରତ ଏଭଳି କୌଣସି ପ୍ରତିଶ୍ରୁତି ଦେଇନି

ନୂଆଦିଲ୍ଲୀ, ୧୬।୧୦: ରୁଷ-ୟୁକ୍ରେନ ଯୁଦ୍ଧ ରୋକିବାରେ ବିଫଳ ହେବା ପରେ ବିବ୍ରତ ହୋଇପଡ଼ିଛନ୍ତି ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ। ଭାରତ ସମେତ ବିଭିନ୍ନ ଦେଶ ଉପରେ ଅତ୍ୟଧିକ ଶୁଳ୍କ ଧାର୍ଯ୍ୟ କରି ବିଶ୍ୱ ଅର୍ଥନୀତିକୁ ଅସ୍ଥିର କରିଥିବା ଟ୍ରମ୍ପ ଭାରତକୁ ଟାର୍ଗେଟ କରିବାରେ ଲାଗିଛନ୍ତି। ଗୋଟିଏ ପଟେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ତାଙ୍କ ବନ୍ଧୁ ବୋଲି ବର୍ଣ୍ଣନା କରୁଛନ୍ତି ଏବଂ ଅନ୍ୟପଟେ ଭାରତକୁ ଅଡୁଆରେ ପକାଇବା ଲାଗି କୌଣସି ସୁଯୋଗ ହାତଛଡ଼ା କରୁ ନାହାନ୍ତି। ପହଲଗାମ ଆକ୍ରମଣ ପରେ ଭାରତ ଓ ପାକିସ୍ତାନ ମଧ୍ୟରେ ହୋଇଥିବା ଯୁଦ୍ଧକୁ ରୋକିବାରେ ସେ ମଧ୍ୟସ୍ଥତା କରିଥିଲେ। ତାଙ୍କର ଶୁଳ୍କ ଧମକ ଯୋଗୁଁ ଏହି ଯୁଦ୍ଧ ବନ୍ଦ ହୋଇଥିଲା ବୋଲି କହିଥିଲେ। କିନ୍ତୁ ଭାରତ ଟ୍ରମ୍ପଙ୍କ ଏଭଳି ମନ୍ତବ୍ୟକୁ ଖଣ୍ଡନ କରିବା ପରେ ଟ୍ରମ୍ପ ଭାରତ ଉପରେ କ୍ଷୁବ୍ଧ ହୋଇ ଅତ୍ୟଧିକ ଶୁଳ୍କ ଲଗାଇଛନ୍ତି। ଏହାକୁ ନେଇ ଦୁଇ ଦେଶ ମଧ୍ୟରେ ଅଚଳାବସ୍ଥା



ଲାଗି ରହିଥିବା ବେଳେ ଟ୍ରମ୍ପ ଆଜି ପୁଣି ଆଉ ଏକ ମିଛ କହିଛନ୍ତି। ରୁଷ ଠାରୁ ଭାରତ ଆଉ ତେଲ କିଣିବ ନାହିଁ, ପ୍ରଧାନମନ୍ତ୍ରୀ ମୋଦୀ ତାଙ୍କୁ ଏହି ପ୍ରତିଶ୍ରୁତି ଦେଇଥିବା ଟ୍ରମ୍ପ କହିଛନ୍ତି। କିନ୍ତୁ ଭାରତ ତାଙ୍କର ଏହି ମନ୍ତବ୍ୟକୁ ଖଣ୍ଡନ କରିଛି। ପ୍ରଧାନମନ୍ତ୍ରୀ ଏଭଳି କୌଣସି ମନ୍ତବ୍ୟ ଦେଇ ନାହାନ୍ତି ବୋଲି ଭାରତ ସରକାର କହିବା ପରେ ଟ୍ରମ୍ପଙ୍କ ଆଉ ଏକ ମିଛ ଧରାପଡ଼ିଛି।

ରୁଷ ତେଲକୁ ନେଇ ଭାରତ ସଂପର୍କରେ ଟ୍ରମ୍ପଙ୍କ ବିବୃତିକୁ ନେଇ ଭାରତୀୟ ରାଜନୀତି ଆଜି ଦିନସାରା ସରଗରମ ରହିଥିଲା। ଟ୍ରମ୍ପଙ୍କ ଧମକ ଆଗରେ ସରକାର ମୁଣ୍ଡ ନୁଆଁଇଛନ୍ତି ବୋଲି କହି ବିରୋଧୀ ଦଳ ପ୍ରଧାନମନ୍ତ୍ରୀଙ୍କର ସମାଲୋଚନା କରିଥିଲେ। ରୁଷରେ ମଧ୍ୟ ଏହାକୁ ନେଇ ବିଭ୍ରାନ୍ତି ସୃଷ୍ଟି ହୋଇଥିଲା। କିନ୍ତୁ ସନ୍ଧ୍ୟା ଭାରତ ସରକାର ଏକ ସ୍ପଷ୍ଟୀକରଣ ଦେବାପରେ ଏହି ବିବାଦରେ ବିରାମ ଲାଗିଛି। ଭାରତୀୟ ବୈଦେଶିକ ବିଭାଗର ମୁଖପାତ୍ର ରଣଧୀର ଜୟଶ୍ୱାଲ ସ୍ପଷ୍ଟ କରିଛନ୍ତି ଯେ ରୁଷ ତେଲ ନେଇ ଟ୍ରମ୍ପଙ୍କୁ କୌଣସି ପ୍ରତିଶ୍ରୁତି ଦିଆଯାଇନାହିଁ। ଆଜି ସାମ୍ବାଦିକ ସମ୍ମିଳନୀରେ ଗଣମାଧ୍ୟମ ପ୍ରତିନିଧି ତାଙ୍କୁ ଏସଂପର୍କରେ ଅନେକ ପ୍ରଶ୍ନ ପଚାରିଥିଲେ। ଗୋଟିଏ ପ୍ରଶ୍ନର ଉତ୍ତର ଦେଇ ସେ କହିଥିଲେ ଯେ ପ୍ରଧାନମନ୍ତ୍ରୀ ମୋଦୀ ଏବଂ ରାଷ୍ଟ୍ରପତି ଟ୍ରମ୍ପଙ୍କ ମଧ୍ୟରେ ଗତକାଲି କୌଣସି ଟେଲିଫୋନ୍ ଆଲୋଚନା ହୋଇନାହିଁ। ରୁଷ ଠାରୁ ଭାରତ ତେଲ କିଣିବ ନାହିଁ ବୋଲି ପ୍ରଧାନମନ୍ତ୍ରୀ କେବେହେଲେ କହି ନାହାନ୍ତି। ସେ କହିଲେ ଯେ ତେଲ କିଣିବା ସମୟରେ ଭାରତୀୟ ନାଗରିକଙ୍କ ସ୍ୱାର୍ଥକୁ ସର୍ବୋଚ୍ଚ ପ୍ରାଥମିକତା ଦିଆଯିବ। ଯେଉଁ ବଜାରରେ ତେଲ ଶସ୍ତା ମିଳିବ, ଭାରତ ସେହିଠାରୁ ହିଁ କିଣିବ ବୋଲି ସେ ପରୋକ୍ଷରେ ବୁଝାଇ ଦେଇଥିଲେ। ଏହାପୂର୍ବରୁ ଆଜି ତାଙ୍କର ଓଭାଲ ଅଫିସରେ ଏକ ସାମ୍ବାଦିକ ସମ୍ମିଳନୀରେ ଟ୍ରମ୍ପ କହିଥିଲେ ଯେ ରୁଷ ଠାରୁ ଭାର ତେଲ କିଣୁଥିବାରୁ ସେ କ୍ଷୁବ୍ଧ ଅଛନ୍ତି। ତେବେ ପ୍ରଧାନମନ୍ତ୍ରୀ ମୋଦୀ ତାଙ୍କୁ ପ୍ରତିଶ୍ରୁତି ଦେଇଛନ୍ତି ଯେ ଭାରତ ଏହି ତେଲ କିଣିବା ବନ୍ଦ କରିଦେବ। କିନ୍ତୁ ଟିକିଏ ସମୟ ଲାଗିବ। ମୋଦୀଙ୍କ ଏହି ପ୍ରତିଶ୍ରୁତିକୁ ମୁଁ ସ୍ୱାଗତ କରୁଛି ବୋଲି ଟ୍ରମ୍ପ କହିଥିଲେ।

# ୫ ଲକ୍ଷ ଲାଞ୍ଚ ନେଇ ଗିରଫ ଡିଆଇଜିଙ୍କ ଘରୁ ୫ କୋଟି ଜବତ

ଅମୃତସର, ୧୬।୧୦ (ଏଜେନ୍ସି): ପାଞ୍ଚ ଲକ୍ଷ ଟଙ୍କା ଲାଞ୍ଚ ନେଉଥିବା ସମୟରେ ପଞ୍ଜାବ ରୋପଡ ରେଞ୍ଜର ଡିଆଇଜି ହରଚରନ ସିଂହ ଭୁଲ୍ଲରଙ୍କୁ ସିବିଆଇ ଗିରଫ କରିଛି। ସେ ମଣ୍ଡି ଗୋବିନ୍ଦଗଡ଼ର ଜଣେ ସ୍କ୍ରାପ ବ୍ୟବସାୟୀଠୁ ଏହି ଲାଞ୍ଚ ମାଗିଥିଲେ। ବ୍ୟବସାୟୀ ଏ ନେଇ ସିବିଆଇ ନିକଟରେ ଅଭିଯୋଗ କରିଥିଲେ। ପରେ ଡିଆଇଜିଙ୍କୁ ଧରିବା ପାଇଁ ସିବିଆଇ ଜାଲ ବିଛାଇ ଥିଲା। ବ୍ୟବସାୟୀ ଗୁରୁବାର ଟଙ୍କା ନେଇ ମୋହାଲି ସ୍ଥିତ ଅଫିସରେ ପହଞ୍ଚି ଥିଲେ। ଏଠାରୁ ସିବିଆଇ ଭୁଲ୍ଲରଙ୍କୁ ଧରିଥିଲା। ଏହା ପରେ ଚଣ୍ଡିଗଡ଼ର ସେକ୍ଟର ୪୦ ସ୍ଥିତି ଡିଆଇଜିଙ୍କ ବାସଭବନ ଏବଂ ମୋହାଲି ଅଫିସରେ ସିବିଆଇର ୪୨ ଜଣିଆ ଟିମ୍ ଚଢ଼ଉ କରିଥିଲା। ତାଙ୍କ କୋଠାରୁ ୫ କୋଟି ଟଙ୍କା ମିଳିଛି। ୩ଟି ବ୍ୟାଗ ଏବଂ ଗୋଟିଏ ଆଟାଚରେ ଏହି ଟଙ୍କା ରଖାଯାଇଥିଲା। ଏହାକୁ ଗଣିବା ପାଇଁ ମେସିନ ମଗା ଯାଇଥିଲା। ଏହା ବ୍ୟତୀତ ବିପୁଳ ଗହଣା, ୧୫ଟି ସମ୍ପତ୍ତି ଏବଂ ବିଳାଶପୂର୍ଣ୍ଣ ଗାଡ଼ିର ମଧ୍ୟ କାଗଜପତ୍ର ମିଳିଛି। ୨୦୦୭ ବ୍ୟାଚ୍‌ର ଏହି ଆଇପିଏସ ଅଧିକାରୀ ରୋପଡ ରେଞ୍ଜରେ କାର୍ଯ୍ୟରତ ଥିବା ସମୟରେ ଏକ ବେଆଇନ କାର୍ ବ୍ୟବସାୟ ସାମ୍ନାକୁ ଆସିଥିଲା। ଏଠାରେ ଚେଚିସ୍ ନମ୍ବର ବଦଳାଇ ସ୍କ୍ରାପ୍ ଗାଡ଼ି ବିକ୍ରି କରାଯାଉଥିଲା। ଏହି ମାମଲାକୁ ଚପାଇବା ପାଇଁ ସେ ବ୍ୟବସାୟୀଙ୍କୁ ମାସକୁ ୨ ଲକ୍ଷ ଏବଂ ପରେ ୫ ଲକ୍ଷ ଟଙ୍କା ଦେବାକୁ କହିଥିଲେ।

# ଚୀନ୍‌ଠାରୁ ଲଢୁଆ ଜେଟ୍ ନେବ ଇଣ୍ଡୋନେସିଆ

ଜାକର୍ତ୍ତା, ୧୬ ।୧୦(ଏଜେନ୍ସି): ଇଣ୍ଡୋନେସିଆ ନିଜର ସାମରିକ କ୍ଷମତା ବୃଦ୍ଧି କରିବାକୁ ନିଷ୍ପତ୍ତି ନେଇଛି। ଚୀନ୍‌ଠାରୁ ଜେ-୧୦ସି ଲଢୁଆ ବିମାନ କ୍ରୟ କରିବ ଇଣ୍ଡୋନେସିଆ। ପ୍ରଥମଥର ପାଇଁ ଇଣ୍ଡୋନେସିଆ କୌଣସି ଅଣ ପାଶ୍ଚାତ୍ୟ ଦେଶଠାରୁ ବିମାନ କିଣିବ ବୋଲି ଇଣ୍ଡୋନେସିଆର ପ୍ରତିରକ୍ଷା ମନ୍ତ୍ରୀ ସଜଫ୍ରି ସଜମସୁଦ୍ଦିନ କହିଛନ୍ତି। ପୂର୍ବରୁ ଚିନ୍ କେବଳ ଏହି ବିମାନ ନିଜ ପାଇଁ ନିର୍ମାଣ କରୁଥିଲା। ଏବେ କିନ୍ତୁ ଚୀନ୍ ଏହାକୁ ଅନ୍ୟ ଦେଶକୁ ଏହି ବିମାନ ବିକିବ। ଏହିକ୍ରମରେ ଇଣ୍ଡୋନେସିଆ ୭୫ ହଜାର କୋଟି ଟଙ୍କା ବିନିମୟରେ ମୋଟ୍ ୪୨ଟି ବିମାନ କ୍ରୟ କରିବ। ତେବେ ଏହି ବିମାନ ଚୀନ୍‌ଠାରୁ କେବେ ମିଳିବ ସେ ନେଇ କିଛି ସ୍ପଷ୍ଟ କରାଯାଇନାହିଁ। ଏହି ବିମାନ ପାକିସ୍ତାନ ପାଖରେ ମଧ୍ୟ ରହିଛି। ଗତ ମେ'ରେ ହୋଇଥିବା ଅପରେସନ ସିନ୍ଦୂରରେ ପାକିସ୍ତାନ ଏହି ବିମାନ ଭାରତ ବିପକ୍ଷରେ ବ୍ୟବହାର କରିଥିଲା। ଇଣ୍ଡୋନେସିଆ ନିଜର ଲଢୁଆ ବିମାନଗୁଡ଼ିକୁ ଅପଗ୍ରେଡ କରାଉଛି। କେବଳ ଚୀନ୍‌ଠାରୁ ନୁହଁ ଫ୍ରାନ୍ସ ଓ ତୁର୍କୀ ଭଳି ୟୁରୋପୀୟ ଦେଶଗୁଡ଼ିକ ଠାରୁ ଇଣ୍ଡୋନେସିଆ ଫାଇଟର ଜେଟ୍ କ୍ରୟ କରିବ।

# ଗୁଜରାଟରେ ଇସ୍ତଫା ଦେଲେ ସବୁ ମନ୍ତ୍ରୀ

ଅହମଦାବାଦ୍, ୧୬ ।୧୦(ଏଜେନ୍ସି): ଗୁଜରାଟ୍‌ରେ ମୁଖ୍ୟମନ୍ତ୍ରୀ ଭୁପେନ୍ଦ୍ର ପଟେଲଙ୍କ କ୍ୟାବିନେଟର ୧୬ ଜଣ ମନ୍ତ୍ରୀ ଗୁରୁବାର ଇସ୍ତଫା ଦେଇଛନ୍ତି। ଶୁକ୍ରବାର ପୂର୍ବାହ୍ନ ୧୧.୩୦ରେ ମନ୍ତ୍ରୀମଣ୍ଡଳ ସମ୍ପ୍ରସାରଣ ହେବ ଓ ନୂଆ କ୍ୟାବିନେଟ ଶପଥ ଗ୍ରହଣ କରିବେ। ୨୦୨୭ ବିଧାନସଭା ନିର୍ବାଚନକୁ ଦୃଷ୍ଟିରେ ରଖି ଏହି ମନ୍ତ୍ରୀମଣ୍ଡଳ ଅଦଳବଦଳ କରାଯାଉଛି ବୋଲି କୁହାଯାଉଛି। ମନ୍ତ୍ରୀମଣ୍ଡଳରେ ନୂଆ ଚେହେରାଙ୍କୁ ସାମିଲ କରାଯାଇପାରେ ଓ ଦୁଇଜଣ ଉପ- ମୁଖ୍ୟମନ୍ତ୍ରୀଙ୍କୁ ନିଯୁକ୍ତି ଦିଆଯାଇପାରେ ବୋଲି କୁହାଯାଇଛି। ଗୁଜରାଟ କ୍ୟାବିନେଟ୍‌ରେ ମୁଖ୍ୟମନ୍ତ୍ରୀଙ୍କ ସମେତ ୧୭ଜଣ ମନ୍ତ୍ରୀଥିଲେ। ଏଥିରେ ୮ ଜଣ ଲେଖାଏ କ୍ୟାବିନେଟ ଓ ରାଜ୍ୟପାହ୍ୟା ମନ୍ତ୍ରୀ ଥିଲେ। ଏବେ ଏହି ସଂଖ୍ୟ ବୃଦ୍ଧି ପାଇଁ ୨୨-୨୩ ହୋଇପାରେ ବୋଲି କୁହାଯାଉଛି। କଂଗ୍ରେସରୁ ବିଜେପିକୁ ଆସିଥିବା ବିଧାୟକଙ୍କ ମନ୍ତ୍ରୀମଣ୍ଡଳରେ ସାମିଲ କରାଯିବାର ସମ୍ଭାବନା ସୃଷ୍ଟି ହୋଇଛି।

## ଅହମଦାବାଦ ବିମାନ ଦୁର୍ଘଟଣା ମାମଲା

# ପାଇଲଟ ସଭରୱାଲଙ୍କ ବାପା ଓ ସଂଘ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ

ନୂଆଦିଲ୍ଲୀ, ୧୬।୧୦ (ଏଜେନ୍ସି): ଅହମଦାବାଦରେ ଏୟାର ଇଣ୍ଡିଆ ବିମାନ (ଏଆଇ-୧୭୧) ଦୁର୍ଘଟଣାକୁ ନେଇ ବିବାଦ ଥମିବାର ନା ଧରୁନି। ବିମାନ ନିର୍ମାତା କମ୍ପାନୀର ଦୋଷ ଘୋଡ଼ାଇବାପାଇଁ ପାଇଲଟ୍ ସୁମିତ ସଭରୱାଲଙ୍କ ଉପରେ ଦୋଷ ଲଦାଯାଉଛି। ଏୟାରକ୍ରାଫ୍ଟ ଆକ୍ସିଡେଣ୍ଟ ଇନ୍‌ଭେଷ୍ଟିଗେସନ ବ୍ୟୁରୋ (ଏଏଆଇବି)ର ତଦନ୍ତ ମଧ୍ୟ ଏ ଦିଗରେ ସଙ୍କେତ ଦେଉଛି। ଏହି ରିପୋର୍ଟ ଜାରିହେବା ପରେ ବିଶ୍ୱସନୀୟତାକୁ ନେଇ ପ୍ରଶ୍ନ ଉଠିଥିଲା। ଏପରି ସମୟରେ ଦୁର୍ଘଟଣାରେ ପ୍ରାଣ ହରାଇଥିବା ପାଇଲଟ ସୁମିତଙ୍କ ବାପା ପୁଷ୍କରାଜ ସଭରୱାଲ ଏବଂ ଭାରତୀୟ ପାଇଲଟ ସଂଘ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ଏହି ଆବେଦନରେ ଏଏଆଇବିର ଯାଞ୍ଚ ଉପରେ ଭରସା ନାହିଁ ବୋଲି କୁହାଯାଇଛି। ତେଣୁ ସ୍ୱତନ୍ତ୍ର ଯାଞ୍ଚ ଦାବି କରାଯାଇଛି। କୋର୍ଟଙ୍କ ଅନୁଧ୍ୟାନରେ କିମ୍ବା କୋର୍ଟ ଅଫ୍ ଇନକ୍ୱାରୀ ହେଉ ବୋଲି ନିବେଦନ କରାଯାଇଛି।

# କଂଗ୍ରେସ-ଆର୍‌ଜେଡି ଅଡୁଆ ଛିଡୁନି

ପାଟନା, ୧୬।୧୦ (ଏଜେନ୍ସି): ବିହାରରେ ନିର୍ବାଚନୀ ପାରା ବଢ଼ିବାରେ ଲାଗିଛି। କ୍ଷମତାସୀନ ଏନ୍‌ଡିଏ ମେଣ୍ଟ ଏବଂ ବିରୋଧୀ ଇଣ୍ଡିଆ ମେଣ୍ଟରେ ଟିକଟ ବଣ୍ଟନକୁ କଳି ଛିଡ଼ିବାର ନା ଧରୁନି। ତେବେ ବିଦ୍ରୋହ କରୁଥିବା ଏନ୍‌ଡିଏର ସହଯୋଗୀ ଦଳ ନିଜ ଆଭିମୁଖ୍ୟକୁ ନରମ କରିଛନ୍ତି। କିନ୍ତୁ ଇଣ୍ଡିଆରେ ଅଙ୍କ ଛିଡ଼ିପାରୁ ନାହିଁ। ପ୍ରଥମ ପର୍ଯ୍ୟାୟ ନିର୍ବାଚନ ପାଇଁ ଶୁକ୍ରବାର ପ୍ରାର୍ଥୀପତ୍ର ଦାଖଲ ଶେଷ ହେଉଥିବାବେଳେ କଂଗ୍ରେସ ଏବଂ ଆର୍‌ଜେଡି ମଧ୍ୟରେ ଏ ପର୍ଯ୍ୟନ୍ତ ଟିକଟ ବଣ୍ଟନ ଚୂଡ଼ାନ୍ତ ହୋଇନାହିଁ। ବୁଧବାର ଆରଜେଡି ନେତା ତେଜସ୍ୱୀ ଯାଦବ ଦିଲ୍ଲୀରେ ଥିଲେ ବି କଂଗ୍ରେସର ପ୍ରମୁଖ ନେତୃତ୍ୱଙ୍କୁ ଭେଟିପାରି ନ ଥିଲେ। ପରେ ସେ ଦିଲ୍ଲୀରୁ ଫେରି ରଘୋପୁର ଆସନରୁ ପ୍ରାର୍ଥୀପତ୍ର ଦାଖଲ କରିଥିଲେ। କଂଗ୍ରେସ ମଧ୍ୟ ଆସନ ବୁଝାମଣା ନ କରି ପ୍ରାର୍ଥୀଙ୍କୁ ଟିକଟ ବାଣ୍ଟି ଥିଲା। ମାମଲା ଜଟିଳ ହେଉଥିବା ଦେଖି କଂଗ୍ରେସ ନେତା ରାହୁଲ ଗାନ୍ଧୀ ଏବଂ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ୍‌ଗେ ଏହି ଅଡୁଆ ଛିଡ଼ାଇବାକୁ ଗୁରୁବାର ଆରଜେଡି ମୁଖ୍ୟ ଲାଲୁ ପ୍ରସାଦ ଯାଦବଙ୍କୁ ଫୋନ କରିଥିଲେ। କିନ୍ତୁ ଏହି ଚର୍ଚ୍ଚାରେ କ'ଣ ନିଷ୍ପତ୍ତି ନିଆଯାଇଥିଲା ତାହା ଏ ପର୍ଯ୍ୟନ୍ତ ଚୂଡ଼ାନ୍ତ ହୋଇନାହିଁ। ପ୍ରାର୍ଥୀପତ୍ର ଦାଖଲ କରିବାକୁ ଗୋଟିଏ ଦିନ ବାକିଥିବାବେଳେ ଆରଜେଡି ଏବଂ କଂଗ୍ରେସ ମଧ୍ୟରେ ଆସନ ବୁଝାମଣା ହୋଇ ନ ପାରିବା ମହାମେଣ୍ଟର ଏକତା ଉପରେ ପ୍ରଶ୍ନ ଉଠାଉଛି। ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ କଂଗ୍ରେସକୁ ଦିଆଯାଇଥିବା ସିଟ୍ ଏବଂ କିଛି ମଜବୁତ କ୍ଷେତ୍ରକୁ ନେଇ ଦୁଇ ଦଳ ଭିତରେ ଅଙ୍କ ଛିଡୁନି। ପ୍ରଥମେ ୫୨ଟି ଆସନରେ ଲଢିବା ପାଇଁ ଆରଜେଡି କହିବାରୁ କଂଗ୍ରେସ ଖାରଜ କରି ଅତିକମରେ ୭୦ ସିଟ୍ ମାଗିଥିଲା। ଏହାକୁ ନେଇ ରାଜ୍ୟସ୍ତରରେ ଆରଜେଡି ଏବଂ କଂଗ୍ରେସ ନେତାଙ୍କ ବୈଠକକୁ ମଧ୍ୟ ନିଲମ୍ବିତ କରିଦିଆଯାଇଥିଲା। ପରେ ଏହି ମାମଲା ଦିଲ୍ଲୀକୁ ପଳାଇ ଥିଲା।

ଏହା ପରେ କଂଗ୍ରେସକୁ ୬୧ଟି ସିଟ୍ ଦେବା ପାଇଁ ଆରଜେଡି ରାଜି ହୋଇଥିଲା। କିନ୍ତୁ କଂଗ୍ରେସ ଚାହୁଁଥିବା କିଛି କ୍ଷେତ୍ରକୁ ଛାଡ଼ିବା ପାଇଁ ଲାଲୁଙ୍କ ଦଳ ମନା କରିଦେଇଥିଲା। କହଲଗାଁଓ, ନରକାଟିଆଗଞ୍ଜ ଏବଂ ବସାଳିଗଞ୍ଜ ଭଳି ଆସନକୁ ନିଜ ପାଖରେ ରଖିବାକୁ ଚାହୁଁଥିଲା। ପୂର୍ବରୁ ରାହୁଲଙ୍କ ଭୋଟ ଅଧିକାର ଯାତ୍ରା ପାଇଁ କଂଗ୍ରେସ ନିଜ ଆଭିମୁଖ୍ୟକୁ ଜୋରଦାର କରିବ ବୋଲି କୁହାଯାଉଥିଲା। କିନ୍ତୁ ଏହା ସେତେ ପ୍ରଭାବି ହୋଇ ନ ଥିଲା। ଏଥିପାଇଁ ଦଳ ନରମ ଆଭିମୁଖ୍ୟ ପୋଷଣ କରିଥିଲା। ଏବେ କଂଗ୍ରେସ ୬୧ ଆସନରେ, ଆରଜେଡି ପୂର୍ବାପେକ୍ଷା ଟିକେ କମ୍ ଆସନରେ ଲଢିବ ବୋଲି କୁହାଯାଉଛି।

# ବିଦାୟନେଲା ମୌସୁମୀ

ନୂଆଦିଲ୍ଲୀ, ୧୬ ।୧୦(ଏଜେନ୍ସି): ସାରା ଭାରତରୁ ଦକ୍ଷିଣ ପଶ୍ଚିମ ମୌସୁମୀ ସମ୍ପୂର୍ଣ୍ଣ ଭାବେ ବିଦାୟ ନେଇଛି। କନିର୍ଦ୍ଧାରିତ ସମୟର ଗୋଟିଏ ଦିନ ପରେ ହିଁ ମୌସୁମୀ ବିଦାୟ ନେଇଛି ବୋଲି ଭାରତୀୟ ପାଣିପାଗ ବିଜ୍ଞାନ ବିଭାଗ ଗୁରୁବାର ସୂଚନା ଦେଇଛି। ଏଥର ମୌସୁମୀ ଦୀର୍ଘ ୧୬ ବର୍ଷ ପରେ ଆଗୁଆ ମେ ୨୪ରେ କେରଳରେ ପହଞ୍ଚିଥିଲା। ସବୁଥର ମୌସୁମୀ ଅକ୍ଟୋବର ୧୫ରେ ହିଁ ଦେଶରୁ ସମ୍ପୂର୍ଣ୍ଣ ଭାବେ ବିଦାୟ ନେଇଥାଏ। ନିର୍ଦ୍ଧାରିତ ତାରିଖର ଅଗୁଆ ୯ ଦିନ ପୂର୍ବରୁ ଅର୍ଥାତ ଜୁଲାଇ ୮ରେ ମୌସୁମୀ ସାରା ଦେଶକୁ ଆଚ୍ଛାଦିତ କରିଥିଲା। ୨୦୦୯ ପରେ ମୌସୁମୀ ଏଥର ଶୀଘ୍ର ଆଗମନ କରିଥିଲା। ଏହି ବର୍ଷ ମୌସୁମୀ ମେ ୨୩ରେ ପହଞ୍ଚିଥିଲା। ସାଧରଣତଃ ମୌସୁମୀ ଜୁନ୍ ୧ ସୁଦ୍ଧା କେରଳରେ ପ୍ରଥମେ ପ୍ରବେଶ କରିଥାଏ ଓ ଜୁଲାଇ ୮ରେ ସାରା ଦେଶକୁ ଏହା ଅଚ୍ଛାଦିତ କରିଥାଏ। ସେହିପରି ଏହା ପାଖାପାଖି ସେପ୍ଟେମ୍ବର ୧୭ରେ ଉତ୍ତର-ପଶ୍ଚିମ ଭାରତରୁ ବିଦାୟ ନେବା ଆରମ୍ଭ କରିଥାଏ ଓ ଅକ୍ଟୋବର ୧୫ରେ ସମ୍ପୂର୍ଣ୍ଣ ଭାବେ ଦେଶରୁ ବିଦାୟ ନେଇଥାଏ।

ମୌସୁମୀର ୪ ମାସ ରହଣୀରେ ଏଥର ସାମାନ୍ୟଠାରୁ ଅଧିକ ବର୍ଷା ହୋଇଛି। ସାଧରଣତଃ ମୌସୁମୀ କାରଣରୁ ୪ ମାସ ମଧ୍ୟରେ ୮୬୮.୬ ମିଲିମିଟର ବର୍ଷା ହୋଇଥାଏ। ଏଥର କିନ୍ତୁ ୯୩୭.୨ ମିଲିମିଟର ବର୍ଷା ହୋଇଛି। ଅର୍ଥାତ ଏଥର ୮ ପ୍ରତିଶତ ଅଧିକ ବର୍ଷା ହୋଇଛି। ଭାରତର ଉତ୍ତରପଶ୍ଚିମ ଅଞ୍ଚଳକୁ ବାଦ୍ ଦେଲେ ମୌସୁମୀ ପରେ ଅକ୍ଟୋବରରୁ ଡିସେମ୍ବର ମଧ୍ୟରେ ସାରା ଦେଶରେ ସାମାନ୍ୟଠାରୁ ଅଧିକ ବର୍ଷା ହେବ ବୋଲି ପାଣିପାଗ ବିଭାଗ ତରଫରୁ କୁହାଯାଇଛି। ଏବର୍ଷ ଅକ୍ଟୋବରରେ ସାମାନ୍ୟଠାରୁ ୧୫ ପ୍ରତିଶତ ଅଧିକ ବର୍ଷା ହେବ ବୋଲି ପାଣିପାଗ କାର୍ଯ୍ୟାଳୟ ତରଫରୁ କୁହାଯାଇଛି। ସେହିପରି ପୂର୍ବ ଓ ପୂର୍ବାଞ୍ଚଳ ଭାରତରେ ସାମାନ୍ୟଠାରୁ ଏଥର କମ୍ ବର୍ଷା ହୋଇଛି।

# ତାଲିବାନ ଆକ୍ରମଣ ପଛରେ ଭାରତ: ପାକିସ୍ତାନ

## ଭାରତ ପାଇଁ ଛାମୁଆ ଯୁଦ୍ଧ ଲଢୁଛି ତାଲିବାନ

## ଉସୁକାଇଲେ ସାମରିକ କାର୍ଯ୍ୟାନୁଷ୍ଠାନ

ଇସଲାମାବାଦ, ୧୬।୧୦ (ଏଜେନ୍ସି): ଆଫଗାନିସ୍ତାନ ସହ ସଂଘର୍ଷରେ ଲିପ୍ତ ପାକିସ୍ତାନ ଭୋକ ବିକଳରେ ଡାଟିଆ କାମୁଡିବାରେ ଲାଗିଛି। ପଡୋଶୀ ଦେଶକୁ ଆତଙ୍କବାଦୀ ପଠାଇ ଅସ୍ଥିରତା ସୃଷ୍ଟି କରୁଥିବା ପାକିସ୍ତାନର ପ୍ରତିରକ୍ଷାମନ୍ତ୍ରୀ ଖ୍ୱାଜା ଆସିଫ ତାଲିବାନ ସହ ସଂଘର୍ଷକୁ ନେଇ ଭାରତ ଉପରେ ଦୋଷ ଲଦିଛନ୍ତି। ସେ ଅଭିଯୋଗ କରିଛନ୍ତି ଯେ ତାଲିବାନର ନିଷ୍ପତ୍ତି ଦିଲ୍ଲୀରେ ନିଆଯାଉଛି। ଭାରତ ପାଇଁ ଆଫଗାନିସ୍ତାନ ଛାମୁଆ ଯୁଦ୍ଧ ଲଢୁଛି। ତେଣୁ ତାଲିବାନ ସହ ହୋଇଥିବା ଅସ୍ତ୍ରବିରତି ବେଶୀ ଦିନ ତିଷ୍ଠିବା ଉପରେ ସନ୍ଦେହ ସୃଷ୍ଟି ହୋଇଛି। କାରଣ ଆଫଗାନ ତାଲିବାନକୁ ଦିଲ୍ଲୀରୁ ସହଯୋଗ ମିଳୁଛି। ଆସିଫ ଚେତାବନୀ ଦେଇ କହିଛନ୍ତି ଯେ ଯଦି ପାକିସ୍ତାନକୁ ଉସୁକାଇବେ ତେବେ ସାମରିକ କାର୍ଯ୍ୟାନୁଷ୍ଠାନ ନିଆଯିବ। ଜବାବ ଦେବା ପାଇଁ ପାକିସ୍ତାନ ପାଖରେ ସମ୍ପୂର୍ଣ୍ଣ କ୍ଷମତା ରହିଛି। ଯଦି ସେମାନେ ଯୁଦ୍ଧର ପରିସର ବୃଦ୍ଧି କରିବେ ତେବେ ଆମେ ଆକ୍ରମଣ କରିବୁ। ମାତ୍ର ଆଲୋଚନା ପାଇଁ ମଧ୍ୟ ପାକିସ୍ତାନ ପ୍ରସ୍ତୁତ ଅଛି।

ତାଲିବାନ ଟ୍ୟାଙ୍କ ଲୁଟିନେବା ଖବରକୁ ଆସିଫ ଅପପ୍ରଚାର କହିଛନ୍ତି। ତାଲିବାନ ସଦସ୍ୟ ଯେଉଁ ମଡେଲ ଟ୍ୟାଙ୍କରେ ଯାଉଥିବା ଦେଖାଯାଉଛି ତାହା ପାକିସ୍ତାନର ନୁହେଁ। ଏହି ଟ୍ୟାଙ୍କ ସେମାନେ କେଉଁଠୁ ଆଣିଲେ ତାହା ଜଣାନାହିଁ। କେଉଁ କବାଡିବାଲାଠାରୁ ନେଇଥିବେ କିମ୍ବା ପୁରୁଣା କାଳର ଟ୍ୟାଙ୍କ ଚଳାଉ ଥିଲେ। ଜାଲ୍ ଫଟୋ କିମ୍ବା ଭିଡିଓ କରି ପ୍ରଚାରପ୍ରସାର କରାଯାଉଛି। କାବୁଲ ପକ୍ଷରୁ କ୍ରମାଗତ ଭାବେ ମିଥ୍ୟା କୁହାଯାଉଛି। ସେମାନେ ଛାମୁଆ ଯୁଦ୍ଧ ଲଢୁଛନ୍ତି। ବିବାଦ ମଧ୍ୟରେ ଆଫଗାନିସ୍ତାନକୁ 'ଟ୍ରାଞ୍ଜିଟ ଟ୍ରେଡ' ସୁବିଧା ଉପରେ ପାକିସ୍ତାନ କଟକଣା ଲଗାଇ ଦିଆଯାଇଛି। ଏଥିଯୋଗୁଁ ବାଣିଜ୍ୟ କାରବାର ପାଇଁ ପାକିସ୍ତାନ ଜମିକୁ ଆଉ ତାଲିବାନ ବ୍ୟବହାର କରିପାରିବ ନାହିଁ। ଏହି ନିଷ୍ପତ୍ତି ପରେ କରାଚି ଏବଂ ପୋର୍ଟ କାସିମରେ ଆଫଗାନିସ୍ତାନ ଯାଉଥିବା ଅନେକ ଟ୍ରକ ଛିଡ଼ା ହୋଇ ରହିଛି। ଲୋଡ୍ ହୋଇସାରିଥିବା କଣ୍ଟେନରକୁ ମଧ୍ୟ ବନ୍ଦରରେ ଓହ୍ଲାଇ ଦିଆଯାଇଛି। ସୂଚନାଯୋଗ୍ୟ ଯେ ଆଫଗାନିସ୍ତାନରେ ସମୁଦ୍ର ନାହିଁ। ତେଣୁ ବାଣିଜ୍ୟ କାରବାର ପାଇଁ ଏହି ଦେଶ ପାକିସ୍ତାନ ଉପରେ ନିର୍ଭରଶୀଳ।

# ସିଜେଆଇଙ୍କୁ ଜୋତା ଫିଙ୍ଗିବା ଆଇନଜୀବୀଙ୍କୁ ମହଙ୍ଗା ପଡ଼ିଲା

ନୂଆଦିଲ୍ଲୀ, ୧୬ ।୧୦(ଏଜେନ୍ସି): ସୁପ୍ରିମକୋର୍ଟ ମୁଖ୍ୟ ବିଚାରପତ ବିଆର ଗଭାଇଙ୍କ ଉପରକୁ ଜୋତା ଫୋପାଡିଥିବା ବରିଷ୍ଠ ଓକିଲି ରାକେଶ କିଶୋରଙ୍କ ସମସ୍ୟା ଏବେ ବଢ଼ିବାରେ ଲାଗିଛି। ଏବେ ତାଙ୍କ ବିରୋଧରେ ଅପରାଧିକ ଅବମାନନା ମାମଲା ଚାଲିବ। ଏ ନେଇ ଦେଶର ଆଟର୍ଣ୍ଣି ଜେନେରାଲ ତୁଷାର ମେହେଟା ରାକେଶଙ୍କ ବିରୋଧରେ ମାମଲା ଆରମ୍ଭ କରିବାକୁ ସହମିତ ପ୍ରଦାନ କରିଛନ୍ତି। ତୁଷାର ଓ ସୁପ୍ରିମକୋର୍ଟ ବାର ଆସୋସିଏସନ (ଏସ୍‌ସିବିଏ) ମୁଖ୍ୟ ତଥା ବରିଷ୍ଠ ଓକିଲ ବିକାଶ ସିଂ ଏ ନେଇ ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜୟମାଲ୍ୟା ବାଗ୍‌ଚିଙ୍କ ଖଣ୍ଡପୀଠକୁ ଅନୁରୋଧ କରିଛନ୍ତି। ରାକେଶ କିଶୋରଙ୍କ କାର୍ଯ୍ୟ ଓ କଥା ଅତ୍ୟନ୍ତ ନିନ୍ଦନୀୟ ବୋଲି ବିକାଶ ସିଂ କହିଛନ୍ତି। ତାଙ୍କ କାର୍ଯ୍ୟ ସମ୍ପୂର୍ଣ୍ଣ ନ୍ୟାୟ ବ୍ୟବସ୍ଥା ଉପରେ ଏକ ଆକ୍ରମଣ ବୋଲି ସେ କହିଛନ୍ତି। ଏହି ଘଟଣା ଅକ୍ଷମଣନୀୟ ବୋଲି ତୁଷାର କହିଛନ୍ତି। ଗତ ଅକ୍ଟୋବର ୬ରେ ଏକ ଶୁଣାଣି ବେଳେ ରାକେଶ ସିଜେଆଇ ଗଭାଇଙ୍କ ଉପରେକୁ ଜୋତା ଫୋପାଡିବାକୁ ପ୍ରୟାସ କରିଥିଲେ। ଏହି ଘଟଣା ଘଟିଥିଲେ ମଧ୍ୟ ସିଜେଆଇ ଶାନ୍ତ ରହିବା ସହ ନିଜର କାର୍ଯ୍ୟ ଜାରି ରଖିଥିଲେ।

# ସିକ୍ୟୁରିଟି ଗାର୍ଡରୁ ୪୦୦ କୋଟିର ବ୍ୟବସାୟିକ ସାମ୍ରାଜ୍ୟ

ପାଟନା, ୧୬ ।୧୦(ଏଜେନ୍ସି): ବିହାରରେ ବିଧାନସଭା ନିର୍ବାଚନ ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଛି। ସବୁ ଦଳଗୁଡିକ ଏଥିପାଇଁ ଜୋରଦାର ପ୍ରସ୍ତୁତି ଆରମ୍ଭ କରିଛନ୍ତି। ପ୍ରଶାନ୍ତ କିଶୋରଙ୍କ ଜନ ସୂରାଜ ପାର୍ଟି ମଧ୍ୟ ଏଥିରେ ପଛରେ ପଡ଼ିନାହିଁ। ଏହି ପାର୍ଟି ଟିକଟରୁ ଲଢ଼ିବାକୁ ଯାଉଥିବା ଜଣେ ପ୍ରାର୍ଥୀଙ୍କ ରୋଚକ ତଥା ପ୍ରେରଣାଦାୟୀ କାହାଣୀକୁ ନେଇ ବିହାରରେ ଚର୍ଚ୍ଚା ଚାଲିଛି। ଏହି ପ୍ରାର୍ଥୀଜଣକ ହେଲେ ୩୮ ବର୍ଷୀୟ ନୀରଜ ସିଂ। ନୀରଜ ଶେଓହର ନିର୍ବାଚନ ମଣ୍ଡଳୀରୁ ସେ ଅବତୀର୍ଣ୍ଣ ହେବେ। ଜଣେ ସିକ୍ୟୁରିଟି ଗାର୍ଡ ଭାବେ ଚାକିରି ଆରମ୍ଭ କରିଥିବା ନୀରଜ ଏବେ ଜଣେ ସଫଳ ବ୍ୟବସାୟୀ ହୋଇପାରିଛନ୍ତି। ଏବେ ସେ ୪୦୦ କୋଟି ଟଙ୍କା ବ୍ୟବସାୟର ମାଲିକ ହୋଇଛନ୍ତି ଓ ଜଣେ ସଫଳ ବ୍ୟବସାୟୀ ଭାବେ ପରିଗଣିତ ହେଉଛନ୍ତି।

ଶେଓହର ଜିଲ୍ଲାର ମଧୁରାପୁର ଗାଁରେ ନୀରଜ ଜନ୍ମ ନେଇଥିଲେ। ଏକ ସାଧାରଣ ପରିବାରରୁ ଆସିଥିବା ନୀରଜ ୧୩ ବର୍ଷରେ ମାଟ୍ରିକ ପାସ୍ କରିଥିଲେ। ପରିବାରର ଆର୍ଥିକସ୍ଥିତ ସୁଧାରିବା ପାଇଁ ସେ ଚାକିରି ଖୋଜିବା ଆରମ୍ଭ କରିଥିଲେ। କିନ୍ତୁ ନାବାଳକ ହୋଇଥିବାରୁ ତାଙ୍କୁ କେହି ଚାକିରି ଦେଇ ନଥିଲେ। ଫଳରେ ସେ ନିଜ ଗାଁରେ ପେଟ୍ରୋଲ- ଡିଜେଲ ବିକ୍ରି ଆରମ୍ଭ କରିଥିଲେ। ଏହାର ୩ ବର୍ଷ ପରେ ସେ ରୋଜଗାର ପାଇଁ ଦିଲ୍ଲୀ ପହଞ୍ଚି ସେଠାରେ ସିକ୍ୟୁରିଟି ଗାର୍ଡ ଭାବେ ଚାକିରି କରିଥିଲେ। ଏହା ପରବର୍ତ୍ତୀ ସେ ପୁଣେ ଯାଇଥିଲେ ଓ ସେଠାରେ ଏକ ଅଫିସ ଆସିଷ୍ଟାଣ୍ଟ ଭାବେ



କାର୍ଯ୍ୟ ଆରମ୍ଭ କରିଥିଲେ। ନିଜର ପରିଶ୍ରମ ଓ ଅଧ୍ୟବସାୟ ବଳରେ ସେ ଜଣେ ଏଚ୍‌ଆର ପ୍ରଫେସନାଲ ଭାବେ ନିଜର ପରିଚୟ ସୃଷ୍ଟି କରିବାକୁ ସକ୍ଷମ ହୋଇଥିଲେ। ୨୦୧୦ରେ ନୀରଜ ନିଜର ଶସ୍ୟ ବ୍ୟବସାୟ ଆରମ୍ଭ କରିଥିଲେ। କଠିନ ପରିଶ୍ରମ କରିବା ସହ ସେ ଏହି ବ୍ୟବସାୟକୁ ଆଗକୁ ବଢ଼ାଇଥିଲେ। ଏହା ପରେ ସେ ପଛକୁ ଚାହିଁ ନଥିଲେ। 'ଊଷା ଇଣ୍ଡଷ୍ଟ୍ରୀ' ନାମରେ ଏକ କମ୍ପାନୀ ସ୍ଥାପନ କରିଥିଲେ। ଏହି କମ୍ପାନୀରେ ସେ ଇଟା, ବିଲ୍ଡିଂ ବ୍ଲକ, ଟାଇଲ ଓ ଅନ୍ୟ ସେରାମିକ ଜିନିଷ ଉତ୍ପାଦନ କରୁଥିଲେ। ଧୀରେ ଧୀରେ ସେ ସଡ଼କ ନିର୍ମାଣ ଓ ପେଟ୍ରୋଲ ପମ୍ପ ବ୍ୟବସାୟରେ ପାଦ ଦେଇଥିଲେ। ମୋତିହାରୀସ୍ଥିତ ତାଙ୍କ କମ୍ପାନୀ ବର୍ଷକୁ ୪୦୦ କୋଟି ଟଙ୍କାର ଟର୍ଣ୍ଣ ଓଭର କରୁଛି ଓ ଏଥିରେ ୨, ୦୦୦ରୁ ଅଧିକ ଲୋକ କାର୍ଯ୍ୟ କରୁଛନ୍ତି। ଏକଦା ସାଇକେଲ ଚଢ଼ିବାକୁ ପଇସା ପାଉ ନଥିବା ନୀରଜ ଏବେ ରେଞ୍ଜ ରୋଭର କାର ଚଢୁଛନ୍ତି ଓ ତାଙ୍କ ଅଧା ଡଜନ କାର ରହିଛି। ସେ ଏବେ ନିଜର ପିତାମାତା, ପତ୍ନୀ ଓ ଦୁଇ ପୁଅଙ୍କ ସହ ଏକାଠି ରହୁଛନ୍ତି ଓ ତାଙ୍କ ପାଖରେ ଆଇନ୍‌ର ଡିଗ୍ରୀ ରହିଛି। କେବଳ ବ୍ୟବସାୟ ନୁହଁ ସେ ସମାଜ ମଙ୍ଗଳ କାର୍ଯ୍ୟରେ ମଧ୍ୟ ନିଜକୁ ନିୟୋଜିତ କରିଛନ୍ତି। ସେ ଗରିବ ପରିବାରର ଝିଅମାନଙ୍କ ବିବାହ, ମାଗଣା ସ୍ୱାସ୍ଥ୍ୟ ଶିବିର, ବରିଷ୍ଠ ନାଗରିକଙ୍କ ପାଇଁ ତୀର୍ଥ ଯାତ୍ରାର ବ୍ୟବସ୍ଥା କରାଇବାରେ ନିଜକୁ ନିୟୋଜିତ କରିଛନ୍ତି। ତାଙ୍କ ଉପରେ ଲୋକଙ୍କ ଆଶୀର୍ବାଦ ରହିଛି ସେ ସେ ଆଗାମୀ ନିର୍ବାଚନରେ ବିଜୟୀ ହେବେ ବୋଲି ଆଶା କରାଯାଉଛି।





ଭୁବନେଶ୍ୱର 'ଏସ୍‌ଓଏସ୍ ଭିଲେଜ'ରେ ଗୁରୁବାର ଶିଶୁମାନଙ୍କ ସହ ନିଜର ୭୯ତମ ଜନ୍ମଦିନ ପାଳନ କରୁଛନ୍ତି ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକ

## ପୋଖରୀରେ ବୁଡ଼ି ଦୁଇ ସାଙ୍ଗ ମୃତ

ରାଇରଙ୍ଗପୁର/ବିଜାତଳା,୧୬।୧୦(ସମିସ): ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ଗ୍ରାମାଞ୍ଚଳ ଥାନା ଅଧୀନ ଚାଡ଼ରିପାହାଡ଼ୀ ଗ୍ରାମରେ ଆଜି ଏକ ଦୁଃଖଦ ଘଟଣା ଘଟିଛି। ପୋଖରୀରେ ବୁଡ଼ି ଦୁଇ ନାବାଳକଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, ଦାଶରଥି ହାଁସଦାଙ୍କ ୯ବର୍ଷର ପୁଅ ସାକିଲା ସିଂ ହାଁସଦା ଓ ମୁନିରାମ ମୁର୍ମୁଙ୍କ ୮ବର୍ଷର ପୁଅ ସୁବୋଧ ମୁର୍ମୁ। ଆଜି ସକାଳ ପ୍ରାୟ ୯ଟାରେ ଦୁହେଁ ସାଙ୍ଗ ହୋଇ ଗାଁ ପୋଖରୀକୁ ଗାଧୋଇବାକୁ ଯାଇଥିଲେ। ଗାଧୋଇବା ବେଳେ ଅସାବଧାନତାବଶତଃ ଦୁହେଁ ଗଭୀର ଜଳରାଶିକୁ ଚାଲିଯିବାରୁ ବୁଡ଼ି ଯାଇଥିଲେ। ଅପରପକ୍ଷେ, ଘରକୁ ଫେରିବାରେ ବିଳମ୍ବ ହେବାରୁ ପରିବାରଲୋକେ ପୋଖରୀ ନିକଟରକୁ ଯାଇ ଖୋଜାଖୋଜି କରିଥିଲେ। ସେଠାରେ ଜଣଙ୍କ ଶବ ଭାସୁଥିବା ଦେଖି ପରିବାରଲୋକ ଉଦ୍ଧାର କରିଥିଲେ। ଖବର ପାଇ ଅଗ୍ନିଶମ ବିଭାଗ ଘଟଣାସ୍ଥଳରେ ପହଞ୍ଚି ଅନ୍ୟଜଣଙ୍କୁ ନିଶ୍ଚଳ ଅବସ୍ଥାରେ ଉଦ୍ଧାର କରିଥିଲା। ରାଇରଙ୍ଗପୁର ମେଡିକାଲରେ ଦୁହିଁଙ୍କୁ ମୃତ ଘୋଷଣା କରାଯାଇଥିଲା। ରାଇରଙ୍ଗପୁର ଗ୍ରାମାଞ୍ଚଳ ପୁଲିସ ଶବଦ୍ୱୟକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣା ପ୍ରଚାରିତ ହେବା ପରେ ଗ୍ରାମରେ ଗଭୀର ଶୋକ ପ୍ରକାଶ ପାଇଛି।

## ଦୁଷ୍କର୍ମକାରୀକୁ ୨୦ ବର୍ଷ ଜେଲ୍

ବାରିପଦା, ୧୬।୧୦(ସମିସ): ମୟୂରଭଞ୍ଜ ଆଡ୍‌ହକ ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ତଥା ସ୍ୱତନ୍ତ୍ର ଫାଷ୍ଟଟ୍ରାକ ପୋକ୍‌ସୋ କୋର୍ଟ ଆଜି ଏକ ନାବାଳିକା ଦୁଷ୍କର୍ମ ମାମଲାର ଶୁଣାଣି କରି ଦୁଷ୍କର୍ମକାରୀକୁ ୨୦ ବର୍ଷ ଜେଲ୍ ଓ ୧୦ ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ଜରିମାନା ଅନାଦେୟ ହେଲେ ଅଧିକ ୬ ମାସ ଜେଲ୍ ଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ ରହିଛି। ଆସାମୀଜଣଙ୍କ ମୟୂରଭଞ୍ଜ ଜିଲ୍ଲା ବହଳଦା ଥାନା ଅଞ୍ଚଳର ଜଣେ ୫୦ବର୍ଷର ବ୍ୟକ୍ତି। ସାକ୍ଷୀଙ୍କ ବୟାନ, ଡାକ୍ତରୀ ରିପୋର୍ଟ ଓ ପୁଲିସର ତଦନ୍ତ ରିପୋର୍ଟକୁ ଭିତ୍ତି କରି ବିଚାରପତି ସନ୍ତୋଷ କୁମାର ନାୟକ ଉପରୋକ୍ତ ରାୟ ଶୁଣାଇଛନ୍ତି।

୨୦୨୧ ମସିହାରେ ନାବାଳିକାଜଣଙ୍କ ନିଜ ପିଉସାଙ୍କ ଘରେ ରହି ପାଠ ପଢୁଥିଲେ। ଏହାର ଫାଇଦା ନେଇ ପିଉସା ତାକୁ ବାରମ୍ବାର ଦୁଷ୍କର୍ମ କରିଥିଲେ। ଏ ସଂପର୍କରେ କାହାରିକୁ ନ ଜଣାଇବାକୁ ଧମକ ଦେଇଥିଲେ। ତେବେ ନାବାଳିକାଜଣଙ୍କ ୨ ବର୍ଷ ପରେ ମାଟ୍ରିକ୍ ପାସ୍ କରିବା ପରେ ଘଟଣା ବାବଦରେ ନିଜ ପରିବାରଲୋଙ୍କୁ ଜଣାଇଥିଲା। ଏନେଇ ପରିବାରଲୋକେ ୨୦୨୩ ମାର୍ଚ୍ଚ ୯ତାରିଖରେ ବହଳଦା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ସରକାରୀ ଆଇନଜୀବୀ ମନୋରଞ୍ଜନ ପଟ୍ଟନାୟକ ଏହି ମାମଲା ପରିଚାଳନା କରୁଥିଲେ।

## କୃଷି ବିଦ୍ୟାନିଧି ଛାତ୍ରବୃତ୍ତି ପାଇଁ ଆବେଦନ ଆରମ୍ଭ

ଭୁବନେଶ୍ୱର, ୧୫।୧୦(ସମିସ): ଚଳିତ ଶିକ୍ଷାବର୍ଷ ପାଇଁ 'କୃଷି ବିଦ୍ୟାନିଧି ଯୋଜନା'ରେ ଛାତ୍ରବୃତ୍ତି ପାଇଁ ଆବେଦନ ଆରମ୍ଭ ହୋଇଛି। ସିଏମ୍-କିଷାନ୍ ସହାୟତା ରାଶି ପାଉଥିବା କୃଷକ ପରିବାରର ପିଲାମାନେ ନଭେମ୍ବର ୩୦ ତାରିଖ ମଧ୍ୟରେ ଆବେଦନ କରିପାରିବେ। ଡିସେମ୍ବର ୧୫ ତାରିଖ ମଧ୍ୟରେ ଆବେଦନଗୁଡ଼ିକୁ ଶିକ୍ଷାନୁଷ୍ଠାନର ମୁଖ୍ୟ ବା ଅଧ୍ୟକ୍ଷ ଯାଞ୍ଚ କରିବେ। ସେହିପରି ଜାନୁଆରୀ ୧୫ ତାରିଖ ମଧ୍ୟରେ ଆବେଦନଗୁଡ଼ିକୁ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ (ସିଡିଏଓ) ଯାଞ୍ଚ କରିବେ। ଏହାପରେ ଯୋଗ୍ୟ ଛାତ୍ରଛାତ୍ରୀଙ୍କୁ ବୃତ୍ତିରାଶି ପ୍ରଦାନ କରାଯିବ ବୋଲି କୃଷି ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ସୂଚନାଯୋଗ୍ୟ 'କାଳିଆ' ଛାତ୍ରବୃତ୍ତିର ନାମ ପରିବର୍ତ୍ତନ କରାଯାଇ କୃଷି ବିଦ୍ୟାନିଧି ଯୋଜନା କରାଯାଇଛି। କୃଷକ ପରିବାରର ପିଲାଙ୍କୁ ବୈଷୟିକ ଶିକ୍ଷା ପାଇଁ ଏହି ଛାତ୍ରବୃତ୍ତି ପ୍ରଦାନ କରାଯିବ।

## ପ୍ରଚଣ୍ଡ ଶବ୍ଦରେ ଥରିଲା ବାଲେଶ୍ୱର

ବାଲେଶ୍ୱର,୧୬।୧୦(ସମିସ): ଗୁରୁବାର ଅପରାହ୍ଣ ପ୍ରାୟ ସାଢ଼େ ୩ଟାରେ ଏକ ପ୍ରଚଣ୍ଡ ଶବ୍ଦରେ ବାଲେଶ୍ୱର ସହର ଥରି ଉଠିଥିଲା। ଏହା ଏତେ ଭୟଙ୍କର ଓ ଭୀଷଣ ଥିଲା ଯେ ଲୋକେ ଭୟରେ ଘର ବାହାରକୁ ଚାଲି ଆସିଥିଲେ।। ହେଲେ କେଉଁ କାରଣରୁ ଓ କେଉଁଠାରୁ ଏହି ଶବ୍ଦ ଆସିଲା, ତାହାର ସଠିକ୍ କାରଣ ଜଣାପଡ଼ି ନଥିବା ବେଳେ ଜେଟ୍‌ର ଶବ୍ଦ କିମ୍ବା ଚାନ୍ଦିପୁରରେ କିଛି ପରୀକ୍ଷଣ ସମୟର ଶବ୍ଦ ବୋଲି ଚର୍ଚ୍ଚା ହେଉଛି। ସେହିପରି, ଭଦ୍ରକ ଏବଂ ମୟୂରଭଞ୍ଜରେ ମଧ୍ୟ ଏପରି ପ୍ରଚଣ୍ଡ ଶବ୍ଦ ଶୁଣିବାକୁ ମିଳିଥିଲା।

## ବିଜେପିର ୪୦ ଜଣିଆ ତାରକା ପ୍ରଚାରକ

### ୨ ମୁଖ୍ୟମନ୍ତ୍ରୀ, ୩ କେନ୍ଦ୍ରମନ୍ତ୍ରୀ କରିବେ ପ୍ରଚାର

ଭୁବନେଶ୍ୱର, ୧୬।୧୦ (ସମିସ): ନୂଆପଡ଼ା ଉପନିର୍ବାଚନ ପ୍ରରିପେକ୍ଷୀରେ ବିଜେଡି ପକ୍ଷରୁ ୪୦ଜଣିଆ ତାରକା ପ୍ରଚାରକ ତାଲିକା ରାଜ୍ୟ ନିର୍ବାଚନ ଅଧିକାରୀଙ୍କୁ ପ୍ରଦାନ କରାଯାଇଛି। ଏହି ତାରକା ପ୍ରଚାରକମାନେ ପ୍ରଚାରର ମଙ୍ଗ ଧରି କାର୍ଯ୍ୟକର୍ତ୍ତାଙ୍କୁ ଉତ୍ସାହିତ କରିବା ସହ ଭୋଟର୍‌ଙ୍କୁ ଆକୃଷ୍ଟ କରିବେ ବୋଲି ରାଜ୍ୟ ବିଜେପି ମୁଖପାତ୍ର ସତ୍ୟବ୍ରତ ପଣ୍ଡା କହିଛନ୍ତି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ରାଜ୍ୟ ସଭାପତି ମନମୋହନ ସାମଲ, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ଅଶ୍ୱିନୀ ବୈଷ୍ଣବ ଓ ଜୁଏଲ ଓରାମ, ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁ ଦେଓ ସାଏ, କ୍ଷେତ୍ରୀୟ ପ୍ରଭାରୀ ସୁନୀଲ ବଂଶଲ, ରାଷ୍ଟ୍ରୀୟ ଉପସଭାପତି ତଥା ସାଂସଦ ବୈଜୟନ୍ତ ପଣ୍ଡା, ରାଜ୍ୟ ପ୍ରଭାରୀ ବିଜୟ ପାଲସିଂ ତୋମାର, ରାଜ୍ୟ ସହପ୍ରଭାରୀ ଲତା ଉସେଣ୍ଡୀ ପ୍ରମୁଖ ରହିଛନ୍ତି।

## ଚାକିରି ବେପାର

# 'ମୋଷ୍ଟ ୱାଣ୍ଟେଡ୍' ମୁନ୍ନା ଦଶପଲ୍ଲାରୁ ଗିରଫ

■ ଦଶପଲ୍ଲା ନିକଟରେ ଫାର୍ମ ହାଉସରେ ଲୁଚିଥିଲା
■ ସହଯୋଗ କରୁଥିଲେ ଶ୍ରୀକାନ୍ତ ଏବଂ ସୁକାନ୍ତ
■ ବିଗ୍ ବସ୍ ରେଡ୍ଡି ପର୍ଯ୍ୟନ୍ତ ପାଉନି କ୍ରାଇମବ୍ରାଞ୍ଚ ହାତ

ଭୁବନେଶ୍ୱର,୧୬।୧୦(ସମିସ): ପୁଲିସ ଏସ୍‌ଆଇ କେଳେଙ୍କାରୀ ମାମଲାରେ ଦୁଇ ସହଯୋଗୀ ଶ୍ରୀକାନ୍ତ ମହାରଣା ଓ ସୁକାନ୍ତ ମହାରଣା ସହ ଖସିଯିବାକୁ ଉଦ୍ୟମ କରିଥିବା ଅନ୍ୟତମ ଦଲାଲ 'ମୋଷ୍ଟ ୱାଣ୍ଟେଡ୍' ମୁନ୍ନା ମହାନ୍ତିକୁ ଶେଷରେ ଦଶପଲ୍ଲାରୁ କ୍ରାଇମବ୍ରାଞ୍ଚ ଗିରଫ କରିଛି।

ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲା ପଦାକୁ ଆସିବା ପରେ ମୁନା ଫେରାର ହୋଇଯାଇଥିଲା ଏବଂ ଦୁଇ ସହଯୋଗୀ ଶ୍ରୀକାନ୍ତ ଏବଂ ସୁକାନ୍ତଙ୍କ ସହାୟତାରେ ଦଶପଲ୍ଲାରେ ଥିବା ଏକ ଫାର୍ମ ହାଉସ୍‌ରେ ଆତ୍ମଗୋପନ କରିଥିଲା। ଏହି ହାଉସ୍ ଜଙ୍ଗଲ ମଝିରେ ଥିବା ଏଠାକୁ ସାଧାରଣ ଲୋକ ଯାଉ ନ ଥିଲେ। ବିନା ଭୟରେ ମୁନା ଏବଂ ତାର ସହଯୋଗୀମାନେ ସେଠାରେ ରହୁଥିଲେ। କ୍ରାଇମ୍‌ବ୍ରାଞ୍ଚ ଅଭିଯୁକ୍ତଙ୍କ ସମ୍ପର୍କୀୟଙ୍କ ମୋବାଇଲ୍ ଟ୍ରାକ୍ କରିବା ପରେ ଏ ସମ୍ପର୍କରେ ସୂଚନା ପାଇ ଫାର୍ମ ହାଉସରେ ଚଢ଼ଉ ପାଇଁ ବାହାରିଥିଲା। ମାତ୍ର କ୍ରାଇମବ୍ରାଞ୍ଚ ଚଢ଼ଉ ସମ୍ପର୍କରେ ଆଗୁଆ ସୂଚନା ପାଇ ଦୁଇ ସହଯୋଗୀଙ୍କ ସହ ମୁନ୍ନା ସେଠାରୁ ଚମ୍ପଟ ମାରିଥିଲା। ତେବେ ଶେଷରେ କ୍ରାଇମ୍‌ବ୍ରାଞ୍ଚ ମୁନ୍ନାକୁ ଦଶପଲ୍ଲାରୁ ଗିରଫ କରିବାରେ ସକ୍ଷମ ହୋଇଥିଲା।

ଅନୁସନ୍ଧାନରୁ ଜଣାପଡ଼ିଛି ଯେ ଶଙ୍କର ପୃଷ୍ଟି ଓ ମୁନ୍ନା ମହାନ୍ତିଙ୍କ ସହ ଅନେକ ବ୍ୟକ୍ତିଙ୍କ ସମ୍ପର୍କ ରହିଛି । ମାତ୍ର ଏହା ମଧ୍ୟରୁ ରେଡ୍ଡି ନାମକ ଜଣେ ବ୍ୟକ୍ତି ସବୁଠୁ ବଳଶାଳୀ ବୋଲି କୁହାଯାଉଛି। ଓଡ଼ିଶାରେ ଚାକିରି ବିକ୍ରି ଘଟଣା ପଛରେ ରେଡ୍ଡିକୁ ମାଷ୍ଟର ମାଇଣ୍ଡ ବୋଲି କୁହାଯାଉଛି। ଅନେକ ପୁଲିସ ଅଧିକାରୀ, ରାଜନୈତିକ ନେତାଙ୍କ ସହ ରେଡ୍ଡିର ସୁସମ୍ପର୍କ ରହିଛି ବୋଲି ମଧ୍ୟ ସୂଚନା ମିଳିଛି। ତେବେ ଏହି ରେଡ୍ଡି କିଏ ସେ ସମ୍ପର୍କରେ କ୍ରାଇମବ୍ରାଞ୍ଚ ଖୋଳତାଡ଼ ଆରମ୍ଭ କରିଛି। ତେବେ ଏହି ରେଡ୍ଡି ବାସ୍ତବରେ କିଙ୍ଗପିନ୍ ନା ତାକୁ ମୁଖା ଭାବରେ ରଖି ଆଉ କେହି ଏହି ଚାକିରି ବେପାର ଚଳାଉଥିଲା ତାହା ଏଯାଏ ସ୍ପଷ୍ଟ ହୋଇନାହିଁ।

ଅନ୍ୟପକ୍ଷରେ ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା ଦୁର୍ନୀତି ମାମଲାର ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରାଯିବ ବୋଲି ସୂଚନା ଦେଇଛନ୍ତି ପୁଲିସ ଡିଜି ଯୋଗେଶ ବାହାଦୂର ଖୁରାନିଆ। ସେ କହିଛନ୍ତି ଯେ ପୂର୍ବରୁ ପରୀକ୍ଷା ତ୍ରୁଟିଶୂନ୍ୟ ଏବଂ ଦୁର୍ନୀତି ମୁକ୍ତ କରିବା ପାଇଁ ଆମେ ବ୍ୟବସ୍ଥା କରିଥିଲୁ। ଏଥିପାଇଁ ଜିଲ୍ଲା ଏସ୍‌ପି ଓ ପୁଲିସ ଅଧିକାରୀମାନଙ୍କୁ ସତର୍କ କରାଯାଇଥିଲା। ଖୁବ୍‌ଶୀଘ୍ର ଅନ୍ୟ ସମସ୍ତ ଅଭିଯୁକ୍ତ ଧରାପଡ଼ିବେ ବୋଲି ପୁଲିସ ଡିଜି କହିଛନ୍ତି।

ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା କେଳେଙ୍କାରୀ ମାମଲାରେ ୧୧୯ ଗିରଫ ଘଟଣାରେ ଜେଏମଏଫସି ଗ୍ରାମାଞ୍ଚଳ କୋର୍ଟରେ ପୂର୍ବରୁ ଜାମିନ ନାମଞ୍ଜୁର ହୋଇଥିଲା। ଏହାକୁ ଚ୍ୟାଲେଞ୍ଜ କରି ଜିଲ୍ଲା ଦୌରା ଜଜ୍ କୋର୍ଟରେ ୧୧୩ ଜଣ ଆବେଦନ କରିଛନ୍ତି। ପରବର୍ତ୍ତୀ ଶୁଣାଣି ଆସନ୍ତା ୨୩ ତାରିଖକୁ ଧାର୍ଯ୍ୟ ହୋଇଥିବା ପିପି ବିଶ୍ୱଜିତ ବରାଳ କହିଛନ୍ତି।

ପୁଲିସ ଏସ୍‌ଆଇ ପରୀକ୍ଷା ଟେଣ୍ଡର ଜରିଆରେ ପିଏସ୍‌ସୁ ଆଇଟିଆଇ ଲିମିଟେଡ୍ ସଂସ୍ଥାକୁ ଦିଆଯାଇଥିଲା। ଏହି ସଂସ୍ଥା ଭୁବନେଶ୍ୱରର ସିଲିକନ୍ ଟେକ୍ନୋଲାବ୍‌କୁ ଓ ସିଲିକନ୍ ପକ୍ଷରୁ ଏହି କାମ ପଞ୍ଚସଫ୍ଟକୁ ଦିଆଯାଇଥିଲା। ପଞ୍ଚସଫ୍ଟକୁ ପରୀକ୍ଷା ପରିଚାଳନା ଲାଗି ୩୫ଲକ୍ଷ ଟଙ୍କା ପ୍ରଦାନ କରାଯାଇଥିଲା। ପଞ୍ଚସଫ୍ଟ ଟେକ୍ନୋଲୋଜି ଲିମିଟେଡ୍‌ର ନିର୍ଦ୍ଦେଶକ ଭାବେ ଶଙ୍କର ପୃଷ୍ଟି କାର୍ଯ୍ୟ କରୁଥିଲା। ଯେଉଁଠାରେ ଯାବତୀୟ କେଳେଙ୍କାରୀ ହୋଇଥିବା ଜଣାପଡ଼ିଛି। ବଡ଼ କଥା ହେଲା କ୍ରାଇମ୍‌ବ୍ରାଞ୍ଚ ଶଙ୍କର ପୃଷ୍ଟିର ରଘୁନାଥପୁର ଏବଂ ଅନ୍ୟ ଅଫିସରେ ଚଢଉ କରିଥିଲେ ମଧ୍ୟ ସତ୍ୟନଗରରେ ଥିବା ଶଙ୍କରର ଅଫିସ୍‌କୁ ଚଢଉ ନ କରିବାକୁ ନେଇ ସନ୍ଦେହ ବଢ଼ିଛି। କଣ ପାଇଁ ସେଠାରେ କ୍ରାଇମ୍‌ବ୍ରାଞ୍ଚ ଚଢଉ କଲାନାହିଁ ବୋଲି ପ୍ରଶ୍ନ ଉଠିଛି ।

## ଭିଜିଲାନ୍ସ କୋର୍ଟକୁ ଗଲା ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲା

■ ୨୩ରେ ୧୩ ଅଭିଯୁକ୍ତଙ୍କ ଜାମିନ ଆବେଦନର ଶୁଣାଣି
■ କେସ୍ ଡାଏରି ଦାଖଲ କରିବାକୁ କ୍ରାଇମବ୍ରାଞ୍ଚକୁ କୋର୍ଟଙ୍କ ନିର୍ଦ୍ଦେଶ

ବ୍ରହ୍ମପୁର,୧୬।୧୦(ସମିସ): ପୁଲିସ ଏସ୍‌ଆଇ ପରୀକ୍ଷା କେଳେଙ୍କାରୀ ମାମଲା ଏବେ ଭିଜିଲାନ୍ସ କୋର୍ଟକୁ ଯାଇଛି। ଆଜି ବ୍ରହ୍ମପୁର ଜିଲ୍ଲା ଦୌରାଜଜ୍ କୋର୍ଟରୁ ଭିଜିଲାନ୍ସ କୋର୍ଟକୁ ମାମଲା ସ୍ଥାନାନ୍ତର ହୋଇଛି। ଗିରଫ ୧୧୯ ଅଭିଯୁକ୍ତଙ୍କ ମଧ୍ୟରୁ ୧୧୩ଜଣ ଏ ଭିତରେ ଜାମିନ ଆବେଦନ କରିଥିଲେ। ଆଜି ଏହାର ଶୁଣାଣି ଥିଲା। ଜିଲ୍ଲା ଦୌରାଜଜ୍ ଏହାକୁ ଭିଜିଲାନ୍ସ କୋର୍ଟକୁ ସ୍ଥାନାନ୍ତର କରିବା ପରେ ସେଠାରେ ଶୁଣାଣି ହୋଇଥିଲା। ତେବେ କ୍ରାଇମବ୍ରାଞ୍ଚ ମାମଲାର କେସ୍ ଡାଏରି ଓ ଅନ୍ୟ ଦସ୍ତାବିଜ୍ ଦାଖଲ କରିନଥିବାରୁ ଶୁଣାଣି ହୋଇପାରିନଥିଲା। ଆସନ୍ତା ୨୩ତାରିଖକୁ ମାମଲାର ପରବର୍ତ୍ତୀ ତାରିଖ ଧାର୍ଯ୍ୟ କରାଯାଇଛି। ଉକ୍ତ ଦିନ ମାମଲାର ଶୁଣାଣି ହେବ। ତେଣୁ, ୨୩ ତାରିଖ ସୁଦ୍ଧା ମାମଲାର କେସ୍ ଡାଏରି ଓ ଅନ୍ୟ ପ୍ରମାଣପତ୍ର ଦାଖଲ କରିବାକୁ କ୍ରାଇମବ୍ରାଞ୍ଚକୁ କୋର୍ଟଙ୍କ ନିର୍ଦ୍ଦେଶ ହୋଇଛି। ୧୧୪ପରୀକ୍ଷାର୍ଥୀଙ୍କ ସମେତ ୩ଜଣ ଦଲାଲଙ୍କୁ ବ୍ରହ୍ମପୁର ଗୋଳନ୍ଥରା ପୁଲିସ ଗିରଫ କରିଥିବା ବେଳେ କ୍ରାଇମବ୍ରାଞ୍ଚ ପକ୍ଷରୁ ଆଉ ୨ଜଣ ଦଲାଲ ଅରବିନ୍ଦ ଦାସ ଓ ବିଶ୍ୱରଞ୍ଜନ ବେହେରାଙ୍କୁ ଗିରଫ କରି କୋର୍ଟଚାଲାଣ କରାଯାଇଥିଲା। ଏହି ମାମଲାରେ ଏଯାବତ୍ ୧୧୯ଜଣ ଗିରଫ ହୋଇ ବ୍ରହ୍ମପୁର ଜେଲରେ ବିଚାର ବିଭାଗୀୟ ହାଜତରେ ଅଛନ୍ତି।

## ବିଜେଡିକୁ ଫେରିଲେ ନୂଆପଡ଼ାର ବରିଷ୍ଠ ଆଦିବାସୀ ନେତା

■ ଭାନୁ ପ୍ରତାପ ସିଂହ ମାଝୀଙ୍କ ପ୍ରତ୍ୟାବର୍ତ୍ତନ, ବିଜେଡିର ଶକ୍ତି ବୃଦ୍ଧି
■ ନୂଆପଡ଼ାରେ ବିଜେଡିର ବିଜୟ ସୁନିଶ୍ଚିତ: ଭାନୁପ୍ରତାପ

ଭୁବନେଶ୍ୱର,୧୬।୧୦(ସମିସ): ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ଉପସଭାପତି ପ୍ରତାପ ଜେନା ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘର ସଭାପତି ତଥା ନୂଆପଡ଼ା ଜିଲ୍ଲା ପରିଷଦ ସଦସ୍ୟ ଭାନୁପ୍ରତାପ ସିଂହ ମାଝୀଙ୍କର ବହିଷ୍କାର ପ୍ରତ୍ୟାହାର କରିଛନ୍ତି। ବହିଷ୍କାର ପ୍ରତ୍ୟାହାର ପରେ ଶଙ୍ଖ ଭବନଠାରେ ଶ୍ରୀ ମାଝୀଙ୍କୁ ଦଳ ପକ୍ଷରୁ ଭବ୍ୟ ସ୍ୱାଗତ କରାଯାଇଛି। ଦଳର ବରିଷ୍ଠ ଉପସଭାପତି ଦେବୀପ୍ରସାଦ ମିଶ୍ର, ଉପସଭାପତି ପ୍ରତାପ ଜେନା, ଉପସଭାପତି ଅତନୁ ସବ୍ୟସାଚୀ ନାୟକ ଓ ରାଜ୍ୟସଭା ସାଂସଦ ତଥା ସାଧାରଣ ସମ୍ପାଦକ ନିରଞ୍ଜନ ବିଶି ଶ୍ରୀ ମାଝୀଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ଦଳକୁ ସ୍ୱାଗତ କରିଛନ୍ତି।



ଉଲ୍ଲେଖ୍ୟଯୋଗ୍ୟ, ନୂଆପଡ଼ା ଜିଲ୍ଲା ଗଠନରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ଘାସିରାମ ମାଝୀଙ୍କ ପୁତୁରା ହେଉଛନ୍ତି ଭାନୁପ୍ରତାପ ସିଂହ ମାଝୀ। ଶ୍ରୀ ମାଝୀ ତିନି ତିନିଥର ଜିଲ୍ଲା ପରିଷଦ ସଭ୍ୟ ନିର୍ବାଚିତ ହୋଇଥିଲା ବେଳେ ଜିଲ୍ଲା ଆଦିବାସୀ କଲ୍ୟାଣ ସଂଘର ସଭାପତି ଅଛନ୍ତି। ଏହି ଅବସରରେ ଶ୍ରୀ ମାଝୀ ତାଙ୍କ ବକ୍ତବ୍ୟରେ କହିଛନ୍ତି ଯେ ବିଜୁବାବୁଙ୍କ ଆଦର୍ଶରେ ଅନୁପ୍ରାଣିତ ଏବଂ ନବୀନ ବାବୁଙ୍କ ନେତୃତ୍ୱରେ ମୁଁ ଦୀର୍ଘ ଦିନ ଧରି ପ୍ରଥମେ ଜନତା ଦଳ ଏବଂ ପରେ ବିଜୁ ଜନତା ଦଳରେ କାର୍ଯ୍ୟ କରିଆସୁଛି। ଦଳରୁ ବହିଷ୍କୃତ ହୋଇଥିଲେ ମଧ୍ୟ କୌଣସି ଅନ୍ୟ ଦଳରେ ଯୋଗ ଦେଇନାହିଁ। ବିଜେଡିର ନୀତି ଆଦର୍ଶରେ ବିଶ୍ୱାସ ରଖି ରାଜନୀତି କରିଆସୁଛି। ଆଜି ବହିଷ୍କାର ଆଦେଶ ପ୍ରତ୍ୟାହୃତ ହେବା ପରେ ମୁଁ ମୋର ନିଜ ଘରୁ ଫେରି ଆନନ୍ଦିତ। ବର୍ତ୍ତମାନ ନୂଆପଡ଼ା ଉପନିର୍ବାଚନରେ ବିଜେଡିର ପ୍ରାର୍ଥିନୀ ସ୍ନେହାଙ୍ଗିନୀ ଛୁରିଆଙ୍କ ବିପୁଳ ବିଜୟ ପାଇଁ ନିଷ୍ଠାର ସହ କାର୍ଯ୍ୟ କରିବୁ। ନବୀନ ବାବୁଙ୍କ କାର୍ଯ୍ୟକାଳ ସମୟରେ ନୂଆପଡ଼ା ଜିଲ୍ଲାରେ ବିଭିନ୍ନ ବିକାଶମୂଳକ କାର୍ଯ୍ୟ ହେବା ସହ ଆଦିବାସୀମାନଙ୍କର ବିକାଶ ପାଇଁ ବହୁ ଉନ୍ନୟନମୂଳକ ପଦକ୍ଷେପ ନିଆଯାଇଛି। ନୂଆପଡ଼ାବାସୀ ବିଜେଡି ସହିତ ଅଛନ୍ତି ଏବଂ ଆଗାମୀ ଉପନିର୍ବାଚନରେ ଦଳର ବିଜୟ ସୁନିଶ୍ଚିତ ବୋଲି ଶ୍ରୀ ମାଝୀ ଦମ୍ଭୋକ୍ତି ପ୍ରକାଶ କରିଛନ୍ତି।

## ନୂଆପଡ଼ାରେ ମୁଖ୍ୟମନ୍ତ୍ରୀଙ୍କ ବକ୍ତବ୍ୟ ଅନ୍ତଃସାର ଶୂନ୍ୟ: ବିଜେଡି

■ ଗତ ୧୬ ମାସରେ ଡବଲ ଇଞ୍ଜିନ ସରକାର ଫେଲ ମାରିଛି
■ ମୁଖ୍ୟମନ୍ତ୍ରୀଙ୍କ ବକ୍ତବ୍ୟରେ ହତାଶଭାବ ସ୍ପଷ୍ଟ ପରିଲକ୍ଷିତ ହୋଇଛି
■ ହୋଇ ପାରିଲାନି ବିଜେପି ପ୍ରାର୍ଥୀଙ୍କ ମନୋନୟନ ପତ୍ର ଦାଖଲ

ଭୁବନେଶ୍ୱର୧୬।୧୦(ସମିସ): ଗୁରବାର ନୂଆପଡାରେ ଏକ ସାଧାରଣ ସଭାରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ନୂଆପଡା ଡବଲ ଇଞ୍ଜିନର ବିକାଶ ଦେଖିବ ବୋଲି ଦେଇଥିବା ମନ୍ତବ୍ୟକୁ କଡ଼ା ସମାଲୋଚନା କରିଛି ବିଜେଡି। ମୁଖ୍ୟମନ୍ତ୍ରୀଙ୍କ ହତାଶ ଭାବ ତାଙ୍କ ଭାଷଣରେ ପରିଲକ୍ଷିତ ହୋଇଛି; ଚିରାଚରିତ ଢଙ୍ଗରେ ସେ କେବଳ ଗୁଡିଏ ଗପ ଶୁଣାଇଛନ୍ତି, ଯାହାକୁ କେବେ ବି ନୂଆପଡାବାସୀ ଗ୍ରହଣ କରିବେ ନାହିଁ ବୋଲି କହିଛି ବିଜେଡି ।

ବିଜେଡି ମୁଖପାତ୍ର ଲେନିନ ମହାନ୍ତି କହିଛନ୍ତି ଯେ ମୁଖ୍ୟମନ୍ତ୍ରୀଙ୍କ ଉପସ୍ଥିତିରେ ବିଜେପି ପ୍ରାର୍ଥୀ ଆଜି ମନୋନୟନ ପତ୍ର ଦାଖଲ କରିବେ ବୋଲି କୁହାଯାଇଥିଲା ; କିନ୍ତୁ ତାହା ହୋଇ ପାରିଲା ନାହିଁ। ବିଜେପିରେ ପ୍ରାର୍ଥୀଙ୍କୁ ନେଇ ସୃଷ୍ଟି ହୋଇଥିବା ଅନ୍ତଦ୍ୱନ୍ଦ୍ୱ ଏବେବି ସମାଧାନ ହୋଇ ପାରିନାହିଁ । ସମ୍ଭବତଃ ସେହି କାରଣରୁ ମୁଖ୍ୟମନ୍ତ୍ରୀଙ୍କ ହତାଶଭାବ ସୃଷ୍ଟି ହୋଇଛି । ମୁଖ୍ୟମନ୍ତ୍ରୀ ଆଜି ଦେଇଥିବା ବକ୍ତବ୍ୟ ଅନ୍ତଃସାର ଶୂନ୍ୟ ଥିଲା। କେବଳ ବିଜେପିର ବିଜୟ ନିଶ୍ଚିତ ବୋଲି ଦାବି କରିବା ଛଡା ତାଙ୍କ ବକ୍ତବ୍ୟରେ ଆଉ କିଛି ନଥିଲା। ପ୍ରବାଦ ପୁରୁଷ ବିଜୁ ବାବୁ ମୁଖ୍ୟମନ୍ତ୍ରୀ ଥିବା ସମୟରେ ନୂଆପଡା ଜିଲ୍ଲା ଜନ୍ମ ନେଇଥିଲା। ନବୀନ ପଟ୍ଟନାୟକଙ୍କ ମୁଖ୍ୟମନ୍ତ୍ରୀତ୍ୱ ସମୟରେ ନୂଆପଡାର ବିକାଶ ତ୍ୱରାନ୍ୱିତ ହୋଇଥିଲା। ପୂର୍ବରୁ ନୂଆପଡା ଜିଲ୍ଲା ଏକ ମରୁଡି ପ୍ରପୀଡ଼ିତ ଜିଲ୍ଲା ଭାବେ ପରିଚିତ ଥିଲା ବେଳେ ନବୀନ ପଟ୍ଟନାୟକଙ୍କ ସମୟରେ ଅପର-ଜଙ୍କ ଏବଂ ଲୋୟର ଇନ୍ଦ୍ର ଜଳସେଚନ ପ୍ରକଳ୍ପ କାର୍ଯ୍ୟକ୍ଷମ ହେବା ପରେ ନୂଆପଡା ସବୁଜିମାର ରୂପ ନେଇଥିଲା। ସେହିପରି ଗମନାଗମନ କ୍ଷେତ୍ରରେ, ବିଜୁ ଏକ୍ସପ୍ରେସ ୱେ ନିର୍ମାଣ ହେବା ପରେ ଐତିହାସିକ ପ୍ରଗତି ହାସଲ ହୋଇଛି। ଜିଲ୍ଲାର ସମସ୍ତ ସ୍କୁଲ ଓ ହସ୍ପିଟାଲର ରୂପାନ୍ତିକରଣ ହୋଇ ଶିକ୍ଷା ସ୍ୱାସ୍ଥ୍ୟ କ୍ଷେତ୍ରରେ ବିକାଶ ହୋଇଛି। ନବୀନ ପଟ୍ଟନାୟକଙ୍କ ନେତୃତ୍ୱରେ ନୂଆପଡାରେ 'ଝିଅ ପାଇଁ ଗଛ ଟିଏ' କାର୍ଯ୍ୟକ୍ରମ ହାତକୁ ନେଇ ମହିଳା ସଶକ୍ତିକରଣକୁ ସେ ଅଞ୍ଚଳରେ ଦୃଢ କରିଥିଲେ। ଏହା ଦ୍ୱାରା ସେଠାରେ ମହିଳା ଓ ପୁରୁଷଙ୍କ ମଧ୍ୟରେ ଥିବା ଅନୁପାତ ୧୦୨୦କୁ ବୃଦ୍ଧି ପାଇଥିଲା । ନୂଆପଡାବାସୀ ବିଜୁ ଜନତା ଦଳ ସହିତ ଅଛନ୍ତି । ଉପନିର୍ବାଚନରେ ନୂଆପଡାବାସୀ ବିଜେଡି ସପକ୍ଷରେ ମତଦାନ କରିବେ ବୋଲି ଡ. ମହାନ୍ତି ଦୃଢୋକ୍ତି କରିଛନ୍ତି।

## ସରକାରୀ ଜମିକୁ ନେଇ ଦୁଇ ଗ୍ରାମବାସୀ ମୁହାଁମୁହିଁ

# ହନୁମାନ ବାଟିକା ରଣକ୍ଷେତ୍ର

**ସାନଖେମୁଣ୍ଡି, ୧୬।୧୦ (ସମିସ):** ଗଞ୍ଜାମ ଜିଲ୍ଲା ସାନଖେମୁଣ୍ଡି ତହସିଲ, ପାଟପୁର ଥାନା ଅନ୍ତର୍ଗତ ଡେଙ୍ଗାଓସ୍ତା ଛକ ନିକଟରେ ଥିବା ଏକ ସରକାରୀ ଜମିକୁ ନେଇ ଗୁରୁବାର ଦୁଇ ଗ୍ରାମବାସୀଙ୍କ ମଧ୍ୟରେ ଖଣ୍ଡଯୁଦ୍ଧ ହୋଇଛି। ସାନଖେମୁଣ୍ଡି ତହସିଲ କାର୍ଯ୍ୟାଳୟ ଘେରାଉଠାରୁ ଆରମ୍ଭ କରି ଟାୟାର ଜାଳି ରାଜପଥ ଅବରୋଧ, ଢେଲାପଥର ମାଡ଼ ଭଳି ହିଂସା ଘଟିଛି। ଏପରିକି, ଗୋଟିଏପକ୍ଷର ଢେଲା, ପଥର ମାଡ଼ରେ ଉକ୍ତ ଜାଗାରେ ନିର୍ମାଣ ହୋଇଥିବା ହନୁମାନ ବାଟିକାର ବ୍ୟାପକ କ୍ଷୟକ୍ଷତି ହୋଇଥିବା ବେଳେ ୫ଜଣ ଆହତ ହୋଇଛନ୍ତି। ପରିସ୍ଥିତି ନିୟନ୍ତ୍ରଣ ପାଇଁ ଉକ୍ତ ସ୍ଥାନରେ ବିଏନ୍‌ଏସ୍‌ଏସ୍ ଧାରା ୧୬୩ ଲାଗୁ କରାଯିବା ସହ ୪ ପ୍ଲାଟୁନ୍ ପୁଲିସ ଫୋର୍ସ ମୁତୟନ କରାଯାଇଛି। ଖବର ଲେଖା ହେବା ସୁଦ୍ଧା, ପରିସ୍ଥିତି ଉତ୍ତେଜନାପୂର୍ଣ୍ଣ ଥିବାରୁ ପୁଲିସ ଉକ୍ତ ଅଞ୍ଚଳରେ ତୀକ୍ଷ୍ଣ ନଜର ରଖିଛି।

ସୂଚନାନୁଯାୟୀ, ଦୀର୍ଘ ବର୍ଷ ହେଲା ଡେଙ୍ଗାଓସ୍ତା ଛକ ନିକଟରେ ଏକ ପରିତ୍ୟକ୍ତ ପୋଖରୀକୁ ସାନଖେମୁଣ୍ଡି ପ୍ରଶାସନ ପକ୍ଷରୁ ପୋତି ଦିଆଯାଇଥିଲା। ଉକ୍ତ ପୋଖରୀଟି ରତ୍ନମଣିପୁର ଗ୍ରାମରେ ଥିବାରୁ ଗ୍ରାମବାସୀ ଉକ୍ତ ସ୍ଥାନରେ ଏକ ହନୁମାନ ବାଟିକା ନିର୍ମାଣ କରିବା ପାଇଁ ଯୋଜନା କରିଥିଲେ। ଉକ୍ତ ହନୁମାନ ବାଟିକା ନିର୍ମାଣ କାର୍ଯ୍ୟ ଆରମ୍ଭ ହେବା ପରଠାରୁ ଉଭୟ ରତ୍ନମଣିପୁର ଓ ସିଙ୍ଗିପୁର ଗ୍ରାମ ମଧ୍ୟରେ ତିକ୍ତତା ଆରମ୍ଭ ହୋଇଥିଲା। ଏପରିକି, କଥା ତହସିଲ, ଥାନା ଓ ଜିଲ୍ଲା ପ୍ରଶାସନ ପାଖକୁ ବାରମ୍ବାର ଯାଇଥିଲେ ହେଁ ସମାଧାନର ରାସ୍ତା ବାହାରି ପାରିନଥିଲା। ଫଳରେ ଉଭୟ ଗ୍ରାମବାସୀ ସାନଖେମୁଣ୍ଡି ତହସିଲ କାର୍ଯ୍ୟାଳୟକୁ ବାରମ୍ବାର ଘେରାଉ ମଧ୍ୟ କରିଥିଲେ। ପରେ ସାନଖେମୁଣ୍ଡି ପ୍ରଶାସନ ପକ୍ଷରୁ ଏକ ଶାନ୍ତି କମିଟି ଗଠନ ହେଇଥିଲା। ଉଭୟ ଗ୍ରାମବାସୀଙ୍କ ଉପସ୍ଥିତିରେ ନିଷ୍ପତ୍ତି ନିଆଯାଇଥିଲା ଯେ ଯେଉଁ ସ୍ଥାନରେ ହନୁମାନ ବିଗ୍ରହ ନିର୍ମାଣ ହୋଇଛି, ସେହି ସ୍ଥାନକୁ ଛାଡ଼ି ଅନ୍ୟ ସ୍ଥାନରେ ମାର୍କେଟ୍ କମ୍ପ୍ଲେକ୍ସ, ଗୋଷ୍ଠୀ ଶୌଚାଳୟ, ସାଇକେଲ ଷ୍ଟାଣ୍ଡ ନିର୍ମାଣ କରାଯିବ। ଏହାପରେ ରତ୍ନମଣିପୁର ଗ୍ରାମବାସୀ ଆସନ୍ତା ୩ତାରିଖରେ ହନୁମାନ ବିଗ୍ରହ ପ୍ରତିଷ୍ଠା ପାଇଁ ଉକ୍ତ ସ୍ଥାନରେ ସାଲା ମଣ୍ଡପ ନିର୍ମାଣ କରିଥିଲେ। କିନ୍ତୁ, ଏହାକୁ ସିଙ୍ଗିପୁର ଗ୍ରାମବାସୀ ବିରୋଧ କରିଥିଲେ। ସାନଖେମୁଣ୍ଡି ପ୍ରଶାସନ କୌଣସି ସମାଧାନ କରିନଥିଲା।



■ ଟେକାପଥର ମାଡ଼ରେ ୫ ଆହତ
■ ଧାରା ୧୬୩ ଜାରି, ୪ ପ୍ଲାଟୁନ୍ ଫୋର୍ସ ମୁତୟନ

ଗୁରୁବାର ସାନଖେମୁଣ୍ଡି ତହସିଲ କାର୍ଯ୍ୟାଳୟକୁ ସିଙ୍ଗିପୁର ଗ୍ରାମବାସୀ ଘେରାଉ କରିଥିଲେ। ଉକ୍ତ ସ୍ଥାନରେ ନିର୍ମାଣ ହୋଇଥିବା ହନୁମାନ ବାଟିକା ଭାଙ୍ଗିବା ସହ ସେହି ସ୍ଥାନରେ ପରିବା ମାର୍କେଟ୍, ସାଇକେଲ ଷ୍ଟାଣ୍ଡ, ଗୋଷ୍ଠୀ ଶୌଚାଳୟ ନିର୍ମାଣ କରାଯିବା ନେଇ ଦାବି କରିଥିଲେ। ସାନଖେମୁଣ୍ଡି ତହସିଲଦାର ରାମଚନ୍ଦ୍ର ପଟ୍ଟନାୟକ ଉପ-ଜିଲ୍ଲାପାଳଙ୍କ ଆଦେଶ ମିଳିବା ପରେ ପାଚେରି ଭାଙ୍ଗିବା ନେଇ କହିଥିଲେ ମଧ୍ୟ ଲୋକମାନେ ରାଜି ହୋଇନଥିଲେ। ଫଳରେ ସାନଖେମୁଣ୍ଡି ତହସିଲଦାର ଉକ୍ତ ପାଚେରି ଭାଙ୍ଗିବା ଲାଗି ନିର୍ଦ୍ଦେଶ ଦେଇଥିଲେ। ପାଟପୁର ଥାନା ଅଧିକାରୀ ଦୀପ୍ତିରଞ୍ଜନ ବେହେରା, ଶୁଭଲକ୍ଷ୍ମୀ କହଁର ଓ ପୁଲିସ ଟିମ୍ ପହଞ୍ଚି ପାଚେରି ଭାଙ୍ଗିବା ଲାଗି ଉଦ୍ୟମ କରିବାରୁ ରତ୍ନମଣିପୁର ଗ୍ରାମବାସୀ ଏହାକୁ ବିରୋଧ କରିଥିଲେ। ଏପରିକି, ଟାୟାର ଜାଳି ରାଜପଥ ଅବରୋଧ କରିଥିଲେ। ଫଳରେ ଉଭୟ ପାର୍ଶ୍ୱରେ ହଜାରହଜାର ଗାଡ଼ି ଅଟକି ରହିଥିଲା। କିଛି ସମୟ ପରେ ଉଭୟ ଗ୍ରାମବାସୀ ଇଟା, ପଥର ଫିଙ୍ଗିବା ସହ ଆକ୍ରମଣ କରିଥିଲେ। ସିଙ୍ଗିପୁର ଗ୍ରାମବାସୀ ଏହି ହନୁମାନ ବାଟିକାର ପାଚେରି, ଲାଇଟ୍, ଗଛ ଓ ସିସିଟିଭିକୁ ଭାଙ୍ଗି ଦେଇଥିଲେ। ଆକ୍ରମଣରେ ସିଙ୍ଗିପୁର ଗ୍ରାମର ୪ରୁ ଊର୍ଦ୍ଧ୍ୱ ଆହତ ହୋଇଥିଲେ।

ଆସିକା ଏସ୍‌ଡିପିଓ ସନ୍ତୋଷ କୁମାର ଜେନା, ଶେରଗଡ଼ ଥାନାଅଧିକାରୀ, ଧରକୋଟ ଥାନାଅଧିକାରୀ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ସୀମା ସ୍ୱାଇଁ, ବ୍ରହ୍ମପୁର ଉପଜିଲ୍ଲାପାଳ ଅବିନାଶ କୁମାର ପହଞ୍ଚି ଲୋକଙ୍କୁ ବୁଝାସୁଝା କରିବା ପରେ ପରିସ୍ଥିତି ଶାନ୍ତ ପଡ଼ିଥିଲା। ଗାଡ଼ି ଚଳାଚଳ ସ୍ୱାଭାବିକ ହୋଇଥିଲା। ବ୍ରହ୍ମପୁର ଉପ-ଜିଲ୍ଲାପାଳ ଉକ୍ତ ସ୍ଥାନକୁ ୧୬୩ ବିଏନ୍‌ଏସଏସ (ଧାରା ୧୪୪) ଲାଗୁ କରିଥିଲେ। ଆଇନଶୃଙ୍ଖଳା ପରିସ୍ଥିତି ଦୃଷ୍ଟିରୁ ୪ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ କରାଯାଇଛି। ପ୍ରଶାସନ ସ୍ଥିତି ଉପରେ ତୀକ୍ଷ୍ଣ ନଜର ରଖିଛି।

# ଯାତ୍ରୀବାହୀ ବସ୍‌ରେ ବନ୍ଧୁକ ଚାଲାଣ

## ସନ୍ଦେହରେ ଡ୍ରାଇଭର ଓ କଣ୍ଡକ୍ଟର ଥାନାରେ ଅଟକ

ବାଲିଆପାଳ, ୧୬।୧୦ (ସମିସ)




ମା' ଅନ୍ନପୂର୍ଣ୍ଣା ନାମକ ଯାତ୍ରୀବାହୀ ବସ୍ ସାର୍ଥାରୁ ବାଲିଆପାଳ ଦେଇ ଦୀଘା ବର୍ଡର ଅଭିମୁଖେ ଯାଉଥିଲା ବେଳେ ସେଥିରେ ବନ୍ଧୁକ ଚୋରାଚାଲାଣ ହେଉଥିବା କୌଣସି ମତେ ବାଲିଆପାଳ ଓ ସିଂଲା ପୁଲିସ ଖବର ପାଇ ଗାଡିଟିକୁ ବାଲିଆପାଳ ବ୍ଲକଛକ ନିକଟରେ ଅଟକାଇଥିଲେ। ଶେଷରେ ଗାଡିଟିକୁ ଥାନାକୁ ନେଇ ଆସିଥିଲେ। ବସ୍‌ର ଡ୍ରାଇଭର ଓ କଣ୍ଡକ୍ଟରଙ୍କୁ ଅଟକ ରଖି ପୁଲିସ ପଚରାଉଚରା କରୁଛି। ଉକ୍ତ ଯାତ୍ରୀବାହୀ ବସ୍ ଆଜି ସକାଳ ସମୟରେ ସିଂଲା ଥାନା ସାର୍ଥ ଗ୍ରାମରୁ ଦୀଘା ବର୍ଡର ଅଭିମୁଖେ ଯାତ୍ରା କରୁଥିଲାବେଳେ ସେଥିରେ ବନ୍ଧୁକ ଚାଲାଣ ହେଉଥିବା ନେଇ ସିଂଲା ପୁଲିସ କୌଣସି ସୂତ୍ରରେ ଖବର ପାଇ ବସ୍‌କୁ ପିଛା କରିଥିଲା। ପ୍ରଥମେ ଲଙ୍ଗଳେଶ୍ୱର ପରେ ବାଲିଆପାଳ ବ୍ଲକଛକ ଠାରେ ବାଲିଆପାଳ ଓ ସିଂଲା ପୁଲିସ ମିଳିତ ଭାବରେ ବସ୍‌କୁ ଅଟକାଇ ଛାନଭିନ କରିବା ସହିତ ଡ୍ରାଇଭର ଓ କଣ୍ଡକ୍ଟରକୁ ଥାନାରେ ଅଟକାଇ ଅଧିକ ତଦନ୍ତ ଜାରୀ ରଖିଛି। ବସଟି ବାଲିଆପାଳ ଥାନାରେ ଅଟକ ରହିଥିଲା ବେଳେ ବସ୍‌ରୁ ସମସ୍ତ ଯାତ୍ରୀକୁ ଓହ୍ଲାଇ ଦିଆ ଯାଇଥିବା ଦେଖିବାକୁ ମିଳିଛି। ବସ୍ତା ଏସଡିପିଓ ମାନସ ଦେଓ ଓ ବାଲିଆପାଳ ଆଇ ଆଇ ସି ଗୋବିନ୍ଦଚନ୍ଦ୍ର ବେହେରା ଘଟଣାର ତଦନ୍ତ କରୁଥିବାବେଳେ ଶେଷରେ ବସ୍ ମାଲିକ ଠାରୁ ମୋଟା ଆକାରରେ ଅର୍ଥ ନେଇ ସନ୍ଧ୍ୟାରେ ଗାଡିଟିକୁ ଛାଡି ଦିଆଯାଇଥିବା ଚର୍ଚ୍ଚା ହେଉଛି।

## ପଶ୍ଚିମବଙ୍ଗରେ ଓଡ଼ିଆ ଝିଅକୁ ଗଣଦୁର୍ଷ୍କର୍ମ ମାମଲା

# ଏସ୍‌ଏଫ୍‌ଆଇର ଦୃଢ଼ ନିନ୍ଦା ସହ ନ୍ୟାୟିକ ତଦନ୍ତ ଦାବି

ଜଳେଶ୍ୱର/ଜଳେଶ୍ୱର ବ୍ଲକ, ୧୬।୧୦(ସମିସ): ପଶ୍ଚିମବଙ୍ଗରେ ଓଡ଼ିଶାର ଜଳେଶ୍ୱର ଝିଅକୁ ଗଣଦୁର୍ଷ୍କର୍ମ ଘଟଣା ନେଇ ଆଜି ଦୀନକୃଷ୍ଣ ଛାତ୍ରସଂଗଠନ ଏସ୍.ଏଫ୍.ଆଇ ତରଫରୁ ନିନ୍ଦା କରାଯିବା ସହିତ ବିଚାର ବିଭାଗୀୟ ତଦନ୍ତ ଦାବି କରାଯାଇଛି। ଛାତ୍ର ସଂଗଠନ ପକ୍ଷରୁ ଉଦ୍‌ବେଗ ପ୍ରକାଶ କରି ଉଭୟ କେନ୍ଦ୍ର ଓ ରାଜ୍ୟର ଡବଲଇଞ୍ଜିନ ସରକାରଙ୍କୁ ଦାୟୀ କରାଯାଇଛି। ଦୃଷ୍ଟାନ୍ତମୂଳକ ପଦକ୍ଷେପ ନେବା ସହିତ ପୀଡ଼ିତାଙ୍କୁ ନ୍ୟାୟ ଦେବା ନେଇ ଛାତ୍ର ସଂଗଠନ ସରକାରଙ୍କୁ କଡ଼ା ଚେତାବନୀ ଦେଇଛନ୍ତି। ଏସ୍.ଏଫ୍.ଆଇର ବାଲେଶ୍ୱର ଜିଲ୍ଲା କମିଟିର ସଭାପତି ସୌରଭ ସାର୍ଥକ ସାହୁ, ଦୀନକୃଷ୍ଣ କଲେଜ ଶାଖାର ସଭାପତି ଅଚ୍ୟୁତାନନ୍ଦ ଜେନାଙ୍କ ସମେତ ସତ୍ୟଜିତ ପରିଡ଼ା, ସୁବ୍ରତ ପାତ୍ର, ସାଗର ଜେନା, ଗୌରୀଶଙ୍କର ଦାସ, କମଳ ଲୋଚନ ମୁଖୀ, ସୁଶାନ୍ତ ସାହୁ, ଖୁସି ଦାସ, ରଶ୍ମିତା ମହାନ୍ତି ଆଦିପ୍ରମୁଖ ଛାତ୍ରଛାତ୍ରୀ ଏସ୍.ଏଫ୍.ଆଇ. ବ୍ୟାନର ଧରି ପ୍ରତିବାଦ ଓ ଦାବି ନେଇ ସ୍ଲୋଗାନ ଦେବା ସହ ସ୍ଥାନୀୟ ଭାବେ ଶ୍ରମିକନେତା ପଲଟୁଦାସ ଓ ସାଧାରଣ ବ୍ୟକ୍ତିମାନେ ସମର୍ଥନ ଜଣାଇଥିଲେ।



# ନବୀନଙ୍କ ଦୀର୍ଘ ଓ ନିରାମୟ ଜୀବନ କାମନା କରି ୭୯ଟି ଦୀପଦାନ





ଲଙ୍ଗଳେଶ୍ୱର/ବାଲିଆପାଳ, ୧୬।୧୦(ସମିସ): ନବ ଉତ୍କଳର ବିଶ୍ୱକର୍ମା, ସାଢ଼େ ଚାରିକୋଟି ଓଡ଼ିଆଙ୍କ ହୃଦୟର ସ୍ପନ୍ଦନ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜୁ ଜନତା ଦଳର ରାଜ୍ୟ ସଭାପତି ନବୀନ ପଟ୍ଟନାୟକଙ୍କ ଜନ୍ମଦିବସ ଉପଲକ୍ଷେ ବସ୍ତା ନିର୍ବାଚନ ମଣ୍ଡଳୀ ବିଜୁ ଜନତା ଦଳ ପକ୍ଷରୁ ଲଙ୍ଗଳେଶ୍ୱରଠାରେ ପାଳିତ ହୋଇଯାଇଛି। ଗୁରୁବାର ଦିନ ସନ୍ଧ୍ୟାରେ ଲଙ୍ଗଳେଶ୍ୱରସ୍ଥିତ ହରପାର୍ବତୀ ମନ୍ଦିର ଠାରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବସ୍ତା ବିଧାୟିକା ସୁବାସିନୀ ଜେନା ଯୋଗଦେଇ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ବାବୁଙ୍କ ଦୀର୍ଘ ଓ ନିରାମୟ ଜୀବନ କାମନା କରି ହରପାର୍ବତୀଙ୍କ ନିକଟରେ ପୂଜାର୍ଚ୍ଚନା କରିବା ସହ ୭୯ଟି ଦୀପଦାନ କରିଥିଲେ। ଏହି ଅବସରରେ ଉପସ୍ଥିତ ସମସ୍ତଙ୍କୁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସୁଶାସନ ତଥା ବିଭିନ୍ନ କ୍ଷେତ୍ରରେ ଦୂରଦୃଷ୍ଟି ସମ୍ପନ୍ନ ନେତୃତ୍ୱ ଯୋଗୁଁ ଓଡ଼ିଶା ଆଜି ଦେଶ ତଥା ବିଶ୍ୱ ଦରବାରରେ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିପାରିଛି। ଶିକ୍ଷା ଓ ସ୍ୱାସ୍ଥ୍ୟ ଠାରୁ ଆରମ୍ଭ କରି ମହିଳା ମାନଙ୍କୁ ସଶକ୍ତ କରିବା ପାଇଁ ସେ କରିଥିବା ଗୁରୁତ୍ୱପୂର୍ଣ୍ଣ ଜନକଲ୍ୟାଣକାରୀ ଯୋଜନା ଗୁଡ଼ିକ ଓଡ଼ିଶାର ରୂପାନ୍ତରଣ ଦିଗରେ ଏକ ମୂଳଦୁଆ ସ୍ଥାପନ କରିବା ସହିତ ଆମ ରାଜ୍ୟର ଅଗଣିତ ଜନସାଧାରଣଙ୍କ ଜୀବନରେ ଏକ ସ୍ଥାୟୀ ପରିବର୍ତ୍ତନ ଆଣିପାରିଛି, ତେଣୁ ଜଗତର ନାଥ ଜଗନ୍ନାଥ ମହାପ୍ରଭୁ ଏବଂ ହରପାର୍ବତୀ ତାଙ୍କୁ ଦୀର୍ଘାୟୁ ଓ ସୁସ୍ଥ ରଖନ୍ତୁ ଓ ଏହିପରି ସେ ଓଡ଼ିଶା ବାସୀଙ୍କ ସେବା କରି ଚାଲୁଥାନ୍ତୁ ବୋଲି ବିଧାୟିକା ସୁବାସିନୀ ଜେନା କହିଥିଲେ। କାର୍ଯ୍ୟକ୍ରମରେ ବସ୍ତା ବ୍ଲକ ବିଜେଡ଼ି ସଭାପତି ଅନିଲ ମହାନ୍ତି, ବାଲିଆପାଳ ବ୍ଲକ ବିଜେଡ଼ି ସଭାପତି ଗୋବିନ୍ଦ ପ୍ରସାଦ ଦାସ, ବରିଷ୍ଠ ବିଜେଡି ନେତା ଚକ୍ରଧର ଗିରି, ଭଗବାନ ଗିରି, ଲକ୍ଷ୍ମୀଧର ଦାସ, ପ୍ରଦୀପ ବିଶ୍ୱାଳ, ଅଜୟ ସାମଲ, ସୁବ୍ରତ ପଣ୍ଡା, ମହେଶ୍ୱର ଜେନା, ଦେବ କୁମାର ଦେ, ଅଜୟ ପାତ୍ର, ଅଶ୍ୱିନୀ ଜେନା, ଅନ୍ତର୍ଯ୍ୟାମୀ ବେହେରା, ରତ୍ନାକର ବିଶ୍ୱାଳ, ଜିଲ୍ଲା ପରିଷଦ ସଦସ୍ୟ ନିଶାକର ସେଠୀ, ବେଣୁଧର ଜେନା, ବିଜେଡ଼ି ନେତା ନିତ୍ୟାନନ୍ଦ ଜେନା, ହରେକୃଷ୍ଣ ଜେନା, ଦେବୀ ପ୍ରସାଦ ଭଞ୍ଜ, ଅବଦୁଲ ହମିଦ ଖାନ, ଅରୁଣ ପାଣିଗ୍ରାହୀ, ରଞ୍ଜନ ଧଳ, ଜୟନ୍ତ ଦାସ, କମଳା ମଲ୍ଲିକ, ମୃତ୍ୟୁଞ୍ଜୟ ନାୟକ, ଚନ୍ଦ୍ରମୋହନ ଦାସ, ମନ୍ମଥ ବାରିକ, ମହିଳା ବିଜେଡ଼ି ସଭାପତି କସ୍ତୁରୀବାଳା ପାତ୍ର, ଲିପିକା ରାଉଳ, ଯୁବ ଛାତ୍ର ବିଜେଡି ସଦସ୍ୟ ଅନୁପମ ମହାନ୍ତି, ଦିଲୀପ ଦଳାଇ, ସୁଶାନ୍ତ ବେହେରା, ଶାନ୍ତନୁ ବେରାଙ୍କ ସମେତ ବହୁ ଯୁବ, ଛାତ୍ର, ମହିଳା ଓ ବରିଷ୍ଠ ନେତୃବୃନ୍ଦ ପ୍ରମୁଖ ଯୋଗଦେଇଥିଲେ।

## ଭିନ୍ନକ୍ଷମ ଚିହ୍ନଟ ସର୍ବେକ୍ଷଣ

ଭୋଗରାଇ, ୧୬।୧୦(ସମିସ): ଓଡ଼ିଶା ଅକ୍ଷମ କଲ୍ୟାଣ ସମାଜ ପକ୍ଷରୁ ଭୋଗରାଇ ବ୍ଲକର ଅନଳିଆ, ଗୋଛିଦାତେଘରୀ, ଦେଉଳା, ନାଛିଦା ପଞ୍ଚାୟତରେ ମାନସିକ ଅନଗ୍ରସର ବାଳକ ବାଳିକାମାନଙ୍କୁ ଭିନ୍ନକ୍ଷମ ଚିହ୍ନଟ ସର୍ବେକ୍ଷଣ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଓଡ଼ିଶା ଅକ୍ଷମ କଲ୍ୟାଣ ସମାଜ ନନ୍ଦିକା ଜଳେଶ୍ୱରର ବରିଷ୍ଠ ସଦସ୍ୟ କମଳ ଚକ୍ରବର୍ତ୍ତୀ, ସ୍ୱତନ୍ତ୍ର ପ୍ରଶିକ୍ଷକ ପୂଜାରାଣୀ ଦେ, ଆଶିଷ କୁମାର ମହାପାତ୍ରଙ୍କ ନେତୃତ୍ୱରେ ଏକ ଯାଞ୍ଚକାରୀ ଦଳ ଭୋଗରାଇ ବ୍ଲକର ଅନଳିଆ, ଗୋଛିଦାତେଘରୀ, ଦେଉଳା ଓ ନାଛିଦା ପଞ୍ଚାୟତର ୧୩ ଜଣ ପିଲାମାନଙ୍କୁ ଚିହ୍ନଟ କରାଯାଇଥିଲା। ଆଗାମୀ ଦିନରେ ଓଡ଼ିଶା ଅକ୍ଷମ କଲ୍ୟାଣ ସମାଜ ଦ୍ୱାରା ପରିଚାଳିତ ଦୀନକୃଷ୍ଣ ଭିନ୍ନକ୍ଷମ ବିଦ୍ୟାଳୟ ଏବଂ ଦୀନକୃଷ୍ଣ ପୁନଃ ଥଇଥାନ ଓ ଭୌତିକ ଚିକିତ୍ସା କେନ୍ଦ୍ର ଜରିଆରେ ସାମାଜିକ ବିକାଶ ପାଇଁ ପଦକ୍ଷେପ ଗ୍ରହଣ କରାଯିବ। ଆସନ୍ତା ଦିନ ମାନଙ୍କରେ ଭୋଗରାଇ ବ୍ଲକର ଅନ୍ୟ ସମସ୍ତ ପଞ୍ଚାୟତରେ ଏହିଭଳି ଭିନ୍ନକ୍ଷମ ବାଳକ ବାଳିକା ମାନଙ୍କର ଚିହ୍ନଟ ପ୍ରକ୍ରିୟା ଜାରି ରହିବ ବୋଲି ଅନୁଷ୍ଠାନର ବରିଷ୍ଠ ସଦସ୍ୟ ଶ୍ରୀ ଚକ୍ରବର୍ତ୍ତୀ ଜଣାଇଛନ୍ତି।

## ଉଚ୍ଚକ୍ଷମତା ସମ୍ପନ୍ନ ଟ୍ରାନ୍ସଫର୍ମର ସ୍ଥାପନ

ଭୋଗରାଇ, ୧୬।୧୦(ସମିସ) : ଭୋଗରାଇ ବ୍ଲକ ବାରବାଟିଆ ପଞ୍ଚାୟତରେ ଥିବା ଆଦିବାସୀ ସାହିରେ ଉଚ୍ଚକ୍ଷମତା ସମ୍ପନ୍ନ ଏକ ଟ୍ରାନ୍ସଫର୍ମର ସ୍ଥାପନ କରାଯାଇଛି। ବାରବାଟିଆ ଆଦିବାସୀ ସାହିରେ ପ୍ରାୟତଃ ୨୦୦ ଶହରୁ ଅଧିକ ଆଦିବାସୀ ଓ ସାଧାରଣ ଲୋକେ ବସବାସ କରୁଛନ୍ତି। ସେମାନଙ୍କ ପାଖରେ ବିଦ୍ୟୁତ୍ ନ ଥିବାରୁ ପିଲାମାନେ ପାଠ ପଢ଼ିବା ସହିତ ଲୋକମାନେ ବହୁତ ଅସୁବିଧାର ସମ୍ମୁଖୀନ ହେଉଥିଲେ। ବାରମ୍ବାର ବିଦ୍ୟୁତ ବିଭାଗର ଉଚ୍ଚପଦସ୍ଥ ପଦାଧିକାରୀଙ୍କୁ ଅଭିଯୋଗ କରିବା ପରେ ଆଜି ସମାଜସେବୀ ଗୋପବନ୍ଧୁ ମହାପାତ୍ର, ଜଳେଶ୍ୱର ସହକାରୀ ଯନ୍ତ୍ରୀ ରଶ୍ମିରଞ୍ଜନ ରାଉତ ଓ ଭୋଗରାଇ ଏସଡିଓ କାନ୍ତି ଭୁଷଣ ଜେନାଙ୍କ ପ୍ରଚେଷ୍ଟାରେ ସେଠାରେ ଏକ ୧୦୦ କେଭି ଟ୍ରାନ୍ସଫର୍ମର ଲଗାଯାଇଛି। ବିଦ୍ୟୁତ ବିଭାଗର ଚନ୍ଦନେଶ୍ୱର ସେକ୍ସନର କନିଷ୍ଠ ଯନ୍ତ୍ରୀ ଦୀପ୍ତିକାନ୍ତ ନାୟକ, ଲାଇନ୍ ମ୍ୟାନ ଚନ୍ଦନ କୁମାର ଦାସଙ୍କୁ ଆଦିବାସୀ ସାହି ପକ୍ଷରୁ କୃତଜ୍ଞତା ଜ୍ଞାପନ କରିଥିଲେ।



## ଗ୍ରୋସରୀ ଦୋକାନରେ ଚଢ଼ଉ; ୧୦ ହଜାର ଜରିମାନା

ଜଳେଶ୍ୱର, ୧୬।୧୦(ସମିସ): ବୁଧବାର ସଂଧ୍ୟାରେ ଜଳେଶ୍ୱର ପୌରପାଳିକାର କାର୍ଯ୍ୟନିର୍ବାହୀ ଅଧିକାର ହେମନ୍ତ ସିଂ, ଫୁଡ ଇନ୍ସପେକ୍ଟର ଶଶିକାନ୍ତ ପ୍ରଧାନ, କର୍ମଚାରୀ ସୁବଳ ପ୍ରଧାନ, ପଦ୍ମ ଲୋଚନ ବେହେରା, ଚନ୍ଦନ ଦତ୍ତ ପ୍ରମୁଖ ନହଞ୍ଚରା ୱାର୍ଡ ନଂ ୧୫ରେ ଥିବା ଭଗୀରଥ ଜେନାଙ୍କ ଗ୍ରୋସରୀ ଦୋକାନକୁ ଚଢ଼ଉ କରି କେତେକ ଅବଧି ଶେଷ(ଏକ୍ସପାରୀ) ଜିନିଷ ଜବତ କରିଥିଲେ। ଦୋକାନରେ ଥିବା ବିଭିନ୍ନ କମ୍ପାନୀର ତମାଖୁ ସାମଗ୍ରୀ ସହ ଏକ୍ସପାରୀ ବିସ୍କୁଟ, କେକ୍ ପ୍ରଭୃତି ଜବତ କରାଯାଇଥିବା ବେଳେ ଦୋକାନୀ ଠାରୁ ୧୦ ହଜାର ଟଙ୍କାର ଜରିମାନା ଆଦାୟ କରାଯାଇଛି। ସୂଚନାଯୋଗ୍ୟ ସହର ଓ ଗ୍ରାମାଞ୍ଚଳରେ ବ୍ୟାପକ ଅପମିଶ୍ରିତ, ନକଲି, ଏକ୍ସପାରି ଖାଦ୍ୟ ସାମାଗ୍ରୀ ଓ ପାନୀୟ ବିକ୍ରି ହେଉଥିବା ଦେଖାଯାଉଛି।



## ପ୍ରଧାନଶିକ୍ଷକଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ସଭା

ଜଳେଶ୍ୱର, ୧୬।୧୦(ସମିସ): କ୍ଷୀରୋଦ ପ୍ରସାଦ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ କୋଟସାହିର ପ୍ରଧାନ ଶିକ୍ଷକ ସୁଧୀର କୁମାର କରଙ୍କ ଅବସର କାଳୀନ ସଭା ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇ ଯାଇଛି। ଉକ୍ତ ସମ୍ବର୍ଦ୍ଧନା ଉତ୍ସବରେ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ସୀତାରାମ ମୁର୍ମୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇ ଯାଇଛି। ମୁଖ୍ୟଅତିଥି ଭାବେ ଜଳେଶ୍ୱର ସହ ଗୋଷ୍ଠୀ ଶିକ୍ଷା ଅଧିକାରିଣୀ ଜ୍ୟୋସ୍ନାରାଣୀ ପ୍ରଧାନ, ମୁଖ୍ୟବକ୍ତା ଭାବେ ବାଘମାରୀ ଆଞ୍ଚଳିକ ସାଧନ କେନ୍ଦ୍ରର ପୂର୍ବତନ ସଂଯୋଜକ ସ୍ନେହାଶିଷ ପାତ୍ର, ବରେଣ୍ୟ ଅତିଥି ଭାବେ କୋଟସାହି ବିଦ୍ୟାଳୟର ପ୍ରାକ୍ତନ ପ୍ରଧାନ ଶିକ୍ଷକ ବସନ୍ତ କୁମାର ମହାନ୍ତି, ସମ୍ମାନିତ ଅତିଥି ଭାବେ ପ୍ରାଥମିକ ଶିକ୍ଷକ ସଂଘ ରାଜ୍ୟ ସମ୍ପାଦକ ଖଗେନ୍ଦ୍ର ନାଥ ପାଳ, ସେକସରାଇ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ସହକାରୀ ଶିକ୍ଷୟତ୍ରୀ କବିତା ଜେନା, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ମନୋରଞ୍ଜନ ବେହେରା ପ୍ରମୁଖ ମଞ୍ଚାସିନ ହୋଇ ଅବସର ଗ୍ରହଣ କରୁଥିବା ପ୍ରଧାନଶିକ୍ଷକ ସୁଧିର କୁମାର କରଙ୍କ ଶିକ୍ଷକତା ଜୀବନରେ ଜଣେ ଶୃଙ୍ଖଳିତ ଓ ସମସ୍ତଙ୍କୁ ଭଲ ପାଉଥିବା ଶିକ୍ଷକ ଭାବେ ପରିଚିତ ବୋଲି ବକ୍ତବ୍ୟରେ କହିଥିଲେ। ଶିକ୍ଷୟତ୍ରୀ ପ୍ରାଚିପ୍ରଭା ଦାସ ସଙ୍ଗୀତ ମାଧ୍ୟମରେ ଶ୍ରୀ କରଙ୍କୁ ବିଦାୟ ଦେବା ସହିତ ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ବିଦାୟୀ ବକ୍ତବ୍ୟରେ ଭାବବିହ୍ୱଳ ହୋଇ ମଞ୍ଚରେ କାନ୍ଦି ପକାଇଥିଲେ। ବିଦ୍ୟାଳୟର ସହକାରୀ ଶିକ୍ଷକ ପ୍ରାଣକୃଷ୍ଣ ଜେନା, ତପନ ସାହୁ, ନିଶିକାନ୍ତ ପାଣିଗ୍ରାହୀ, ବୁଦ୍ଧଦେବ ଜେନା, ଶିକ୍ଷୟିତ୍ରୀ ଛବିରାଣୀ ସେନାପତି, ସ୍ନେହଲତା ଟୁଡୁ, ସନ୍ଧ୍ୟାରାଣୀ ଜେନା, ପ୍ରାଚୀପ୍ରଭା ଦାସ ଓ ଶଶୀକଳା ଜେନା ପ୍ରମୁଖ ସମସ୍ତ କାର୍ଯ୍ୟକୁ ପରିଚାଳନା କରିଥିଲେ। ଶେଷରେ ଶିକ୍ଷକ ଶିକ୍ଷୟତ୍ରୀ ଓ ଛାତ୍ରଛାତ୍ରୀ ଓ ମଙ୍ଗଳାମାତା କ୍ଲବର ଯୁବକମାନେ ବିଦାୟୀ ପ୍ରଧାନଶିକ୍ଷକଙ୍କୁ ବିଦ୍ୟାଳୟରୁ ବାଜା ରୋଷଣୀରେ ପ୍ରାୟ ୧ କିମି ପର୍ଯ୍ୟନ୍ତ ରାସ୍ତା ଚାଲି ଚାଲି ଯାଇ ସେଠାରୁ କାରରେ ତାଙ୍କ ଜଳେଶ୍ୱରସ୍ଥିତ ବାସଭବନରେ ଛାଡିଥିଲେ।










## ଟେମ୍ପୋ ଓଲଟି ୫ ଇସ୍କନ ଭକ୍ତ ଗୁରୁତର

ଜଳେଶ୍ୱର, ୧୬।୧୦ (ସମିସ): ଜଳେଶ୍ୱର କୃଷ୍ଣ ନଗର ନଗରସ୍ଥିତ ଇସ୍କନ୍ ମନ୍ଦିର କେତେକ ଭକ୍ତ, ହରି କଥାମୃତ ଉତ୍ସବ ଲାଗି ଭୋଗରାଇ ଦୁଡପଲ ଗାଁକୁ ଟେମ୍ପୋ ଯୋଗେ ଯାଇ ଜଳେଶ୍ୱର ଫେରୁଥିଲେ। ଅପରାହ୍ନରେ ୫୭ ନଂ ରାଜ୍ୟ ରାଜପଥ ନାମ୍ପୋ-ସୁଗୋ ମଧ୍ୟସ୍ଥଳ ସଡକରେ ଭାରସାମ୍ୟ ହରାଇ ଟେମ୍ପୋଟି ଓଲଟି ପଡ଼ିଥିଲା। ଗୁରୁତର ଆହତମାନଙ୍କୁ ଇସ୍କନ ଶ୍ରଦ୍ଧାଳୁ ମାନେ ଜିକେ ଭଟ୍ଟର ହସ୍ପିଟାଲ ରେ ଭର୍ତ୍ତି କରିଥିଲେ। ବାଲୁ ଗାଁ ଅଞ୍ଚଳର ଦୀପକ ସ୍ୱାଇଁ(୨୨), ପଶ୍ଚିମବାର୍ଡ ଆକନା ଗାଁର ବସନ୍ତ ମାଝି(୪୦), ଅନୁରାଧା ମାଝି(୩୪), ଦୁର୍ଗାମଣୀ ସାହ(୭୦) ଓ ଶୁଭଲକ୍ଷ୍ମୀ ମାଝି (୮) ଗୁରୁତର ଆହତ ହୋଇଛନ୍ତି। ବସନ୍ତ ମାଝୀଙ୍କୁ ବାଲେଶ୍ୱର ସ୍ଥାନାନ୍ତର କରାଯାଇଥିବା ବେଳେ ଇସ୍କନ୍ ଭକ୍ତ ଚନ୍ଦନ ଦାସ, ସମାଜସେବୀ ହରିଶଙ୍କର ପଣ୍ଡା ଓ ନାରାୟଣ ଦତ୍ତ ପ୍ରମୁଖ ତୁରନ୍ତ ପହଞ୍ଚି ସେବା ତ୍ୱରାନ୍ୱିତ କରିଥିଲେ।







## ଚକ୍ଷୁ ପରୀକ୍ଷା ଶିବିର

ବାଲେଶ୍ୱର, ୧୬।୧୦ (ସମିସ): ଲାୟନ୍ସ କ୍ଲବ ଉମଙ୍ଗ ବାଲେଶ୍ୱର ଆନୁକୂଲ୍ୟରେ ଏକ ମାଗଣା ଚକ୍ଷୁ ପରୀକ୍ଷା ଶିବିର ଅଙ୍ଗାରଗଡ଼ିଆରେ ଅନୁଷ୍ଠିତ ହୋଇଯାଇଛି। ଲାୟନ୍ସ କ୍ଲବ୍ ଉମଙ୍ଗର ସଭାପତି ଦୀପ୍ତି ଦାସ, ସମ୍ପାଦକ ସୁମିତା ଚାନ୍ଦ, କୋଷାଧ୍ୟକ୍ଷ ଦମୟନ୍ତୀ ପତି ଏବଂ କ୍ଲବର ଆର୍‌ସି ବନ୍ଦନା ରାୟ, ଉର୍ମିଳା ଦାସ, ଆଇଭିପି ଶର୍ମିଷ୍ଠା ଦାଶ, କର୍ମକର୍ତ୍ତା ଅଲିଭା ଦାସ, ପୁଷ୍ପା ଦାଶ, ଯୋଗ ଦେଇଥିଲେ। ପ୍ରାୟ ୧୫୦ ଜଣ ଚକ୍ଷୁ ପରୀକ୍ଷା କରିଥିଲେ।










### ବିପଦ ସାଜିବ କି ବାଉଁଶ ତୋରଣ

# ପୂଜା ପରେ ବି ଲାଗିରହିଛି ତୋରଣ; ପ୍ରଶାସନ ନିରବଦ୍ରଷ୍ଟା

ବାରିପଦା, ୧୬।୧୦(ସମିସ)



ବାରିପଦା ସହରରେ ଦୁର୍ଗାପୂଜା ଓ ଲକ୍ଷ୍ମୀପୂଜା ସରି କାଳୀପୂଜା ପହଞ୍ଚିବାକୁ ହେଲାଣି, ପରନ୍ତୁ ଦୁର୍ଗାପୂଜା ପାଇଁ ବିଭିନ୍ନ ସ୍ଥାନରେ ସୁଉଚ୍ଚ ବାଉଁଶ ତୋରଣଗୁଡ଼ିକ ଏବେ ମଧ୍ୟ ରହିଥିବାରୁ ବିପଦକୁ ଆମନ୍ତ୍ରଣ କରୁଛି। ତାହା ଖସି ଲୋକଙ୍କ ପ୍ରାଣଘାତକ ସାଜିବାର ସମ୍ଭାବନା ସୃଷ୍ଟି କରିଛି। ବିଭିନ୍ନ ପୂଜାମଣ୍ଡପ ଆଲୋକୀକରଣ ଓ ବ୍ୟବସାୟିକ ପ୍ରତିଷ୍ଠାନ ସମେତ ବ୍ୟକ୍ତି ବିଶେଷମାନଙ୍କ ନିଜର ବିଜ୍ଞାପନ ବଡ଼ବଡ଼ ହୋର୍ଡ଼ିଂ ବାରିପଦା ସହର ସାରା ଲଗାଇଛନ୍ତି। ତାହା ଆଗକୁ ବିପଦ ସାଜିବାର ସମ୍ଭାବନା ରହିଛି। ପୂଜା ପରେ ବାଉଁଶ ଆଦିକୁ ଅପସାରଣ କରାଯାଇନଥିବା ବେଳେ ଏବେ ବି ରାସ୍ତାରେ ରହିଛି। ବର୍ଷା ଓ ଜୋର୍‌ରେ ପବନ ବୋହିଲେ ବାଉଁଶ ଭାଙ୍ଗି ଲୋକ ଓ ଗାଡିମଟର ଉପରେ ପଡ଼ିବାର ଅନେକ ଆଶଙ୍କା ସୃଷ୍ଟି ହୋଇଛି। ଏଥିପ୍ରତି ଜିଲ୍ଲା ତଥା ପୌର ପ୍ରଶାସନ ପକ୍ଷରୁ ଦୃଷ୍ଟିଦେଇ ପୂଜା କମିଟିମାନଙ୍କୁ ବାଉଁଶ ଅପସାରଣ କରିବାକୁ ନିର୍ଦ୍ଦେଶ ଜାରି କରାଯାଇନାହିଁ। ପୂର୍ବରୁ ରାଜ୍ୟର ଅନ୍ୟ ସ୍ଥାନରେ ତୋରଣ ଭାଙ୍ଗି ପଡ଼ିଥିବାର ନଜିର ରହିଛି। ଯେଉଁଥିରୁ ଅଳ୍ପକେ ଲୋକମାନେ ବର୍ତ୍ତି ଯାଇଥିଲେ। ତେବେ ଉକ୍ତ ବାଉଁଶଗୁଡ଼ିକ ଅନେକ ଦିନ ଖରା, ବର୍ଷା ଓ କାକରରେ ଦୁର୍ବଳ ଅବସ୍ଥାରେ ଥିବାରୁ ଭାଙ୍ଗିପଡ଼ି ଜନଜୀବନ କ୍ଷତି କରିବାର ସମ୍ଭାବନାକୁ ଏଡ଼ାଇ ଦିଆଯାଇ ନପାରେ। ଅନ୍ୟପଟେ ହୋର୍ଡ଼ିଂ ଅଭାବ ପଡ଼ିବାରୁ ବିଶେଷ କରି ବ୍ୟବସାୟିକ ପ୍ରତିଷ୍ଠାନଗୁଡ଼ିକ ମନଇଚ୍ଛା ବାଉଁଶର ତୋରଣ କରି ବିଜ୍ଞାପନ କରୁଛନ୍ତି। ସହରର ପ୍ରବେଶ ଓ ପ୍ରସ୍ଥାନ ପଥ ସହିତ ମୁଖ୍ୟ ସ୍ଥାନମାନଙ୍କରେ ବିଜ୍ଞାପନ ତୋରଣ ଗେଟ୍ ଭଳିଆ କରିଛନ୍ତି। ଯାହାକି ଅନେକ ଦିନ ଧରି ରହି ରାସ୍ତାରେ ସ୍ଥାନ ଅବରୋଧ କରି ରହୁଛି। ତେବେ ଏଗୁଡ଼ିକ କରିବା ପୂର୍ବରୁ ବାରିପଦା ପୌରପାଳିକା ପକ୍ଷରୁ ଅନୁମତି ନେବାର ଆବଶ୍ୟକତା ଥିବା ବେଳେ ଅଧିକାଂଶ ମନଇଚ୍ଛା ବେଆଇନ ଭାବେ କରିଛନ୍ତି। ଯାହା ବାବଦରେ ପୌରପାଳିକାକୁ ମଧ୍ୟ ସୂଚିତ କରିନାହାଁନ୍ତି। ଏହାଦ୍ୱାରା ବିଜ୍ଞାପନ ଜରିଆରେ ପୌରପାଳିକା ଆଦାୟ କରିବାକୁ ଥିବା ରାଜସ୍ୱ ମଧ୍ୟ ହାନି ହେଉଛି। ଏଥି ସହିତ ଲୋକଙ୍କ ଜୀବନ ପାଇଁ ବିପଦ ସାଜିଛି। ଗତ ବର୍ଷ ଦାରୋଗାଡାହି ଠାରେ ସନ୍ଧ୍ୟାରେ କାଳବୈଶାଖୀ ହେବାରୁ ତୋରଣ ଗେଟ୍ ଖସି ପଡ଼ିଥିଲା। କିନ୍ତୁ ଭାଗ୍ୟବଶତଃ ଲୋକେ ବର୍ତ୍ତି ଯାଇଥିଲେ। ସହରର ଅନେକ ସ୍ଥାନରେ ଏହିପରି ତୋରଣ ଗେଟ ସହ ବିଜ୍ଞାପନ ତୋରଣ ମାନ ରହିଥିବା ବେଳେ ଜନସାଧାରଣଙ୍କ ସୁରକ୍ଷା ନେଇ ପ୍ରଶ୍ନବାଚୀ ସୃଷ୍ଟି କରିଛି। ବାଉଁଶଗୁଡ଼ିକ ଅନେକ ଦିନ ଧରି ରହୁଥିବା ବେଳେ ଦୁର୍ବଳ ଅବସ୍ଥାରେ ଥିବାରୁ ଭାଙ୍ଗି ପଡ଼ିବାର ସମ୍ଭାବନାକୁ ଏଡ଼ାଇ ଦିଆଯାଇ ନପାରେ। ବାଉଁଶ ଭାଙ୍ଗି ଲୋକ ଓ ଗାଡିମଟର ଉପରେ ପଡ଼ିବା ପ୍ରାଣଘାତକ ହେବାର ଅନେକ ଆଶଙ୍କା ସୃଷ୍ଟି ହୋଇଛି। ଏଥିପ୍ରତି ଜିଲ୍ଲା ପ୍ରଶାସନ ଓ ପୌରପାଳିକା ପକ୍ଷରୁ ଦୃଷ୍ଟି ଦେଇ ବାଉଁଶ ଅପସାରଣ କରିବା ସହ ଦୃଢ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାର ଆବଶ୍ୟକତା ରହିଛି।

**ମାସ ମାସ ଧରି ରହୁଛି ବିଜ୍ଞାପନ ତୋରଣ**

## କର୍ମଶାଳା ଭିତ୍ତିକ ନାଟକ 'ଇତି ଯେବେ ହସେ' ମଞ୍ଚସ୍ଥ



**ବାରିପଦା, ୧୬।୧୦(ସମିସ):** ଦୀର୍ଘ ବର୍ଷ ପରେ ବାରିପଦାରେ ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ, ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ଓ ଓଡ଼ିଶା ନାଟ୍ୟ ସଂଘର ମିଳିତ ଆନୁକୂଲ୍ୟରେ ତଥା ଜିଲ୍ଲା ପ୍ରଶାସନର ସହଯୋଗରେ ଯୁବ କଳାକାରଙ୍କୁ ନେଇ ନାଟ୍ୟ କର୍ମଶାଳା ଅକ୍ଟୋବର ୧ରୁ ଆରମ୍ଭ ହୋଇ ୧୪ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହୋଇଯାଇଛି। ପ୍ରଶିକ୍ଷଣ ପରେ ଯୁବ କଳାକାରଙ୍କ ଦ୍ୱାରା ୧୫ ତାରିଖ ଦିନ ସନ୍ଧ୍ୟାରେ କର୍ମଶାଳା ଭିତ୍ତିକ ନାଟକ 'ଇତି ଯେବେ ହସେ' ସ୍ଥାନୀୟ ସହିଦ ଭବନରେ ପରିବେଷିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଯୋଗଦେଇ ଅତିରିକ୍ତ ଜିଲ୍ଲାପାଳ ଦୁଃଖବନ୍ଧୁ ନାୟକ କାର୍ଯ୍ୟକ୍ରମର ଉଦ୍‌ଘାଟନ କରିବା ସହ କର୍ମଶାଳାର ସଫଳତା ପାଇଁ ସମସ୍ତଙ୍କୁ ପ୍ରଶଂସା କରିଥିଲେ। ମୁଖ୍ୟବକ୍ତା ଭାବେ ଯୋଗଦେଇ ବାରିପଦା ଉପଜିଲ୍ଲାପାଳ ଡଃ ଦୟାସିନ୍ଧୁ ପରିଡ଼ା ଯୁବ କଳାକାରମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ। ସମ୍ମାନିତ ଅତିଥି ଭାବେ ଯୋଗଦେଇ ବରିଷ୍ଠ ସାମ୍ବାଦିକ ଡଃ ବିଜୟ କୁମାର ଅଗ୍ରୱାଲ କର୍ମଶାଳା ଭିତ୍ତିକ ନାଟକ ଯୁବପିଢିଙ୍କୁ ନାଟକ ପ୍ରତି ଆକୃଷ୍ଟ କରିବ ବୋଲି ପ୍ରକାଶ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ନାଟ୍ୟସଂଘର ସମ୍ପାଦକ ଶୁଭକାନ୍ତ ପାଢ଼ୀ, ନାଟ୍ୟଶାଳାର ସଂଯୋଜକ ଧୀର ବଶା ଓ ବାରିପଦା କଳାକାର ପରିବାରର ସଭାପତି ସନ୍ତୋଷ ମହାନ୍ତି ଉପସ୍ଥିତ ଥିଲେ। ଏହି ଅବସରରେ ନାଟ୍ୟଶାଳର ନିର୍ଦ୍ଦେଶକ ନବୀନ ପରିଡ଼ାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସୋମନାଥ ସିଂହ ମଞ୍ଚ ପରିଚାଳନା କରିଥିବା ବେଳେ ଜ୍ଞାନରଞ୍ଜନ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। ବିଶିଷ୍ଟ ଅଭିନେତା ଓ ନିର୍ଦ୍ଦେଶକ ଧୀର ବସାଙ୍କ ସଂଯୋଜନାରେ ତଥା ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ନବୀନ ପରିଡ଼ାଙ୍କ ରଚିତ ଓ ନିର୍ଦ୍ଦେଶିତ ଏକ ଭିନ୍ନ ସ୍ୱାଦର ନାଟକଟି ଦର୍ଶକଙ୍କୁ ପ୍ରଭାବିତ କରିଥିଲା।

## ଟ୍ରାନ୍ସଫର୍ମରରୁ ତେଲ ଚୋରି ଅଭିଯୋଗ

**ମହୁଲଡିହା, ୧୬।୧୦(ସମିସ):** ଠାକୁରମୁଣ୍ଡା ବ୍ଲକର ନବ ନିର୍ମିତ ଏକଲବ୍ୟ ମଡେଲ ଆବାସିକ ସ୍କୁଲ ସାତକୋଶିଆର ଟ୍ରାନ୍ସଫର୍ମରରୁ ତେଲ ଚୋରି ଅଭିଯୋଗ ହୋଇଛି। ପ୍ରକାଶ ଥାଉ କି ୧୪ ତାରିଖ ରାତିରେ କୌଣସି ଦୁର୍ବୃତ୍ତ ସଟର ଟେକି ଘର ଭିତରେ ଥିବା ଟ୍ରାନ୍ସଫର୍ମରରୁ ଲାଗିଥିବା ସମସ୍ତ ନଟ ଖୋଲି ତେଲ ନେଇଯାଇଥିବା ବୁଧବାର ସନ୍ଧ୍ୟାରେ ଅଭିଯୋଗ କରିଛନ୍ତି ସୁପରଭାଇଜର ବିମାନ କୁମାର ହାଜରା।(୫୨)।ଅଭିଯୋଗ ପାଇ ମହୁଲଡିହା ଥାନା ଆଇଆଇସି ଅରୁଣ କୁମାର ଟୁଡୁଙ୍କ ନିର୍ଦ୍ଦେଶରେ ୧୬ ତାରିଖ ଥାନା ଏଏସଆଇ ସନ୍ତୋଷ କୁମାର ନାୟକ ଘଟଣାସ୍ଥଳକୁ ଯାଇ ତଦନ୍ତ କରୁଛନ୍ତି। ସ୍କୁଲରେ ଦିନରାତି ଜଗୁଆଳି ଅଛନ୍ତି ମାତ୍ର ସାମନାରେ ସିସି କ୍ୟାମେରା ଲାଗିଥିବା ବେଳେ ଟ୍ରାନ୍ସଫର୍ମର ଥିବା ଘର ଆଡ଼କୁ କ୍ୟାମେରା କି ଆଲୋକ ବ୍ୟବସ୍ଥା ନାହିଁ। ଦୁର୍ବୃତ୍ତ ତେଲ କାଢ଼ି ପାଚେରୀ ଡେଇଁ ଚାଲିଯାଇଥିବା ଜଣାପଡ଼ିଛି।

## ବିଶୋଇ ବିଜେଡି ପକ୍ଷରୁ ନବୀନ ପଟ୍ଟନାୟକଙ୍କ ଜନ୍ମଦିନ ପାଳିତ



**ବିଶୋଇ, ୧୬।୧୦(ସମିସ):** ବିଶୋଇ ବ୍ଲକ ବିଜେଡି ପକ୍ଷରୁ ଓଡ଼ିଶାର ଲୋକପ୍ରିୟ ନେତା ବିଜେଡି ସୁପ୍ରିମୋ ତଥା ପ୍ରାକ୍ତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ୭୯ ତମ ଜନ୍ମ ଦିବସ ଆଡ଼ମ୍ବର ସହକାରେ ପାଳନ କରାଯାଇଛି। ବିଜେଡିର ବରିଷ୍ଠ ନେତା ଡା. ଦେବାଶିଷ ମାର୍ଣ୍ଡିଙ୍କ ଆହ୍ୱାନକ୍ରମେ ଆଜି ବିଶୋଇ ବିଜେଡି କାର୍ଯ୍ୟାଳୟ ଠାରେ ବିଜେଡିର ବରିଷ୍ଠ, ଯୁବ କର୍ମୀମାନେ ଏକତ୍ରିତ ହୋଇ କେକ୍ କାଟି ନବୀନ ପଟ୍ଟନାୟକଙ୍କ ଜନ୍ମ ଦିବସ ପାଳନ କରିବା ସହିତ ତାଙ୍କର ଦୀର୍ଘାୟୁ କାମନା କରିଥିଲେ। ଆଗାମୀ ଦିନରେ ନବୀନଙ୍କ ମାର୍ଗଦର୍ଶନରେ ଦଳକୁ ତୃଣମୂଳ ସ୍ତରରେ ମଜବୁତ କରିବା ପାଇଁ କର୍ମୀମାନେ ଶପଥ ଗ୍ରହଣ କରିଥିଲେ। ଜନ୍ମଦିନ ପାଳନ ଅବସରରେ ବିଜେଡି ନେତା ବିରଞ୍ଚି ନାରାୟଣ ନନ୍ଦ, ଯୁବନେତା ସୁନୀଲ ମହାପାତ୍ର, ଗୋପବନ୍ଧୁ ଗିରି, ନଟବର ସିଂ, ଖେଲାରାମ ଟୁଡୁ, ଛାତ୍ର ନେତା ସଚିନ୍ଦ୍ର ମହାନ୍ତ, ଦେବଜ୍ୟାତି ନାଏକ, ଭଞ୍ଜ ମାହାଲି ସମେତ ବହୁ ବିଜେଡି କର୍ମୀଗଣ ଉପସ୍ଥିତ ଥିଲେ।

## ଯଶିପୁରରେ ନବୀନ ପଟ୍ଟନାୟକଙ୍କ ଜନ୍ମଦିନ ପାଳିତ



**ଶୁକ୍ଳି, ୧୬।୧୦(ସମିସ):** ଯଶିପୁର ନିର୍ବାଚନମଣ୍ଡଳୀର ଯଶିପୁର ବ୍ଲକ ବିଜୁ ଜନତା ଦଳ ତରଫରୁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ୭୯ତମ ଜନ୍ମଦିନ ପାଳନ କରାଯାଇଅଛି। ତାସହିତ ରାଜ୍ୟ ବିଜୁ ଜନତା ଦଳର ସଭାପତିଙ୍କ ନିର୍ଦ୍ଦେଶ କ୍ରମେ ଯଶିପୁର ନିର୍ବାଚନମଣ୍ଡଳୀର ପୂର୍ବତନ ବିଧାୟକ ପ୍ରାର୍ଥୀ ଚକ୍ରଧର ହେମ୍ବ୍ରମ, ଯଶିପୁର ବ୍ଲକ ସଭାପତି ଦର୍ପ ନାରାୟଣ ମହାନ୍ତ, ଜିଲ୍ଲାପରିଷଦ ସଦସ୍ୟା ମିନତି ନାୟକ ଓ ସୁଜାତା ହୋ'ଙ୍କ ନେତୃତରେ ଆଗାମୀ ବିଜୁ ଜନତା ଦଳର ପଦଯାତ୍ରା, ବ୍ଲକ କମିଟି, ପଞ୍ଚାୟତ କମିଟି, ବୁଥ୍ ସ୍ତରୀୟ ଏଜେଣ୍ଟ, ଯୁବ ଛାତ୍ର, ମହିଳା କମିଟି ଗଠନ ନିମନ୍ତେ ପ୍ରସ୍ତୁତି ବୈଠକରେ ଆଲୋଚନା କରାଯାଇଥିଲା। ଏଥିରେ ସମସ୍ତ ବିଜୁ ଜନତା ଦଳର ପଞ୍ଚାୟତ ସଭାପତି ରାଜୁ ତିୟୁ ହରିଶ ସେଠି, ରାଜେନ୍ଦ୍ର ନାଏକ, ହୀରାଲାଲ ମହାନ୍ତ, ଦେବବ୍ରତ ରାୟ, ବୋଘେଲ ବାବୁ, ଦେବେନ୍ଦ୍ର ନାଏକ, ପ୍ରଫୁଲ୍ଲ ନାଏକ, ପଙ୍କଜ ନାଏକ, ଲକ୍ଷ୍ମୀ ସେଠୀ, ସୁମନ୍ତ ନାଏକ, ଜହର ନାଏକ, ପଙ୍କଜ ମହାନ୍ତ, ହରିଶ ମହାନ୍ତ ଏବଂ ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ବିଜେଡି କର୍ମୀ ଶମ୍ଭୁ ମହାକୁଡ଼, ବିଶ୍ୱ ସାହୁ, ନରେଶ ମହାନ୍ତି, ଖଗେଶ୍ୱର ସାହୁ, ସଞ୍ଜୟ ସେଠୀ, ରୋହିତ ସାହୁ, ସଂଗ୍ରାମ ମୁଣ୍ଡୁୟା, ସରୋଜ ସେଠୀ, ନରହରି ଦାସ, ଗିରିଶ ଛାତାର, ଅଭିମନ୍ୟୁ ମହାନ୍ତ, ତୁଷାର ନନ୍ଦ, ସୁନୀଲ ମହାନ୍ତ, ଶଙ୍ଖ ଭବନ ସୋସିଆଲ ମେଡିଆ ସଂଯୋଜକ ସନ୍ଦୀପ ମହାନ୍ତ, ମୟୂରଭଞ୍ଜ ସଦର-୨ ଜିଲ୍ଲା ଆଇଟିସେଲ ସଂଯୋଜକ ନଳିନୀ ରଞ୍ଜନ ସାହୁ ସମେତ ବହୁ କର୍ମୀ ଉପସ୍ଥିତି ଥିଲେ।

### ରାଇରଙ୍ଗପୁର ଜିଲ୍ଲା ଗଠନକୁ ବିରୋଧ

# ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଜିଲ୍ଲା ଗ୍ରାମସଭା ସଂଯୋଜକ କମିଟିର ଦାବିପତ୍ର



**କରଞ୍ଜିଆ, ୧୬।୧୦(ସମିସ):** ମୟୂରଭଞ୍ଜ ଜିଲ୍ଲାକୁ ଭାଗକରି ରାଇରଙ୍ଗପୁର ଜିଲ୍ଲା ଗଠନ ପାଇଁ ଦାବି ଉଠିଥିବା ବେଳେ ଏହାକୁ ଘୋର ବିରୋଧ କରିଛି ଜିଲ୍ଲା ପେସା ଗ୍ରାମସଭା କୋଡିନେଶନ କମିଟି। ରାଇରଙ୍ଗପୁର ଜିଲ୍ଲା ଗଠନ ନିମନ୍ତେ କେତେକ ସ୍ୱାର୍ଥବାଦି ଲୋକ ନିଜର ସ୍ୱାର୍ଥ ହାସଲ କରିବାକୁ ଚକ୍ରାନ୍ତ କରିଛନ୍ତି। ସେମାନେ ମୟୂରଭଞ୍ଜ ଜିଲ୍ଲାର ମୂଳ ବାସିନ୍ଦା ବି ନୁହନ୍ତି, କି ମୟୂରଭଞ୍ଜର ଇତିହାସ ଜାଣିନାହାନ୍ତି। ମୟୂରଭଞ୍ଜକୁ ଭାଗ କଲେ ଶିମିଳିପାଳ ସମ୍ପୂର୍ଣ ଅସୁରକ୍ଷିତ ହେଇଯିବ। ଶିମିଳିପାଳ ସୁରକ୍ଷା ନାମରେ କେତେକ ସ୍ୱାର୍ଥବାଦି ମିଛ ଦସ୍ତଖତ ଅଭିଯାନ ପ୍ରଚାର କରୁଛନ୍ତି। ଶିମିଳିପାଳରେ ଥିବା ପ୍ରଚୁର ଖଣିଜ ସମ୍ପଦକୁ ଲୁଟିବା ଚକ୍ରାନ୍ତ କରୁଛନ୍ତି ଏବଂ ଏହାକୁ ବରଦାସ୍ତ୍ କରାଯିବ ନାହିଁ ବୋଲି ସାମ୍ବାଦିକମାନଙ୍କୁ ସୂଚନା ଦେଇଛନ୍ତି ଜିଲ୍ଲା କମିଟିର ସଭାପତି ପାଣ୍ଡୁରାମ ହେମ୍ବ୍ରମ୍। ପରେ ବ୍ଲକ କମିଟିର ସଭାପତି ବାଜୁନାଥ ମାରାଣ୍ଡିଙ୍କ ନେତୃତ୍ୱରେ କରଞ୍ଜିଆ ବିଡିଓଙ୍କୁ ଦାବିପତ୍ର ପ୍ରଦାନ କରିଥିଲେ। ବିଡିଓଙ୍କୁ ଦାବିପତ୍ର ଦେବା ପରେ ଜିଲ୍ଲା ପେସା ଗ୍ରାମସଭା ସଂଯୋଜକ କମିଟିର ସଭାପତି ପାଣ୍ଡୁରାମ ହେମ୍ବ୍ରମ୍, ସମ୍ପାଦକ ନାରାୟଣ ମୁର୍ମୁଙ୍କ ନେତୃତ୍ୱରେ ଶତାଧିକ ଆଦିବାସୀ ନେତା ଉପଜିଲ୍ଲାପାଳଙ୍କ ଅନୁପସ୍ଥିତରେ ଅତିରିକ୍ତ ଉପଜିଲ୍ଲାପାଳ ପ୍ରକାଶ କୁମାର ଦାସଙ୍କୁ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରିଥିଲେ। ଦାବିପତ୍ର ପ୍ରଦାନ ସମୟରେ କୁମାର ବାସ୍କେ, ନାରାୟଣ ମାରାଣ୍ଡି, ପିଥ ମାରାଣ୍ଡି, ବୁଢ଼ାନ ମୁର୍ମୁ, ରବୀନ୍ଦ୍ର ହେମ୍ବ୍ରମ୍ ରବୀନ୍ଦ୍ର ହାଁସଦା, ରାଜେନ୍ଦ୍ର ଗାଗରାୟ, ରଘୁନାଥ ହୋ, ଗୁର୍ଗା ସିଂ ଗଡ଼ସରା ପ୍ରମୁଖଙ୍କ ସହିତ ଶତାଧିକ ଆଦିବାସୀ ଉପସ୍ଥିତ ଥିଲେ।

## ଏସି ଲଗାଇବା ବେଳେ ଛାତରୁ ଖସି ମିସ୍ତ୍ରିଙ୍କ ମୃତ୍ୟୁ

**ବାରିପଦା, ୧୬।୧୦(ସମିସ):** ଭଞ୍ଜପୁର ଅଞ୍ଚଳରେ ଏସି ଲଗାଇବା ବେଳେ ଯୁବମିସ୍ତ୍ରି ଜଣଙ୍କ ଛାତରୁ ଖସିପଡ଼ିବାରୁ ମୃତ୍ୟୁ ଘଟିଛି। ମୃତକ ହେଲେ କପ୍ତିପଦାର ନିଶିକାନ୍ତ ରାୟ(୧୮)। ସେ ବାରିପଦାର ବାରୁଣୀ ରୋଡସ୍ଥିତ ଏକ କମ୍ପାନୀ ସର୍ଭିସ ସେଣ୍ଟରରେ କାର୍ଯ୍ୟ କରନ୍ତି। ଭଞ୍ଜପୁରର ଯମୁନାଦେଇପୁର ଅଞ୍ଚଳରେ ସୁମନ ଅଗ୍ରୱାଲଙ୍କ ଘରେ ଏସି ଇନଷ୍ଟଲ କରୁଥିଲେ। ଛାତରେ କାମ କରୁଥିବା ବେଳେ ଅସାବଧାନତା କାରଣରୁ ତଳକୁ ଖସି ପଡ଼ିଥିଲେ। ଯାହା ଫଳରେ ତାଙ୍କ ମୁଣ୍ଡରେ ମାଡ଼ହେଇ ରକ୍ତସ୍ରାବ ହୋଇଥିଲା।

**ସର୍ଭିସ ସେଣ୍ଟର ମ୍ୟାନେଜରଙ୍କ ବିରୋଧରେ ମାମଲା**

ଗୁରୁତର ଅବସ୍ଥାରେ ପିଆରଏମ ହସ୍ପିଟାଲ ଓ ପରେ ଭୁବନେଶ୍ୱର ସ୍ଥିତ ଘରୋଇ ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ସେଠାରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି। ସର୍ଭିସ ସେଣ୍ଟର ପରିଚାଳକ ତାଙ୍କର ଚିକିତ୍ସା ନେଇ ବ୍ୟବସ୍ଥା କରିବାକୁ ପ୍ରତିଶ୍ରୁତି ଦେଇଥିଲେ। କିନ୍ତୁ ସେଥିରେ ଠିକ ଭାବେ ମନନିବେଶ ନକରିବାରୁ ଚିକିତ୍ସା ଅବହେଳାରୁ ତାଙ୍କର ମୃତ୍ୟୁ ହୋଇଥିଲା। ଯାହାକୁ ନେଇ ପରିବାର ଲୋକେ ସର୍ଭିସ ସେଣ୍ଟର ପରିଚାଳକଙ୍କ ନାମରେ ଭଞ୍ଜପୁର ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗକ୍ରମେ ପୁଲିସ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛନ୍ତି।

## ମହିଳା କିଷାନ ଦିବସ ପାଳିତ

**ବାରିପଦା/ମୋରଡା, ୧୬।୧୦(ସମିସ):** ଶାମାଖୁଣ୍ଟାସ୍ଥିତ କୃଷି ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ-୧ ପକ୍ଷରୁ ମୋରଡା ବ୍ଲକ ଅଧୀନ ସୀଲଦା ଗ୍ରାମରେ ମହିଳା କିଷାନ ଦିବସ ପାଳିତ ହୋଇଯାଇଅଛି। କୃଷି ବିଜ୍ଞାନ କେନ୍ଦ୍ରର ମୁଖ୍ୟ ଡ଼ଃ ସଂଘମିତ୍ରା ପଟ୍ଟନାୟକଙ୍କ ଅଧକ୍ଷତରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ କେନ୍ଦ୍ରର ବୈଜ୍ଞାନିକ ଡ଼ଃ ଝୁନିଲତା ଭୂୟାଁ, ଡ଼ଃ ଗୋବିନ୍ଦ ଚନ୍ଦ୍ର ଧଳ, ଡ଼ଃ. ଜ୍ୟୋତିପ୍ରକାଶ ମିଶ୍ର ଏବଂ ଆଇସିଡିଏସ ସୁପରଭାଇଜର ଶୁଭଶ୍ରୀ ଦଳାଇ ଏବଂ ଅଙ୍ଗନବାଡି କର୍ମୀ ପ୍ରମୁଖ ଯୋଗଦେଇ ମହିଳାମାନଙ୍କୁ କୃଷି ଏବଂ ଆନୁଷଙ୍ଗିକ କୃଷିକୁ ଆପଣାର ଆତ୍ମନିର୍ଭରଶୀଳ ହେବାକୁ ପରାମର୍ଶ ଦେଇଥିଲେ। କୃଷି ଯନ୍ତ୍ରପାତି ବ୍ୟବହାର କରିବା ଦ୍ୱାରା ମହିଳାମାନଙ୍କର ଶ୍ରମଲାଘବ ହେବ ବୋଲି ବକ୍ତାମାନେ ମତ ରଖିଥିଲେ। ବିଭିନ୍ନ ପ୍ରକାରର ଚାଷ ଯଥା ଛତୁ ଚାଷ, ମହୁ ଚାଷ, କୁକୁଡ଼ା ପାଳନ, ଛେଳି ପାଳନ ବ୍ୟବସାୟିକ ଫୁଲ ଚାଷ କରି ମହିଳାମାନେ ଅଧିକ ଲାଭବାନ ହେବାକୁ ବକ୍ତାମାନେ ପରାମର୍ଶ ଦେଇଥିଲେ। ଏହି ଅବସରରେ ସୀଲଦା ଏବଂ ଆଖପାଖ ଗ୍ରାମରୁ ୫୦ରୁ ଅଧିକ ମହିଳା ଚାଷୀ ଅଂଶ ଗ୍ରହଣ କରିଥିଲେ।

## ବିଦ୍ୟାଳୟରେ ବିଶ୍ୱ ହାତଧୁଆ ଦିବସ

**ବଡସାହି, ୧୬।୧୦(ସମିସ):** ବଡ଼ସାହି ବ୍ଲକ ଅଧୀନସ୍ଥ କୋଚିଲାଖୁଣ୍ଟା ପଞ୍ଚାୟତ ଅଧୀନ ବାଗୁଲି ଆଶ୍ରମ ବିଦ୍ୟାଳୟ ପରିସରରେ ବିଶ୍ୱ ହାତଧୁଆ ଦିବସ ପ୍ରଧାନଶିକ୍ଷକ ବିଶ୍ୱନାଥ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ କୋଚିଲାଖୁଣ୍ଟା କ୍ଲଷ୍ଟରର ସିଆର୍‌ସିସି ମୀନତି ପଣ୍ଡା ଯୋଗଦେଇ ସ୍ୱଚ୍ଛତାର ଆରମ୍ଭ ହାତ ଧୁଆରୁ ହିଁ ହୋଇଥାଏ ବୋଲି କହି ପିଲାମାନଙ୍କୁ ସଚେତନ କରିଥିଲେ। ବିଦ୍ୟାଳୟର ଛାତ୍ରୀମାନେ ସ୍ୱଚ୍ଛତା ଓ ହାତାଧୁଆ ଉପରେ ଏକ ସୁନ୍ଦର ନୃତ୍ୟ ପରିବେଷଣ କରିଥିଲେ। ବିଭିନ୍ନ ପ୍ରତିଯୋଗିତା ମାଧ୍ୟମରେ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ସହକାରୀ ଶିକ୍ଷକ ମୃତ୍ୟୁଞ୍ଜୟ ଦାସ ମଞ୍ଚ ପରିଚାଳନା କରିଥିବା ବେଳେ ସହକାରୀ ଶିକ୍ଷକ ନାରାୟଣ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ଏମ୍‌ପିସି ସ୍ୱୟଂଶାସିତ କଲେଜରେ ରାଷ୍ଟ୍ରୀୟ ପୋଷଣ ସଚେତନତା

**ବାରିପଦା, ୧୬।୧୦(ସମିସ):** ଏମିପିସି ସ୍ୱୟଂଶାସିତ ମହାବିଦ୍ୟାଳୟରେ ଗୃହବିଜ୍ଞାନ ବିଭାଗ ପକ୍ଷରୁ ରାଷ୍ଟ୍ରୀୟ ପୋଷଣ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କଲେଜର ଅଧକ୍ଷ ପ୍ରଫେସର ନାରାୟଣ ପ୍ରସାଦ ବେହେରାଙ୍କ ପୌରୋହିତ୍ୟରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ନିଜ ବକ୍ତବ୍ୟରେ ପ୍ରଫେସର ବେହେରା କହିଥିଲେ ଯେ, 'ଭାରତୀୟ ପରମ୍ପରାରେ ଶରୀରଂ ଆଦ୍ୟଂ କୁହାଯାଇଛି। ସୁସ୍ଥ ଶରୀର ପାଇଁ ସଠିକ ପୋଷଣ ଯୁକ୍ତ ଖାଦ୍ୟ ଚୟନ କରିବା ସାମ୍ପ୍ରତିକ ସମୟର ସବୁଠୁ ବଡ଼ ଆହ୍ୱାନ। ଗୃହବିଜ୍ଞାନ ବିଭାଗର ସଂଯୋଜିକା ହପନ ବିଟି ଟୁଡୁ ଅତିଥି ପରିଚୟ ପ୍ରଦାନ ସହ କାର୍ଯ୍ୟକ୍ରମକୁ ସଞ୍ଚାଳନ କରିଥିଲେ। କଲେଜର ଶୈକ୍ଷିକ ମୁଖ୍ୟ ଡ. ବିଦ୍ୟୁତ ପ୍ରଭା ଦାସ, ପ୍ରଶାସନିକ ମୁଖ୍ୟ ଡ ପ୍ରିୟବ୍ରତ ବେହେରା ଅନ୍ୟତମ ଅତିଥି ଭାବେ ମଞ୍ଚରେ ଉପସ୍ଥିତ ରହିବା ସହ ନିଜ ବକ୍ତବ୍ୟରେ ପୋଷଣ ସମ୍ପର୍କିତ ବିଭିନ୍ନ ସଚେତନତା ବାର୍ତ୍ତା ରଖିଥିଲେ। ଅବସରରେ ଏକ ରୁଚିପୂର୍ଣ୍ଣ ସ୍ୱାସ୍ଥ୍ୟପ୍ରଦ ଖାଦ୍ୟ ମେଳା ଆୟୋଜନ କରାଯାଇଥିଲା। ଶ୍ରେଷ୍ଠ ଖାଦ୍ୟ ଷ୍ଟଲର ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ଗୃହବିଜ୍ଞାନ ବିଭାଗର ଅଧାପିକା ସୋନାଲି ବାଗ୍, ରଶ୍ମିରେଖା ବେହେରା, ଶ୍ୱେତପଦ୍ମା ବେହେରା କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଅଧାପିକା ବନାନୀ ସାହୁ ଆନୁଷ୍ଠାନିକ ଧନ୍ୟବାଦ ଅର୍ପଣ କରିଥିଲେ।

# ୧୮ ରୁ ମାସେ ବ୍ୟାପୀ ସାଇବର ସୁରକ୍ଷା ସଚେତନତା ଅଭିଯାନ

ବାରିପଦା, ୧୬।୧୦(ସମିସ)



ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଥିବା ମହାତ୍ମାଗାନ୍ଧୀ ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ ହେମକାନ୍ତ ସଏଙ୍କ ଅଧ୍ୟକ୍ଷତାରେ ସାଇବର ସୁରକ୍ଷା ସଚେତନତା ଅଭିଯାନ-୨୦୨୫ ସମ୍ବନ୍ଧୀୟ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ବରୁଣ ଗୁଣ୍ଟୁପାଲ୍ଲୀ, ଅତିରିକ୍ତ ଜିଲ୍ଲାପାଳ ଦୁଖବନ୍ଧୁ ନାଏକ, ଇଶ୍ୱର ଚନ୍ଦ୍ର ନାଏକ, ମୁଖ୍ୟ ଉନ୍ନୟନ ଅଧିକାରୀ ଧର୍ମାନନ୍ଦ ବେହେରା, ବାରିପଦା ଉପଜିଲ୍ଲାପାଳ ଡ. ଦୟାସିନ୍ଧୁ ପରିଡ଼ା, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଗୌତମ କିଷାନ, ଦୀପକ କୁମାର ଗୋଛାୟତ ଓ ସବିତା ମାଝୀ, ଅତିରିକ୍ତ ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ବିଜୟ କୁମାର ଦାଶ, ଅତିରିକ୍ତ ଉନ୍ନୟନ ଅଧିକାରୀ ଶାନ୍ତନୁ ନାୟକଙ୍କ ସମେତ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ, ଜିଲ୍ଲା କ୍ରୀଡ଼ା ଅଧିକାରୀ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀଣୀ, ଜିଲ୍ଲା ସଂସ୍କୃତି ଅଧିକାରୀ, ଏନଆଇସିର ଅଧିକାରୀ, ଆରଟିଓ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଏଲଡିଏମଙ୍କ ସମେତ ପୁଲିସ ଅଧିକାରୀ ତଥା ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ। ଅଭିଯାନ ୧୮ ଅକ୍ଟୋବରରୁ ଆରମ୍ଭ ହୋଇ ୧୭ନଭେମ୍ବର ପର୍ଯ୍ୟନ୍ତ ଚାଲିବ ବୋଲି ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସୂଚନା ଦେଇଛନ୍ତି। ଜିଲ୍ଲାରେ ସଚେତନତା ଅଭିଯାନ ଉଭୟ ଅନଲାଇନ ଓ ଅଫଲାଇନ ଜରିଆରେ ମାସେ ଧରି ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ଚାଲିବ। ସାଇବର ସୁରକ୍ଷା ସଚେତନତା ଅଭିଯାନର ମୂଳ ଉଦ୍ଦେଶ୍ୟ ହେଉଛି, ସମାଜର ସବୁ ବର୍ଗର ଲୋକଙ୍କୁ ସାଇବର ଠକେଇରୁ ସୁରକ୍ଷା ଦେବା। ବର୍ତ୍ତମାନ ସାରା ବିଶ୍ୱ ଜଗତିକରଣମୁଖୀ କାରଣରୁ ସମସ୍ତଙ୍କ ଜୀବନ ବ୍ୟସ୍ତବହୁଳ ହୋଇଯାଇଛି। ଏଭଳି ଜୀବନଶୈଳୀ ଭିତରେ ସରକାରୀସ୍ତରରେ ହେଉ ବା ବ୍ୟକ୍ତିଗତ ସ୍ତରରେ ହେଉ ବା ସାମାଜିକ ସ୍ତରରେ ଦୈନନ୍ଦିନ ଜୀବନରେ ଇଣ୍ଟରନେଟ ସାଙ୍ଗକୁ ସ୍ମାର୍ଟଫୋନ ବ୍ୟବହାର ଅପରିହାର୍ଯ୍ୟ ହୋଇପଡ଼ିଛି। ମାତ୍ର ଏହାକୁ ଯଦି ଆମେ ସତର୍କତା ସହ ସୁରକ୍ଷିତ ଭାବେ ବ୍ୟବହାର ନକରୁ ତେବେ ଠକାମୀର ଶିକାର ହେବା। ପରିବର୍ତ୍ତିତ ସମୟ ଅନୁସାରେ ସାଇବର ଠକମାନେ ମଧ୍ୟ ନୂତନ ଉପାୟ ଅବଲମ୍ବନ କରି ଲୋକମାନଙ୍କୁ ସେମାନଙ୍କର ଶିକାର ବନାଉଛନ୍ତି। ସାଇବର ଠକାମୀର ଶିକାର ହେବାର ଦୁଇଟି ପ୍ରମୁଖ କାରଣ ହେଉଛି ଲୋଭ ଓ ଭୟ। ମାଗଣାରେ କିମ୍ବା କମ ଦାମରେ ଅଧିକ ଲାଭ ପାଇବା ଆଶାରେ ବ୍ୟାଙ୍କ ଆକାଉଣ୍ଟ ଜରିଆରେ ଦେଣନେଣ କରିବା କିମ୍ବା କୌଣସି ମିଛ ଫୋନକଲ୍ ପାଇ ଭୟାତୁର ହୋଇ କିଛି ତର୍ଜମା ନକରି ନିଜର ବ୍ୟକ୍ତିଗତ ତଥ୍ୟ ଶେୟାର କରି ସାଇବର ଠକାମୀର ଶିକାର ହେବାକୁ ପଡେ। ତେଣୁ ସମାଜରେ ସବୁ ବର୍ଗର ଲୋକଙ୍କୁ ସାଇବର ସୁରକ୍ଷା ପ୍ରଦାନ ଏହାର ମୂଳ ଲକ୍ଷ୍ୟ। ଯେମିତି କି ଛାତ୍ରଛାତ୍ରୀଙ୍କୁ ନିରାପଦ ଡିଜିଟାଲ ଅଭ୍ୟାସ ସହ କୌଣସି ପ୍ରଲୋଭନ ଏବଂ ସାଇବର ଭୟର ଶିକାର ନହେବା, ଗୋପନ ଭିଡିଓ ଦେଖାଇ ସାଇବର ଅପରାଧର ଶିକାର କରାଇବା, ଅଭିଭାବକ ଓ ଶିକ୍ଷକମାନଙ୍କୁ ପିଲାମାନଙ୍କ ଅନଲାଇନ କାର୍ଯ୍ୟକଳାପ ଉପରେ ନଜର ରଖିବା ପାଇଁ, ଚାକିରୀ ଆଶାୟୀ ଯୁବପିଢ଼ିଙ୍କୁ ନକଲି ନିଯୁକ୍ତି ଯାଚିବା, ନକଲି ବ୍ୟାଙ୍କ ଆକାଉଣ୍ଟ ଓ ସିମ ବିକ୍ରି, ଫ୍ରଡ଼ ନିବେଶ ପାଇଁ ପ୍ରବର୍ତ୍ତାଇବା, ମହିଳା ଓ କିଶୋରୀମାନଙ୍କୁ ନକଲି କଲ୍ ଜରିଆରେ ଯୌନଶୋଷଣ, ଗ୍ରାମ ଓ ସେମି ଅର୍ବାନ ଅଞ୍ଚଳରେ ପ୍ରଥମ କରି ସ୍ମାର୍ଟଫୋନ ବ୍ୟବହାରକାରି ଲୋକଙ୍କୁ ୟୁପିଆଇ, ଓଟିପିର ସଠିକ ଉପଯୋଗ, ଫେକକଲ୍ ବାବଦରେ ଜ୍ଞାନ ଦେବା, ବରିଷ୍ଠ ନାଗରିକ ମାନଙ୍କୁ ନିରାପଦ ବ୍ୟାଙ୍କି କାରବାର ଓ ଆର୍ଥିକ ଠକେଇରୁ ବର୍ତ୍ତିବା ପାଇଁ ସତର୍କ କରିବା, ଏସଏଚଜି ଏବଂ ଗୋଷ୍ଠୀ ଗ୍ରୁପକୁ ସମୂହ ଡିଜିଟାଲ ଦେଣନେଣ, ଫେକ ଋଣ, ନକଲି ପୁଞ୍ଜି ନିବେଶ ବାବଦରେ ଏବଂ ବ୍ୟବସାୟୀ ଓ ବୃତ୍ତିଧାରୀଙ୍କୁ ଡାଟା ସିକ୍ୟୁରିଟି, ବୃତ୍ତିଗତ ଶୋଷଣରୁ ସୁରକ୍ଷା, ଡିଜିଟାଲ ପେମେଣ୍ଟରେ ସତର୍କତା ଇତ୍ୟାଦି ସମ୍ବନ୍ଧରେ ସଚେତନ କରାଯିବ। ସଚେତନତା ଅଭିଯାନ ଉଭୟ ଅନଲାଇନ ଓ ଅଫଲାଇନରେ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ- ଯଥା ସାଇବର ସୁରକ୍ଷା ପ୍ରଚାର ପତ୍ର, ଭିଡିଓ ପ୍ରଦର୍ଶନ, ରେଡିଓ, ବାର୍ତ୍ତା, ସୁରକ୍ଷା ମେସେଜ୍, ଡିବେଟ ପ୍ରତିଯୋଗିତା, ପଥପ୍ରାନ୍ତ ନାଟକ, ନାଟକ, ସଚେତନତା ରଥ ପରିକ୍ରମା, ପଦଯାତ୍ରା, ସାଇକଲ ଯାତ୍ରା, ସ୍ପଟ କୁଇଜ, ସାଇବର ଅପରାଧ ଉପରେ ସମ୍ମିଳନୀ, ଅନଲାଇନ କୁଇଜ, ରିଲ ମ୍ୟାକିଂ ପ୍ରତିଯୋଗିତା ଇତ୍ୟାଦି ଆୟୋଜନ କରାଯିବ। ଏହାର ସଫଳ ରୂପାୟନ ବିଭାଗୀୟ ସମନ୍ୱୟରେ ସମ୍ଭବ ହେବ ବୋଲି ଆଶାବ୍ୟକ୍ତ କରି ସହଯୋଗ କାମନା କରିଥିଲେ। ଜିଲ୍ଲାପାଳ କହିଥିଲେ ଯେ ଲୋକଙ୍କୁ ସାଇବର ଠକେଇରୁ ସୁରକ୍ଷା ଦେବା କେବଳ ପୁଲିସ ବିଭାଗର ନୁହେଁ ବରଂ ଆମ ସମସ୍ତଙ୍କ ଦାୟିତ୍ୱ। ନିଜେ ସତର୍କ ରହିବା ସହିତ ଜନସାଧାରଣଙ୍କୁ ସତର୍କ ରହିବା ପାଇଁ ଉପଯୁକ୍ତ ଭାବେ ସଚେତନ କରିପାରିଲେ ସାଇବର ଠକେଇ ରୁ ସୁରକ୍ଷା ମିଳିବ। ବିଶେଷ କରି ଗଣମାଧ୍ୟମର ଏଥିରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। କାରଣ ଗଣମାଧ୍ୟମରେ ପ୍ରଚାର ପ୍ରସାର ଫଳରେ ସଚେତନତା ଅଭିଯାନ ବ୍ୟାପକ ହୋଇପାରିବ। ମିଳିତ ପ୍ରୟାସରେ ଏହି ଅଭିଯାନକୁ ଫଳପ୍ରସୂ କରିବା ପାଇଁ ସୁଚାରୁ ରୂପେ ନିଜ ନିଜ ଦାୟିତ୍ୱ ସମ୍ପାଦନ କରିବାକୁ ଉପସ୍ଥିତ ସମସ୍ତଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି।

ସକାଳ
THE SAKALA

# ସମ୍ପାଦକୀୟ



ଗରିବ ଲୋକମାନଙ୍କର ସବୁଠାରୁ ବଡ଼ ସମସ୍ୟା ହେଉଛି ସେମାନଙ୍କଠାରେ ଉଚ୍ଚାକାଂକ୍ଷାର ଅଭାବ ।

-ଆଦାମ୍ ସ୍ମିଥ୍

## ବିକାଶର ଗତି ଅଭିବୃଦ୍ଧି

ବିଶ୍ୱର ଅର୍ଥନୈତିକ ଅଭିବୃଦ୍ଧିର ନିରନ୍ତର ବିକାଶ ସଂପର୍କରେ ସୁଚିନ୍ତିତ ମତ ଉପସ୍ଥାପନ କରିଥିବାରୁ ନୋବେଲ ପୁରସ୍କାର ପାଇଥିବା ତିନିଜଣ ଅର୍ଥଶାସ୍ତ୍ରୀଙ୍କ ସଂପର୍କରେ ସ୍ୱତନ୍ତ୍ର ଉଲ୍ଲେଖ ବା ଆଲୋଚନା ଦାବି କରେ । ସେମାନେ ହେଲେ ଜୋଏଲ୍ ମୋକିର, ପିଟର ହାୱିଟ୍ ଓ ବ୍ରିଟେନର ଫିଲିପ୍ ଆଘିଅନ୍ । ସେମାନଙ୍କୁ ଡିସେମ୍ବର ୧୦ ରେ ଅର୍ଥନୀତିରେ ନୋବେଲ ପୁରସ୍କାର ପ୍ରଦାନ କରାଯିବ । ମୋକିର ଦୁଇଶହ ବର୍ଷର ଇତିହାସ ଉତ୍ସକୁ ଗବେଷଣାର ଆଧାର କରି ନିରନ୍ତର ଅଭିବୃଦ୍ଧି କିଭିଳି ଏକ ସ୍ୱାଭାବିକ ପ୍ରକ୍ରିୟା ଏବଂ ପରିବେଶ ଓ ପରିସ୍ଥିତି ଏଥିସକାଶେ ସୁଯୋଗ ସୃଷ୍ଟି କରିଆସିଛି ତାହା ଦର୍ଶାଇଛନ୍ତି । ଶିଳ୍ପ ବିପ୍ଳବ ପୂର୍ବରୁ ପ୍ରଚଳିତ ପ୍ରଥା ଓ ବିଧି ବ୍ୟବସ୍ଥାରେ ବିଶ୍ୱାସୀ ଜନସମୁଦାୟ ଏହି ପରିବର୍ତ୍ତନକୁ ଗ୍ରହଣ କରିପାରିନଥିଲେ । ତତ୍କାଳୀନ ବ୍ୟବସ୍ଥାରେ ନୂଆ ପ୍ରଯୁକ୍ତି ବିଦ୍ୟା ଓ ଆବିଷ୍କାରର ପ୍ରୟୋଗ ଓ ସଠିକ୍ ବ୍ୟବହାରରେ ସମସ୍ୟା ସୃଷ୍ଟି କରିଥିଲା । ତେଣୁ ମୁକ୍ତ ଚିନ୍ତନ ମାଧ୍ୟମରେ ସାମାଜିକ ବ୍ୟବସ୍ଥାକୁ ନୂଆ ବିଚାର ଓ ପରିବର୍ତ୍ତନକୁ ଗ୍ରହଣ କରିବା ଅତ୍ୟନ୍ତ ଜରୁରୀ । ଅନ୍ୟପକ୍ଷରେ ଫିଲିପ ଓ ପିଟର ନିରନ୍ତର ଅଭିବୃଦ୍ଧି ଓ ବିକାଶର ପୃଷ୍ଠଭାଗରେ ଥିବା ପଦ୍ଧତି ଓ ପ୍ରୟୋଗ ଉପରେ ଅନୁଶୀଳନ କରିଛନ୍ତି । ଦେଖିବାକୁ ଗଲେ ନୋବେଲ ପୁରସ୍କାର ପାଇଥିବା ଏହି ତିନି ଅର୍ଥଶାସ୍ତ୍ରୀ ଉପସ୍ଥାପନ କରିଥିବା ତଥ୍ୟ ପରସ୍ପରର ପରିପୂରକ ଏବଂ ଦ୍ରୁତ ଅଭିବୃଦ୍ଧି ହାସଲରେ ସହାୟକ । ୧୯୯୨ ରେ ସେମାନଙ୍କ ଦ୍ୱାରା ପ୍ରକାଶିତ ନିବନ୍ଧରେ ଯେଉଁ ଗାଣିତିକ ସୂତ୍ରର ବିକାଶ କରିଛନ୍ତି ତାହା 'କ୍ରିଏଟିଭ୍ ଡେଷ୍ଟ୍ରକସନ୍' ଉପରେ ଆଧାରିତ ।

ଏକଥା ସତ ଯେ ନୂଆ ଉତ୍ପାଦ ଏବଂ ଉଦ୍ଭାବିତ ପ୍ରଯୁକ୍ତି ବିଦ୍ୟା ଆଧାରିତ ଉତ୍ପାଦନ ଯେତେବେଳେ ବଜାରକୁ ଆସେ ତାହାର ଗ୍ରହଣୀୟତା ପୁରୁଣା ବ୍ୟବସ୍ଥାକୁ ବଦଳାଇବା ସକାଶେ ବାଧବାଧକତା ସୃଷ୍ଟି କରିଥାଏ । ଏହି ପ୍ରକ୍ରିୟା ନିରନ୍ତର ପ୍ରୟୋଗ ଓ ପ୍ରସାର ଲାଭ କରିଆସିଛି । ତାହାର ପ୍ରଭାବରେ ବିଶ୍ୱବାସୀଙ୍କ ଜୀବନର ଗୁଣବତ୍ତା, ସ୍ୱାସ୍ଥ୍ୟ ଓ ଜୀବନଧାରଣର ମାନରେ ପରିବର୍ତ୍ତନ ଆଣିଛି । ଆଲୋଚନା ପ୍ରସଙ୍ଗରେ ଟ୍ରମ୍ପଙ୍କ ନୀତି ଓ କାର୍ଯ୍ୟଧାରା ବ୍ୟବସ୍ଥାରେ କିଭଳି ଅସନ୍ତୁଳନ ସୃଷ୍ଟି କରିଛି ତାହାର ଉଲ୍ଲେଖ ମଧ୍ୟ ରହିଛି । ବିଶେଷକରି ତାଙ୍କ ଟାରିଫ ନୀତି ଫଳରେ ବିଶ୍ୱ ଅର୍ଥନୀତି ଗତିଶୀଳତା ହରାଇଛି । ବିଶ୍ୱ ଉପଭୋକ୍ତାଙ୍କ ନିକଟରେ ନୂଆ ଉତ୍ପାଦ ପହଞ୍ଚିବାରେ ପ୍ରତିବନ୍ଧକ ସୃଷ୍ଟି ହେଉଛି । ଶିକ୍ଷା ଓ ଗବେଷଣା ବ୍ୟାହତ ହେଲା ଭଳି ଟ୍ରମ୍ପଙ୍କ କେତେକ ନିର୍ଦ୍ଦେଶ ଏକ୍ଷେତ୍ରରେ ଆମେରିକାର ପ୍ରାଧାନ୍ୟକୁ କ୍ଷୁର୍ଣ୍ଣ କରିବ ବୋଲି ଦର୍ଶାଯାଇଛି । ସେମାନେ ଯୁକ୍ତିଛଳରେ କହିଛନ୍ତି ଯେ ଗବେଷଣା ପ୍ରସୂତ ଜ୍ଞାନକୌଶଳ ଉପଯୋଗ କରିବାକୁ ଅନ୍ୟମାନଙ୍କୁ ଛାଡ଼ି ଦିଆଯାଉ । ନିଜ ଦେଶରେ ତାହାର ଉତ୍ପାଦନ ପାଇଁ ୟୁନିଟ ପ୍ରତିଷ୍ଠା କରିବାର କୌଣସି ଯଥାର୍ଥତା ନାହିଁ । ଆମେରିକାର ବିଚାରଗତ ପରିବର୍ତ୍ତନକୁ ସେମାନେ ନାପସନ୍ଦ କରିଛନ୍ତି ।

ପ୍ରଚଳିତ ବିଶ୍ୱର ଆବଶ୍ୟକତା ଅନୁଯାୟୀ ଅର୍ଥନୈତିକ ଅଭିବୃଦ୍ଧି ଏବଂ ବିକାଶର ନୂତନ ନକ୍ସା ପ୍ରସ୍ତୁତ କରିବାରେ ନୋବଲ ପୁରସ୍କାର ବିଜେତା ଏହି ତିନି ଅର୍ଥଶାସ୍ତ୍ରୀଙ୍କ ଗବେଷଣାମୂଳକ ତଥ୍ୟ ଓ ଅନୁଧ୍ୟାନ ନିଶ୍ଚୟ ସହାୟକ ହେବ । ଆମେରିକା ଓ ଚୀନର ଅଗ୍ରଗତି ପଛରେ ଥିବା ପଦ୍ଧତି ଓ ବିଚାରଗତ ନିଷ୍ପତ୍ତିକୁ ୟୁରୋପୀୟ ରାଷ୍ଟ୍ର ଅନୁଶୀଳନ ନ କଲେ ସେମାନେ ଅନ୍ୟମାନଙ୍କ ପଶ୍ଚାତଧାବନ କରିବାର ବାଧବାଧକତା ସୃଷ୍ଟି ହେବ । ସେମାନଙ୍କ ଗବେଷଣା ଓ ଅନୁଶୀଳନ ହେଉଛି ସଂଗୃହୀତ ଐତିହାସିକ ପୃଷ୍ଠଭୂମି । ତେଣୁ ବିଜେତାମାନଙ୍କ ପୁରସ୍କାର ବାବଦରେ ମିଳିବାକୁ ଥିବା ୧୦୨ ନିୟୁତ ଡଲାରର ଅର୍ଦ୍ଧେକ ରାଶି ମୋକିର ଓ ଅବଶିଷ୍ଟ ଅର୍ଥ ଦୁଇଜଣ ଅର୍ଥଶାସ୍ତ୍ରୀ ପାଇବେ । ●

## ଅଶାନ୍ତ ସହର ଓ ଜନପଦ

ରାଜ୍ୟର ଆଇନ ଶୃଙ୍ଖଳା ପରିସ୍ଥିତି କ୍ରମେ ଚିନ୍ତା ଓ ଉଦ୍‌ବେଗର କାରଣ ହୋଇପଡ଼ିଲାଣି । ଲଗାମବିହୀନ ଆପରାଧିକ ତତ୍ତ୍ୱ ଗୋଟିକ ପରେ ଗୋଟିଏ ହିଂସାକାଣ୍ଡ ଭିଆଇ ପୁଲିସର ପାରିବାର ପଣିଆକୁ ଖୋଲା ଆହ୍ୱାନ ଦେଇଛନ୍ତି । ବିଶେଷକରି ରାଜଧାନୀ ଭୁବନେଶ୍ୱରରେ ନିୟମିତ ବ୍ୟବଧାନରେ ପରିଲକ୍ଷିତ ଅପରାଧ ପାଇଁ କ୍ଷମତା କେନ୍ଦ୍ର କଠୋର ସମାଲୋଚନାର ସମ୍ମୁଖୀନ ହୋଇଛି । ରାଜଧାନୀ ରାଜ୍ୟର ପ୍ରତିଛବି । କ୍ଷମତାରେ ଯିଏ ଥାଉନା କାହିଁକି ସେ ନିଶ୍ଚୟ ପରିସ୍ଥିତି ପ୍ରତି ସଜାଗ ଓ ସତର୍କ ରହିବାକୁ ପଡ଼ିବ । ଏକ୍ଷେତ୍ରରେ ସୁଦକ୍ଷ ଓ ସମର୍ଥ ଅଧିକାରୀଙ୍କ ନିପୁଣତା ଉପରେ କ୍ଷମତା ନିର୍ଭରଶୀଳ ରହିବା ସ୍ୱାଭାବିକ । ଯେତେବେଳେ ରାଜନୈତିକ ବାଛବିଚାର ଏକ୍ଷେତ୍ରରେ ପରିଲକ୍ଷିତ ହୁଏ ସେତେବେଳେ ଆଇନ ଶୃଙ୍ଖଳା ପରିସ୍ଥିତି ବିଗିଡ଼ିବା ଥୟ । ସଂପ୍ରତି ଯେଉଁ ପରିସ୍ଥିତି ଉପୁଜିଛି ସେଥିରେ ଶାସନଗତ ଅପରିପକ୍ୱତା ଓ ଅନଭିଜ୍ଞତା ବାରି ହୋଇପଡୁଛି । ନିଜ ଲୋକ ଓ ପାଖଲୋକ ବିଚାରରେ ଅବସ୍ଥାପିତ ଅଧିକାରୀ ପୋଷା ଯାଇଥିବା ସୁରକ୍ଷା ବଳୟରେ ଥିବା ଅପରାଧୀଙ୍କ ପ୍ରତି କୋହଳ ମନୋଭାବ ପୋଷଣ କରିବାରେ କିଛି ଅସ୍ୱାଭାବିକତା ନାହିଁ । ରାଜଧାନୀରେ ଅପରାଧତତ୍ତ୍ୱଙ୍କ କାର୍ଯ୍ୟକଳାପରୁ ଏହା ଅନ୍ତତଃ ପ୍ରମାଣିତ ହୋଇଛି ।

ଗତ ସୋମବାର ପରିଲକ୍ଷିତ ଆପରାଧିକ କାର୍ଯ୍ୟକଳାପରୁ ଅସାମାଜିକଙ୍କ ନିଡରୁଆପଣ ବାରି ହୋଇପଡୁଛି । ଭୁବନେଶ୍ୱରର ସହରତଳି ଅଞ୍ଚଳ ସଂପ୍ରତି ଅପରାଧତତ୍ତ୍ୱଙ୍କ ଆଡ୍ଡାସ୍ଥଳୀରେ ପରିଣତ ହୋଇଛି । ସେମାନେ କ୍ରମାଗତ ଭାବେ ନିର୍ବାଧରେ ଅପରାଧ ଭିଆଇ ଚାଲିଛନ୍ତି । କଥା କଥାକେ ସେମାନେ ବନ୍ଧୁକ ଉଠାଉଛନ୍ତି । ବେଆଇନ ମାରଣାସ୍ତ୍ର ଚାଲାଣରେ ସଂପୃକ୍ତ ବିହାରୀ ଅପରାଧୀଙ୍କ ଉପରେ କଟକଣା ପ୍ରୟୋଗ କରାଯାଇପାରୁ ନଥିବାରୁ ଛୋଟକାଟର ଅପରାଧୀଙ୍କ ହାତରେ ମଧ୍ୟ ବନ୍ଧୁକ ରହିଛି । ଖଣ୍ଡଗିରି ଥାନା ଅନ୍ତର୍ଗତ ସରକନ୍ତରା ଗାଁ ଦାଣ୍ଡରେ ଏମଏସ୍‌ରେ କାର୍ଯ୍ୟରତ ସୁଧାଂଶୁ ଖଣ୍ଟିଆଙ୍କୁ ଅଫିସ ଯିବା ବାଟରେ ଅପରାଧୀ ୫ ରାଉଣ୍ଡ ଗୁଳି ଚଳାଇ ହତ୍ୟା କଲେ । ସକାଳ ୮ ଟାର ଘଟଣା, ଜନଗହଳି ରାସ୍ତାରେ କେତେ ନିଡରୁଆ ହେଲେ ଏପ୍ରକାର ଅପରାଧ ଜଣେ ଭିଆଇ ପାରିବ! ଏହା ନିଶ୍ଚୟ ଚିନ୍ତାଜନକ । ଏହାର ପୃଷ୍ଠଭାଗରେ ପାରିବାରିକ ଜମି ବିବାଦ ଥିଲେ ମଧ୍ୟ ଦିବାଲୋକରେ ଗୁଳିମାଡ଼ କିଛି ଛୋଟ ଘଟଣା ନୁହେଁ । ସେହିଭଳି ଚନ୍ଦ୍ରଶେଖରପୁର ଥାନା ଅନ୍ତର୍ଗତ ଚୂନକୋଳି ବସ୍ତିରେ କିଛି ଦୁର୍ବୃତ୍ତ ପଥରରେ ଛେଚି ଜଣେ ଯୁବକଙ୍କୁ ହତ୍ୟା କରିଛନ୍ତି । ଠିକ୍ ସପ୍ତାହକ ପୂର୍ବରୁ ଇନ୍‌ଫୋସିଟି ଥାନା ଅଞ୍ଚଳରେ ଥିବା ଏକ ଆଶ୍ରମରେ ମଧ୍ୟ ଗୁଳିକାଣ୍ଡ ଘଟିଥିଲା । ଅନ୍ୟ ଏକ ସମ୍ବେଦନଶୀଳ ଘଟଣା ହେଲା, ଟ୍ରେନରେ ରାଜଧାନୀକୁ ଆସିଥିବା ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଶିକ୍ଷକ ଦ୍ୱିତୀଚନ୍ଦ୍ର ସାହୁ ଷ୍ଟେସନ୍ ବାହାରେ ଅଟୋକୁ ଅପେକ୍ଷା କରିଥିବା ବେଳେ କିଛି ଦୁର୍ବୃତ୍ତ ତାଙ୍କ ମୁଣ୍ଡକୁ ଲୁହାରଡରେ ପିଟି ମୋବାଇଲ ଛଡ଼ାଇ ନେଇଛନ୍ତି । ଇଏ ହେଲା ଠିକେ ଠିକେ କିଛି ଦିନର ରାଜଧାନୀ ଅପରାଧତତ୍ତ୍ୱଙ୍କ କାରନାମା ।

ବ୍ରହ୍ମପୁରରେ ଆଇନଜୀବୀ ପୀତବାସ ପଣ୍ଡାଙ୍କ ହତ୍ୟା ଘଟଣା ହେଉ କି ଚୌଦ୍ୱାର ଜେଲର ସୁରକ୍ଷାବଳୟରୁ ୨ ଜଣ ବିହାର ଅପରାଧୀ ଚମ୍ପଟ ମାରିବା ଭଳି ଖବର ସହ ରାଜ୍ୟରେ ପୁଲିସ ଏସଆଇ ନିଯୁକ୍ତି ପଛରେ ବିପୁଳ ଆର୍ଥିକ କାରବାରକୁ ସଂଯୋଗ କରିଦେଲେ ମନେ ହେବ ସବୁକିଛି ଠିକ୍ ଠାକ୍ ଚାଲିନି । ଚୌଦ୍ୱାର କାରାଗାର ସଂପର୍କରେ ଜେଲ ଡିଆଇଜିଙ୍କ ରିପୋର୍ଟକୁ ଅନୁଶୀଳନ କଲେ ଅସୁରକ୍ଷିତ ବାତାବରଣ ନେଇ ସରକାରଙ୍କ ଅସହାୟତା ବାରି ହୋଇ ପଡ଼ିବ । ଏହା ଶାସନଗତ ଅକ୍ଷମତା ଓ ଅପାରଗତାର ନିଦର୍ଶନ କୁହାଯାଇ ପାରେ । ●

# ଭାରତ-ମଙ୍ଗୋଲିଆ ସମ୍ପର୍କ: ସହଯୋଗର ନୂତନ ଦିଗ

ଡକ୍ଟର ସୁଶାନ୍ତ କୁମାର ପରିଡ଼ା




ଭୌଗୋଳିକ ଦୃଷ୍ଟିକୋଣରୁ ଭାରତ ଓ ମଙ୍ଗୋଲିଆ ଅନେକ ମାଇଲ ଦୂରରେ ଅବସ୍ଥିତ । ତେଣୁ ମନେ ହୁଏ ଯେ ସେମାନଙ୍କ ମଧ୍ୟରେ ମାନସିକ କିମ୍ବା ସାଂସ୍କୃତିକ ସଂଯୋଗ କମ୍ ଥିବ । କିନ୍ତୁ ଇତିହାସ ଅନ୍ୟ କିଛି କହେ । ଏହି ଦୁଇ ଦେଶର ସମ୍ପର୍କର ଭିତ୍ତି ରହିଛି ଧର୍ମ ଓ ଦର୍ଶନରେ, ବିଶେଷକରି ବୌଦ୍ଧଧର୍ମରେ । ଏହି ଆଧ୍ୟାତ୍ମିକ ଯୋଗ ଏବେ ଆସି ୭୦ ବର୍ଷର ରାଜନୈତିକ ଯାତ୍ରାରେ ରଣନୈତିକ ସହଯୋଗର ଆକାର ନେଇଛି । ଚଳିତ ମାସ ଅକ୍ଟୋବର ୧୩ ରୁ ୧୬ ପର୍ଯ୍ୟନ୍ତ ମଙ୍ଗୋଲିଆର ରାଷ୍ଟ୍ରପତି ଉଖନା ଖୁରେଲସୁଖଙ୍କ ଭାରତ ଭ୍ରମଣ ଏହି ଦୀର୍ଘସମ୍ପର୍କରେ ଏକ ନୂଆ ଅଧ୍ୟାୟ ଲେଖିଛି । ଏହି ସମୟରେ ଦୁଇ ଦେଶ ମଧ୍ୟରେ ବିଭିନ୍ନ ରାଜିନାମା ସ୍ୱାକ୍ଷର ହୋଇଛି, ଯାହା ଶିକ୍ଷା, ଶକ୍ତି, ଡିଜିଟାଲ ପ୍ରଯୁକ୍ତି, ସଂସ୍କୃତି, ଖଣିଜ ଓ ସୁରକ୍ଷା ସହଯୋଗରେ ନୂତନ ପଥ ଖୋଲିଛି । ଏଥିରୁ ଜଣାଯାଉଛି ଯେ ସମ୍ପର୍କ କେବଳ ଆଧ୍ୟାତ୍ମିକ ନୁହେଁ, ଏହା ଏବେ ବହୁବିଧ ଦ୍ୱିପାକ୍ଷିକ ସହଯୋଗର ନୂଆ ଅଧ୍ୟାୟ ଗଢ଼ିବାକୁ ଯାଉଛି ।

ଭାରତ-ମଙ୍ଗୋଲିଆକୁ ବାନ୍ଧି ରଖିଥିବା ଆତ୍ମିକ ସେତୁ ହେଉଛି ବୌଦ୍ଧ ଧର୍ମ । ଭାରତରୁ ଉତ୍ପତ୍ତି ବୌଦ୍ଧ ଧର୍ମ ମଙ୍ଗୋଲିଆର ଆତ୍ମାର ଅଂଶ । ଆଜି ମଧ୍ୟ ମଙ୍ଗୋଲିଆର ଅଧିକାଂଶ ଜନତା ବୌଦ୍ଧ ଧର୍ମାନୁସାରୀ ଏବଂ ଭାରତର ବୌଦ୍ଧ ପବିତ୍ର ସ୍ଥଳୀମାନଙ୍କୁ ନିଜ ସଂସ୍କୃତିର ଅଂଶ ଭାବେ ସମ୍ମାନ କରନ୍ତି । ଗୌତମ ବୁଦ୍ଧଙ୍କ ଦୁଇ ଶିଷ୍ୟ ସାରିପୁତ୍ତ ଓ ମୌଦ ଗଲାୟାନଙ୍କ ପବିତ୍ର ଅସ୍ଥି ଅବଶେଷ ୨୦୨୬ରେ ମଙ୍ଗୋଲିଆକୁ ପଠାଯିବାର ଯୋଜନା ରହିଛି । ଏହି ପଦକ୍ଷେପ ଭାରତର ବୈଦେଶିକ ନୀତିକୁ ଆହୁରି ସୁଦୃଢ଼ କରୁଛି ।

ମଙ୍ଗୋଲିଆ ଚୀନ୍ ଓ ରୁଷିଆ ମଧ୍ୟରେ ଅବସ୍ଥିତ ଏକ ଭୂ-ଆବଦ୍ଧ ଦେଶ । ଏହାର ଭୌଗୋଳିକ ସ୍ଥିତି ଏକ ସୁଯୋଗ ଓ ଆହ୍ୱାନ ସୃଷ୍ଟି କରେ । ଚୀନ୍ ମଙ୍ଗୋଲିଆର ସର୍ବାଧିକ ବ୍ୟବସାୟିକ ସାଥୀ ହେଲେ ମଧ୍ୟ ମଙ୍ଗୋଲିଆର ବିଦେଶ ନୀତି - 'ଥାର୍ଡ ନେଇବର'(ତୃତୀୟ ପଡ଼ୋଶୀ) ମାଧ୍ୟମରେ ଭାରତ, ଜାପାନ ଓ ଆମେରିକା ଭଳି ଦେଶମାନଙ୍କ ସହ ସମତୁଳିତ ସମ୍ପର୍କ ଗଢ଼ିବାକୁ ଚାହୁଁଛି । ଭାରତ ପାଇଁ ମଙ୍ଗୋଲିଆ ଉତ୍ତର-ଏସିଆର ପ୍ରବେଶ ଦ୍ୱାର, ଯେଉଁଠି ରାଜନୈତିକ ସଂଲଗ୍ନତା ଓ ରଣନୀତିକ ସମତୁଳନ ଏକାଧାରରେ ଚାଲିଛି । ଭାରତର 'ଆକ୍ଟ ଇଷ୍ଟ ପଲିସି' ଓ 'କନେକ୍ଟ ସେଣ୍ଟ୍ରାଲ୍ ଏସିଆ' ନୀତି ମଙ୍ଗୋଲିଆର ବୈଦେଶିକ ନୀତି ସହ ସାମଞ୍ଜସ୍ୟ ରଖେ । ଏହି ଭାବେ ଦୁଇଦେଶ ମିଳିତ ଭାବରେ ଏକ ଶାନ୍ତିପୂର୍ଣ୍ଣ ଓ ବହୁଧ୍ରୁବୀୟ ଏସିଆ ଗଢ଼ିବା ଦିଗରେ ବ୍ରତୀ ଅଛନ୍ତି । ଉତ୍ତର-ଏସିଆରେ ନିଜ ଉପସ୍ଥିତି ଜାହିର କରିବା ଏବଂ ଚୀନ୍‌କୈନ୍ଦ୍ରିକ ରାଜନୈତିକ ଆଧିପତ୍ୟକୁ ଶାନ୍ତିପୂର୍ଣ୍ଣ ଭାବେ ପ୍ରତିହତ କରିବା ଦିଗରେ ଭାରତ ପାଇଁ ଏହା ଏକ ସୁଯୋଗ ।

ଭାରତ-ମଙ୍ଗୋଲିଆ ସମ୍ପର୍କର ସବୁଠାରୁ ପ୍ରତୀକାତ୍ମକ ଅଭିନବ ପ୍ରକଳ୍ପ ହେଉଛି ଡର୍ନୋଗୋଭି ତୈଳ ବିଶୋଧନାଗାର, ଯାହା ଭାରତର ୧.୭ ବିଲିୟନ୍ ଡଲାର ଲାଇନ୍ ଅଫ୍ କ୍ରେଡିଟ୍‌ରେ ନିର୍ମାଣ ହେଉଛି । ଏହି ପ୍ରକଳ୍ପ ୨୦୨୮ ରେ ସମାପ୍ତ ହେଲେ, ମଙ୍ଗୋଲିଆ ପାଇଁ ଏହା ଉର୍ଜା ସ୍ୱାଧୀନତାର ପ୍ରଥମ ପଦକ୍ଷେପ ହେବ । ଚୀନ୍ ଓ ରୁଷିଆ ଉପରେ ନିର୍ଭରଶୀଳତାରୁ ମୁକ୍ତ ହୋଇ ଅର୍ଥନୈତିକ ସ୍ୱତନ୍ତ୍ରତା ମିଳିବ । ଏହାସହିତ, ଦୁଇ ଦେଶ ଡିଜିଟାଲ ଟେକ୍ନୋଲୋଜି, ଶିକ୍ଷା, ଖଣିଜ ସମ୍ପଦ ଓ ପୁନର୍ନବୀକରଣ ଶକ୍ତି କ୍ଷେତ୍ରରେ ଦ୍ୱିପାକ୍ଷିକ ସହଯୋଗକୁ ତ୍ୱରାନ୍ୱିତ କରିଛନ୍ତି । ଭାରତୀୟ ଆଇଟି କମ୍ପାନୀ ଓ ଶିକ୍ଷା ସଂସ୍ଥାଗୁଡ଼ିକ ମଙ୍ଗୋଲିଆରେ ନିଜ ଉପସ୍ଥିତି ବୃଦ୍ଧି କରୁଛନ୍ତି, ଯାହା 'ଡିଜିଟାଲ ଡିପ୍ଲୋମେସି'ର ନୂତନ ଆକାର ।

୨୦୦୪ ଠାରୁ ଚାଲୁଥିବା 'ନୋମାଡିକ୍ ଏଲିଫ୍ୟାଣ୍ଟ'ଯୁକ୍ତ ସେନା ଅଭ୍ୟାସ ଭାରତ-ମଙ୍ଗୋଲିଆ ରକ୍ଷା ସମ୍ପର୍କର ଭିତ୍ତିସ୍ତମ୍ଭ । ୨୦୨୫ର ସଂସ୍କରଣରେ ସାଇବର ସୁରକ୍ଷା ଓ ସୀମା ବଳ ପ୍ରଶିକ୍ଷଣକୁ ଯୋଡ଼ାଯାଇଛି । ଭାରତ ମଙ୍ଗୋଲିଆନ ନାଗରିକଙ୍କ ପାଇଁ ନିଃଶୁଳ୍କ ଭିସା ଆରମ୍ଭ କରିଛି, ଯାହା ଆଧ୍ୟାତ୍ମିକ ପର୍ଯ୍ୟଟନ, ଶିକ୍ଷା ଓ ଲୋକସଂଯୋଗକୁ ବଢ଼ାଇବ । ଲଦାଖ ସ୍ୱୟଂଶାସିତ ପରିଷଦ ଓ ମଙ୍ଗୋଲିଆର ଆରଖାଙ୍ଗାଇ ପ୍ରାନ୍ତ ମଧ୍ୟରେ ହୋଇଥିବା ବୌଦ୍ଧ ସାଂସ୍କୃତିକ ସହଯୋଗ ଦୁଇ ଦେଶର ଆଧ୍ୟାତ୍ମିକ ଓ ସାମାଜିକ ସମ୍ପର୍କକୁ ଆହୁରି ନିବିଡ଼ କରୁଛି । ଏହା ଏକ ଜନକୈନ୍ଦ୍ରିକ କୂଟନୀତି, ଯେଉଁଠି ମାନବିକ ସମ୍ପର୍କ ବୈଦେଶିକ ରଣନୀତିକୁ ଶକ୍ତି ଦେଉଛି ।

ଆଞ୍ଚଳିକ ପରିପ୍ରେକ୍ଷାପଟରେ ଭାରତ-ମଙ୍ଗୋଲିଆ ସମ୍ପର୍କ ଅଧିକ ଗୁରୁତ୍ୱ ବହନ କରେ । ଚୀନ୍ ଯେପରି ଏସିଆରେ ନିଜ ପ୍ରଭାବକ୍ଷେତ୍ର ବିସ୍ତାର କରୁଛି ଏବଂ ରୁଷିଆ ଏକ ପୁରୁଣା ସାମ୍ରାଜ୍ୟ ଭାବେ ନିଜ ସ୍ଥାନ ରକ୍ଷା କରୁଛି, ସେହି ଦୃଷ୍ଟିରୁ ଭାରତ-ମଙ୍ଗୋଲିଆ ସମ୍ପର୍କ ଏକ ଶାନ୍ତି ଆଧାରିତ ରଣନୈତିକ ବିକଳ୍ପ ଭାବେ ଆତ୍ମପ୍ରକାଶ କରିଛି । ଭାରତ ଏକ ବିଶ୍ୱାସଯୋଗ୍ୟ ଗଣତାନ୍ତ୍ରିକ ସହଯୋଗୀ ଭାବେ ଉତ୍ତର-ଏସିଆରେ ନୂତନ ନେତୃତ୍ୱ ନେଉଛି, ଯେଉଁଠି ମଙ୍ଗୋଲିଆ ସହ ଆଧ୍ୟାତ୍ମିକ ସଂଯୋଗ ରଣନୀତିକ ସମ୍ପର୍କକୁ ଗଭୀର କରୁଛି । କିପରି ଧର୍ମ, ଦର୍ଶନ ଓ ରାଜନୀତି ଏକସଙ୍ଗରେ ଚାଲିପାରେ, ଭାରତ-ମଙ୍ଗୋଲିଆ ସମ୍ପର୍କ ତାହାର ଏକ ଉତ୍ତମ ଉଦାହରଣ । ଏହି ସମ୍ପର୍କ ଭାରତର ବସୁଧୈବ କୁଟୁମ୍ବକମ୍ ଦୃଷ୍ଟିକୋଣର ପ୍ରତୀକ, ଯେଉଁଠି ଆଧ୍ୟାତ୍ମିକ ମୂଲ୍ୟ ଓ ରଣନୀତିକ ବାସ୍ତବତା ଏକ ସାଧାରଣ ସୂତ୍ରରେ ଗଢ଼ିଉଠିଛି । ୭୦ ବର୍ଷର ଏହି ସମ୍ପର୍କ ଭାରତ ଓ ମଙ୍ଗୋଲିଆ ପାଇଁ କେବଳ ଇତିହାସ ନୁହେଁ, ଭବିଷ୍ୟତ ସଂକଳ୍ପର ଭିତ୍ତି ।

ମଙ୍ଗୋଲିଆ-ଭାରତ ସମ୍ପର୍କର ନୂତନ ପରିଚୟ କେବଳ ରାଜନୈତିକ କିମ୍ବା ଆର୍ଥିକ ସଂଯୋଗରେ ସୀମିତ ନୁହେଁ । ଏହା ଭୌଗୋଳିକ ସମତୁଳନ, ଆଧ୍ୟାତ୍ମିକ ଶକ୍ତି, ଉର୍ଜା ଓ ଅର୍ଥନୀତିକ ସହଯୋଗ, ସୁରକ୍ଷା ଓ ସାଂସ୍କୃତିକ ସଂଯୋଗର ସମ୍ମିଳିତ ରୂପ । ମଙ୍ଗୋଲିଆ ଛୋଟ ଦେଶ ହେଲେ ମଧ୍ୟ ତାଙ୍କର ସ୍ଥାନ, ସାମରିକ ଶକ୍ତି ଓ ସାଂସ୍କୃତିକ ପରମ୍ପରା ଭାରତ ପାଇଁ ମହତ୍ତ୍ୱପୂର୍ଣ୍ଣ । ଏହି ସଂଯୋଗର ନୂତନ ଅଧ୍ୟାୟ ଏକ ପ୍ରତୀକ ଯେ ଛୋଟ ଦେଶ ମଧ୍ୟ ଜ୍ଞାନ, ସଂସ୍କୃତି, ଧର୍ମ ଓ ରଣନୀତିକ ସମର୍ଥନ ମାଧ୍ୟମରେ ବିଶ୍ୱରେ ମହତ୍ତ୍ୱ ରଖିପାରିବ । ଏହି ସମ୍ପର୍କ ଦୃଢ଼ ରହିଲେ, ଏକ ଛୋଟ ଦେଶ ମଧ୍ୟ ମହାଶକ୍ତି ସହିତ ସମାନ ଭାବରେ ଆଲୋଚିତ ହୋଇପାରିବ । ●

(ବିଭାଗୀୟ ମୁଖ୍ୟ, ଲୋକନାଥ ମହାବିଦ୍ୟାଳୟ)
ପାଟକୁରା(କେନ୍ଦ୍ରାପଡ଼ା),
ମୋ: ୯୪୩୭୨୧୦୪୫୮

# ଗଣତନ୍ତ୍ର ଓ ଗଣଚେତନା

ଡ ଚନ୍ଦ୍ରକଳା ନାୟକ




ଦୁଇଶହ ବର୍ଷ ତଳେ ସଂଗଠିତ ଫରାସୀ ବିପ୍ଳବର ମୂଳ ଲକ୍ଷ୍ୟ ଥିଲା ସ୍ୱାଧୀନତା, ସମାନତା ଓ ଭ୍ରାତୃତ୍ୱ ପ୍ରତିଷ୍ଠା । ସାରା ପୃଥିବୀରେ ରାଜତନ୍ତ୍ର ବିରୋଧରେ ନୂଆ ପଥ ଯୋଗାଇ ଦେଇଥିଲା ଏଇ ତିନୋଟି ଶବ୍ଦ । ଶାସନତନ୍ତ୍ରରେ ପରିବର୍ତ୍ତନ ହେଲା । ରାଜତନ୍ତ୍ର ଶାସନରୁ ମୁକ୍ତ ହୋଇ ଗଣତନ୍ତ୍ର ପ୍ରତିଷ୍ଠା ହେଲା । ଗଣତନ୍ତ୍ର ଶାସନରେ ଶାସନ ଓ ଶାସିତ ଏକ ଓ ଅଭିନ୍ନ । ସାମାଜିକ ନ୍ୟାୟ, ଅର୍ଥନୈତିକ ସମତା, ବ୍ୟକ୍ତିଗତ ଅଧିକାର ଓ ବ୍ୟକ୍ତିଗତ ସ୍ୱାଧୀନତା ଲାଭ କରିବା ସଙ୍ଗେ ସଙ୍ଗେ ସମଷ୍ଟିଗତ ପ୍ରଗତି ହିଁ ଏ ଶାସନର ମୂଳ ଲକ୍ଷ୍ୟ ।

ଲୋକପ୍ରତିନିଧି ମନୋନୟନ ଗଣତନ୍ତ୍ରର ମେରୁଦଣ୍ଡ । ଯେଉଁ ଦେଶର ଲୋକ ଶାସନ ସମ୍ବନ୍ଧୀୟ ଜ୍ଞାନରେ ସୁଶିକ୍ଷିତ, ନିଜ ନାଗରିକ ଅଧିକାର ଓ ପ୍ରତିନିଧି ବାଛିବାର ଗୁରୁତ୍ୱ ସମ୍ବନ୍ଧରେ ସଚେତନ, ସେ ଦେଶମାନଙ୍କରେ ଗଣତନ୍ତ୍ର ସେତେ ସୁଦୃଢ଼ । ଦୋଷଗୁଣ, କାର୍ଯ୍ୟକଳାପ, ଚିନ୍ତାଧାରା, ମାନସିକ ଦୃଷ୍ଟିକୋଣ, ସାଧୁତା, ସଚ୍ଚୋଟପଣିଆ ଓ ଦକ୍ଷତା ସମ୍ବନ୍ଧରେ ବ୍ୟକ୍ତିଗତ ଭାବରେ ଜ୍ଞାନ ସଂଗ୍ରହ କରି ଉପଯୁକ୍ତ ପ୍ରତିନିଧି ବାଛିବା ପ୍ରତ୍ୟେକ ଭୋଟରଙ୍କ କର୍ତ୍ତବ୍ୟ । ଆମ ଦେଶର ଅଭିଜ୍ଞତାରୁ ମନେ ହୁଏ, ଏହା ଆଲୋଚନା କରିବା କେବଳ ତାତ୍ତ୍ୱିକ ଓ ପୋଥିଗତ । ଛୁଆଁ ଅଛୁଆଁର ପୀଠସ୍ଥଳୀ ଭାରତ ସାମାଜିକ ନ୍ୟାୟ ପ୍ରତିଷ୍ଠାରେ ବହୁପଛରେ । ପୁଞ୍ଜିପତିର ବିଶାଳ ପ୍ରାସାଦ ଓ ଭିକାରିର ପତ୍ରକୁଡ଼ିଆ ମଧ୍ୟରେ ଅର୍ଥନୈତିକ ସମତାର ଆଶା କେବଳ କଳ୍ପନା ବିଳାସ । କୁସଂସ୍କାରପୂର୍ଣ୍ଣ ସାଧାରଣ ଶିକ୍ଷା ବିହୀନ ସମାଜରେ ବ୍ୟକ୍ତିଗତ ଅଧିକାର 'ଆକାଶ କୟାଁ ଚିଲିକା ମାଛ' ପରି ସ୍ୱପ୍ନିଳ ।

ଯେଉଁ ଦେଶର ନାଗରିକ ନିଜ ଅଧିକାର ଓ କର୍ତ୍ତବ୍ୟ ଜ୍ଞାନ ସମ୍ବନ୍ଧରେ ଅଜ୍ଞ, ସେ ଦେଶମାନଙ୍କରେ ଗୁଣ ଅପେକ୍ଷା ଅପପ୍ରଚାର ବିଶେଷ କାମ କରେ । ବହୁବିଧ ଅସମାନତା ତଥା ଉପେକ୍ଷାକୁ ସାମୂହିକ ଜୀବନରେ ମୁଖ୍ୟ ମୀମାଂସକ ରୂପେ ଯୋଡ଼ି ରଖିଥିବା ସ୍ୱାର୍ଥୀପକ୍ଷଟି ସର୍ବଦା କ୍ଷମତା ଦଖଲ କରି ଆପଣାର ବିଶେଷ ସ୍ୱାର୍ଥ ସାଧନରେ ବ୍ୟବହାର କରିଆସିଛନ୍ତି । ପୃଥିବୀରେ ଶାସନସ୍ତରୀୟ ଗଢ଼ଣଗୁଡ଼ିକ ରାଜତନ୍ତ୍ରରୁ ଗଣତନ୍ତ୍ର ଚେହେରାକୁ ବଦଳି ଯାଇଥିଲେ ମଧ୍ୟ ପୁରୁଣା ସ୍ୱାର୍ଥୀମାନେ ପୂର୍ବପରି ସକ୍ରିୟ ହୋଇ ରହୁଛନ୍ତି । ଦେଶର ଅଶିକ୍ଷା, ଦାରିଦ୍ର୍ୟ, ରୋଗ ପ୍ରପୀଡ଼ିତ ବ୍ୟବସ୍ଥା କୋଟି କୋଟି ମନୁଷ୍ୟଙ୍କ ଭାଗ୍ୟକୁ କାମୁଡ଼ି ଧରିଛି ।

ଭାରତର ଗଣତନ୍ତ୍ରର ପ୍ରଥମ କାଳରେ ବିପ୍ଳବୀମାନଙ୍କର ଯେଉଁ ଆଭିମୁଖ୍ୟ ଥିଲା, ପରବର୍ତ୍ତୀ ସମୟରେ ବଦଳିଗଲା । ସମଗ୍ର ଭାରତ ଭୂଖଣ୍ଡରୁ ଶୋଷଣ ଓ ଯାବତୀୟ ଆନୁସଙ୍ଗିକ ଅସମାନତାକୁ ଦୂର କରିବାର ସେହି ପ୍ରଥମ ଲକ୍ଷ୍ୟଟି ଧୀରେ ଧୀରେ ଗୌଣ ହୋଇଗଲା । ଗଣତନ୍ତ୍ର ଶାସନର ସଫଳ ପ୍ରତିଫଳନ ମରୀଚିକା ପରି ହାତଛଡ଼ା ହେଲା । କେବଳ କ୍ଷମତା ଲୋଭରେ ଜନପ୍ରତିନିଧି ହେବାର ପ୍ରତିଦ୍ୱନ୍ଦ୍ୱିତା ଆରମ୍ଭ ହେଲା । ବାଜା ବଜାଇ, ନାଚ ଗୀତ କରି, ସଭା ସମିତିରେ ଛାତି ପିଟି ବାହୁସ୍ଫୋଟ ମାରି, ମିଛ ପ୍ରତିଶ୍ରୁତି ଛାଡ଼ି, ଧନ ଆଶ୍ରୟ ନେଇ, ଲୋକଙ୍କୁ ଭୟ ଦେଖାଇ, ଅପପ୍ରଚାର ବଳରେ କଳାକୁ ଧଳା ଓ ଧଳାକୁ କଳା କରିବାକୁ ଚେଷ୍ଟା ଆରମ୍ଭ ହୋଇଗଲା ।

ସାଧାରଣ ଜନତା ଯେତେବେଳେ ଭଲ ମନ୍ଦ ଚିହ୍ନିବାର ଯୋଗ୍ୟତା ହରାଇ ବସନ୍ତି, ସେଠାରେ ଅପପ୍ରଚାରର ହିଁ ଜୟ ହୁଏ । ଆଜି ଆମ ଦେଶରେ ଅନେକ ଲୋକ ଅଛନ୍ତି, ଯେଉଁମାନେ ସଜ ମାଛରେ ବି ପୋକ ପକାଇପାରିବେ । ତା' ସାଙ୍ଗକୁ ପ୍ରଚାରପତ୍ର, କାନ୍ଥବାଡ଼ ଲେଖା, ଆଧୁନିକ ସଙ୍ଗୀତ, ସିନେମା, ରେଡିଓ, ସଭାସମିତି, ଶୋଭାଯାତ୍ରା ଓ ଡିଜିଟାଲ ମାଧ୍ୟମରେ ଅନେକ ନୂତନ ଆଧୁନିକ ଢଙ୍ଗରେ ଏହି ପ୍ରଚାର ଅସ୍ତ୍ର ସାଧାରଣ ଆଖିକୁ ଚମକାଇ ଦେଉଛି । ଯେଉଁଠାରେ ଶିକ୍ଷିତ ଭୋଟର ଉଦାସୀନ, ସେହିଠାରେ ଅନେକ କ୍ଷେତ୍ରରେ କେବଳ ଅପପ୍ରଚାର ଦ୍ୱାରା ଜନପ୍ରତିନିଧିମାନଙ୍କ ଜୟ ହୋଇଥାଏ । ଏହିପରି ଅସତ ଉପାୟରେ, ଅପପ୍ରଚାର ଶକ୍ତି ବଳରେ ଜିଣିଥିବା ଗୁଣହୀନ ଓ ନୀତିହୀନ କେତେକ ଜନପ୍ରତିନିଧି ନିଜ ହାତରେ କ୍ଷମତା ପାଇ ଦେଶର ଗରୀବ ଜନତାଙ୍କ ମଧ୍ୟରେ ସୀମିତ ସୁବିଧା ବାଣ୍ଟିବା ମାଙ୍କଡ଼ ଓ ଦୁଇ ବିରାଡ଼ିଙ୍କ ମଧ୍ୟରେ ପିଠା ବାଣ୍ଟିବା ନ୍ୟାୟରେ ଚାଲିଛି । ତରାଜୁର ଦୁଇପଟ ଖାଲି ହେବା ପରେ ବିଚରା ଜନତା ଜନାର୍ଦ୍ଦନ ଜଳକା ରହିବା ହିଁ ସାର ହେଉଛି । ଆଜିକାଲିର ଜନପ୍ରତିନିଧି ଠିକ 'ବାଉଁଶରାଣୀ'ର ଖେଳ ପରି ଦିଗ ପରିବର୍ତ୍ତନ ବି କରୁଛନ୍ତି । ଥରେ ଏହି ଖେଳ ଭାଙ୍ଗିଗଲେ ପୁଣି ନୂଆ ଅଭିନୟ ଆରମ୍ଭ ହେଉଛି, ଠିକ ପୂର୍ବପରି ଢଙ୍ଗରେ । ଫରକ ଏତିକି, ସେଇ ଜନତା, ସେଇ ନେତା, ସେଇ ଖେଳ, ସେଇ ଭ୍ରଷ୍ଟାଚାର । ବ୍ୟବଧାନ କେବଳ ସମୟ । ଯେଉଁ ଲୋକପ୍ରତିନିଧି କିଛି ଅର୍ଥ, ଉପହାର, ଭୋଜିଭାତ ଦ୍ୱାରା ଜନତାଙ୍କ ମୁଣ୍ଡ କିଣିଥାଏ ସେହି ପ୍ରତିନିଧି କିପରି ସଚ୍ଚୋଟପଣିଆକୁ ଆପଣେଇ ପାରିବ ଗଣତନ୍ତ୍ର ବା ଏଥିପାଇଁ ଦୋଷୀ କାହିଁକି ହେବ?

ଗଣତନ୍ତ୍ର ଶ୍ରେଷ୍ଠ ଶାସନ, ଏଥିରେ ତିଳେ ମାତ୍ର ସନ୍ଦେହ ନାହିଁ । କଥାରେ ଅଛି, ଯିଏ ଯେଉଁ ଶାସନ ପାଇଁ ଉପଯୁକ୍ତ, ସେ ତାହା ହିଁ ପାଏ । ଆଜି ପ୍ରତ୍ୟେକ ଜନସାଧାରଣ ସେମାନଙ୍କ ଅବସ୍ଥା ପାଇଁ ନିଜେ ହିଁ ଦାୟୀ । ଆତ୍ମସମୀକ୍ଷା ନକରି ଗଣତନ୍ତ୍ରକୁ ଦୋଷ ଦେବା ଆଦୌ ଗ୍ରହଣୀୟ ନୁହେଁ । ଅର୍ଥ, ଖାଦ୍ୟ, ପଦପଦବୀ ଲାଳସାରେ ଆଜି ସାଧାରଣ ଜନତା ନିଜେ ନିଜ ବିବେକକୁ ବନ୍ଧା ପକାଇବା ହିଁ ଗଣତନ୍ତ୍ର ପାଇଁ ସଙ୍କଟ ସୃଷ୍ଟି କରୁଛି । ଗଣଶିକ୍ଷା ଓ ଗଣଚେତନାକୁ ଜାଗ୍ରତ ନକରି ପାରିବା ଆମମାନଙ୍କର ପ୍ରଥମ ଦୁର୍ବଳତା । ●

(ଅଧ୍ୟାପିକା, ମହାପୁରୁଷ ହାଡିଦାସ ମହାବିଦ୍ୟାଳୟ)
ଛତିଆ, ମୋ: ୯୪୩୭ ୯୫୭ ୬୧୭

# ପୁତନା ମନ୍ଦିର

ଓଜସ୍ୱିନୀ

## ବିଚିତ୍ର ବିଶ୍ୱାସ

ପୌରାଣିକ କଥା ଅନୁସାରେ ପୁତନା ପୂର୍ବଜନ୍ମରେ ଦାନବୀର ରାଜା ବଳିଙ୍କ ପୁତ୍ରୀ ରତ୍ନମାଳା ଭାବେ ଜନ୍ମ ନେଇଥିଲେ । ବଳି ବଧ ପାଇଁ ଶ୍ରୀବିଷ୍ଣୁ ଗ୍ରହଣ କରିଥିବା ବାମନ ଅବତାର ଦର୍ଶନ କରି ତାଙ୍କୁ ପୁତ୍ର ଭାବେ ପ୍ରାପ୍ତ କରିବା ପାଇଁ ରତ୍ନମାଳା ବରଦାନ ମାଗିଥିଲେ । ରତ୍ନମାଳାଙ୍କ ବାତ୍ସଲ୍ୟ ଭକ୍ତିରେ ସନ୍ତୁଷ୍ଟ ହୋଇ ଶ୍ରୀବିଷ୍ଣୁ ବରଦାନ ଦେଇଥିଲେ ଯେ, ଦ୍ୱାପର ଯୁଗରେ ସେ ବାଳକୃଷ୍ଣଙ୍କ ମାତା ହେବାର ସୌଭାଗ୍ୟ ଲାଭ କରିବେ । ତେଣୁ ପୁତନା କିଛିକ୍ଷଣ ପାଇଁ ବାଳକୃଷ୍ଣଙ୍କୁ ମାତା ଭାବେ ସ୍ତନ୍ୟପାନ କରାଇବାର ସୁଯୋଗ ଲାଭ କରିଥିଲେ ।

ଦ୍ୱାପର ଯୁଗରେ ବାଳକୃଷ୍ଣଙ୍କୁ ବଧ କରିବା କଂସ ପୁତନା ନାମ୍ନୀ ରାକ୍ଷସୀକୁ ଗୋପପୁର ପଠାଇଥିଲା । ପୁତନା ରୂପସୀର ଛଦ୍ମବେଶ ଧାରଣ କରି ଆସିଥିଲା । ଶ୍ରୀକୃଷ୍ଣଙ୍କୁ ମର୍ତ୍ତ୍ୟମଣ୍ଡଳରେ ଦର୍ଶନ କରିବା ସହିତ ବାଳକୃଷ୍ଣଙ୍କୁ ସ୍ତନ୍ୟପାନ କରିବାକୁ ସୁଯୋଗ ଦେବାକୁ ସେ ମାତା ଯଶୋଦାଙ୍କୁ ଅନୁରୋଧ କଲେ । ମାତା ଯଶୋଦା ବାଳକୃଷ୍ଣଙ୍କୁ ପୁତନାଙ୍କ କୋଳକୁ ଦେଇଥିଲେ । ପୁତନା ତାଙ୍କ ସ୍ତନରେ ଥିବା କାଳକୂଟ ବିଷ ଦ୍ୱାରା ବାଳକୃଷ୍ଣଙ୍କ ବଧ କରିବେ ବୋଲି ଯୋଜନା କରିଥିଲେ । କିନ୍ତୁ ବାଳକୃଷ୍ଣ କ୍ଷୀର ସହ ପୁତନାଙ୍କ ପ୍ରାଣ ହରଣ କରି ନେଲେ । ଏହାପରେ ରାକ୍ଷସୀ ପୁତନା ଚିତ୍କାର କରି ନିଜ ବିକଟାଳ ରୂପ ଧାରଣ କରି ମୃତ୍ୟୁବରଣ କଲେ । ଗୋପପୁରବାସୀ ଏହା ଦେଖିବା ପରେ ଭୟଭୀତ ହେବା ସହିତ ବାଳକୃଷ୍ଣଙ୍କୁ ପୁତନାଙ୍କ ଛାତି ଉପରୁ ଉଠାଇ ଆଣିଲେ ଏବଂ ପୁତନାଙ୍କ ଦାହ ସଂସ୍କାର କରିଥିଲେ । ଶ୍ରୀକୃଷ୍ଣଙ୍କ ସ୍ପର୍ଶ ପାଇଥିବାରୁ ସଂସ୍କାର ସମୟରେ ପୁତନାଙ୍କ ଶରୀରରୁ ଚନ୍ଦନର ସୁଗନ୍ଧ ବାହାରିଥିଲା । ତେଣୁ ପୁତନାଙ୍କୁ ଗୋପବାସୀ ଦେବୀତୁଲ୍ୟ ବିଚାର କରିଥିଲେ । ଯେଉଁ ସ୍ଥାନରେ ପୁତନା ମୋକ୍ଷ ଲାଭ କରିଥିଲେ, ସେହି ସ୍ଥାନରେ ପୁତନାଙ୍କ ମନ୍ଦିର ନିର୍ମାଣ କରାଯାଇଛି । ଏହି ମନ୍ଦିରରେ ବର୍ତ୍ତମାନ ସମୟରେ ମଧ୍ୟ ବିଧିବିଧାନର ସହିତ ପୂଜାର୍ଚ୍ଚନା କରାଯାଏ । ବିଶେଷ ଭାବେ ସନ୍ତାନମାନଙ୍କର ମଙ୍ଗଳକାମନା କରି ସେଠାରେ ପୁତନାଙ୍କ ଉଦ୍ଦେଶ୍ୟରେ ଶ୍ରଦ୍ଧାଳୁମାନେ ପୂଜାର୍ଚ୍ଚନା କରିଥା'ନ୍ତି ।

ଉତ୍ତରପ୍ରଦେଶର ମଥୁରା(ଗୋପପୁର) ଅନ୍ତର୍ଗତ ମହାବନ୍ ଅଞ୍ଚଳରେ ପୁତନା ମନ୍ଦିର ଅଛି । ଏଠାରେ ରାକ୍ଷସୀ ରୂପରେ ପୁତନାଙ୍କର ଏକ ବିଶାଳ ଶୟନମୁଦ୍ରାର ପ୍ରତିମା ରହିଛି, ଯାହାର ଛାତି ଉପରେ ବାଳକୃଷ୍ଣ ସ୍ତନ୍ୟପାନ କରୁଥିବା ଦେଖାଯାଏ । ସେଠାରେ ପୁତନାଙ୍କୁ ମା' ରୂପରେ ପୂଜା କରାଯାଉଛି । ଯମୁନା ତଟବର୍ତ୍ତୀ ଏହି ମନ୍ଦିର 'ପୁତନା ଉଦ୍ଧାର ସ୍ଥଳ' ଭାବେ ମଧ୍ୟ ପରିଚିତ । ପଶ୍ଚିମବଙ୍ଗ ଅଞ୍ଚଳରେ ଅନ୍ୟ ଏକ ପୁତନା ମନ୍ଦିର ରହିଥିଲେ ମଧ୍ୟ ମଥୁରାର ପୁତନା ମନ୍ଦିରକୁ ମୁଖ୍ୟ ମନ୍ଦିରର ମାନ୍ୟତା ମିଳିଛି । ପଶ୍ଚିମବଙ୍ଗର ହୁଗୁଳିଠାରେ ଥିବା ପୁତନା ମନ୍ଦିରକୁ 'ରାକ୍ଷସୀବାଡ଼ି' କୁହାଯାଏ । ଏଠାରେ ରାଧାକୃଷ୍ଣଙ୍କ ସହିତ ପୁତନାଙ୍କର ମୂର୍ତ୍ତି ପୂଜା ପାଇଥା'ନ୍ତି । ଅଧିକାରୀ ପରିବାରର ବହୁ ପୁରୁଣା ଘରେ ସ୍ଥିତ ଏହି ମନ୍ଦିରରେ କ୍ରମାଗତ ଚାରିପିଢ଼ି ଧରି ପୂଜା କରି ଆସୁଛନ୍ତି । ଏହି ମନ୍ଦିରରେ ମଧ୍ୟ ସନ୍ତାନମାନଙ୍କ କଲ୍ୟାଣାର୍ଥେ ପୂଜାର୍ଚ୍ଚନା କରାଯାଏ ।

ଏତଦ୍‌ବ୍ୟତୀତ ଭାରତୀୟ ଚିକିତ୍ସା ପଦ୍ଧତି ଅନ୍ତର୍ଗତ କେତେକ ଗ୍ରନ୍ଥ ଓ ସୁଶ୍ରୁତ ସଂହିତାରେ ପୁତନାଙ୍କୁ କଳାବର୍ଣ୍ଣଯୁକ୍ତ, ବଡ଼ ଓ ଖୋଲା ପାଟି, ଆଗକୁ ବାହାରିଥିବା ଆସୁରିକ ଦାନ୍ତଯୁକ୍ତ, ଖୋଲା କେଶ, ମଇଳା ବସ୍ତ୍ର ପରିଧାନଯୁକ୍ତ, ଦେହରୁ ଦୁର୍ଗନ୍ଧ ବାହାରୁଥିବା ଏବଂ ଭଙ୍ଗାଘରେ ରହୁଥିବା ଶିଶୁରୋଗ ସୃଷ୍ଟିକାରୀ ଦୁଷ୍ଟ ମାତୃକାଗଣ ଓ ଗ୍ରାହିଣୀ ଭାବେ ବର୍ଣ୍ଣନା କରାଯାଇଛି । ତେଣୁ ପୁତନାଙ୍କ ଉଦ୍ଦେଶ୍ୟରେ ଗୋବର, ମାଛ, ଚାଉଳରେ ପ୍ରସ୍ତୁତ ବିଭିନ୍ନ ଖାଦ୍ୟ, ପେଡ଼ା ହୋଇଥିବା ତେଲ ଓ ମଦିରା ଅର୍ପଣ କରି ଶିଶୁରୋଗ ମୁକ୍ତ କରିବା ପାଇଁ ଅନେକ ସ୍ତୁତି, ଶ୍ଳୋକ ଓ ପୂଜପଦ୍ଧତି ରହିଛି । ଆୟୁର୍ବେଦର ଏକ ଶାଖା 'କୁମାର ତନ୍ତ୍ର' ଅନୁସାରେ ଶିଶୁଙ୍କୁ ଦୁଗ୍ଧ ସମ୍ବନ୍ଧୀୟ ରୋଗର ଚିକିତ୍ସା ନିମନ୍ତେ ପୁତନାଙ୍କ ଉଦ୍ଦେଶ୍ୟରେ ସ୍ତୁତିପାଠ କରିବାକୁ ନିର୍ଦ୍ଦେଶ ଦିଆଯାଇଛି । 'କୁମାରତନ୍ତ୍ର'ରେ ଉଲ୍ଲେଖ ଅଛି ଯେ, ଶିଶୁକୁ ଜନ୍ମର ତୃତୀୟ ଦିନ କିମ୍ବା ତୃତୀୟ ମାସ କିମ୍ବା ତୃତୀୟ ବର୍ଷ ଯାହା କିଛି ରୋଗ ହୁଏ, ତାହା କେବଳ ପୁତନା ଗ୍ରାହିଣୀ ପାଇଁ ହୋଇଥାଏ । ତେଣୁ ଆୟୁର୍ବେଦୀୟ ଅନୁଷ୍ଠାନ ଦ୍ୱାରା ପୁତନାଙ୍କ ପୂଜା କରି ଶିଶୁକୁ ରୋଗମୁକ୍ତ କରାଯାଏ । ●

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

# ପୁଲିସର ବେପରୁଆ ପାର୍କିଂ ନେଲା ୨ ଜୀବନ

ବାହାନଗା, ୧୬।୧୦ (ସମିସ): ବାଲେଶ୍ୱର ଜିଲ୍ଲା ଖନ୍ତାପଡ଼ା ପୁଲିସର ବେପରୁଆ କାର୍ଯ୍ୟ ପାଇଁ ଆଜି ୨ଟି ଜୀବନ ଅକାଳରେ ଝରିପଡ଼ିଥିବା ନେଇ ଅଭିଯୋଗ ହୋଇଛି। ଜାତୀୟ ରାଜପଥକୁ ଲାଗି ଥାନା ସମ୍ମୁଖରେ ପୁଲିସ ଜବତ ଗାଡ଼ି ପାର୍କିଂ କରୁଥିବାରୁ ଆଜି ଏପରି ଏକ ଅଘଟଣ ଘଟିଛି। ଦୁର୍ଘଟଣାରେ ୨ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ୨ ଜଣ ଗୁରୁତର ଆହତ ହୋଇଛନ୍ତି। ଖବର ଲେଖା ହେବା ସୁଦ୍ଧା ମୃତାହତଙ୍କ ପରିଚୟ ମିଳିପାରିନାହିଁ।

ସୂଚନାନୁଯାୟୀ, ଖନ୍ତାପଡ଼ା ଥାନା ପରିସରରେ ପର୍ଯ୍ୟାପ୍ତ ଜାଗା ନ ଥିବାରୁ ପୁଲିସ ବିଭିନ୍ନ ସମୟରେ ଜବତ କରୁଥିବା ଦୁର୍ଘଟଣାଗ୍ରସ୍ତ ଏବଂ ଚୋରା ଲଘୁ ଖଣିଜ

### ମୃତ୍ୟୁ ସହ ସଂଗ୍ରାମ କରୁଛନ୍ତି ୨ ସଂକଟାପନ୍ନ

ପଦାର୍ଥ ପରିବହନ ଗାଡ଼ିଗୁଡିକୁ ଥାନା ସମ୍ମୁଖ ୧୬ ନମ୍ବର ଜାତୀୟ ରାଜପଥରେ ଛିଡ଼ା କରୁଛି। ଏପରିସ୍ଥଳେ ଗତ ୧୪ତାରିଖରେ ୨ଟି ବାଲି ଡମ୍ପର୍ ଏବଂ ଗୋଟିଏ ଟ୍ରାକ୍ଟର୍‌କୁ ଜବତ କରି ଥାନା ସମ୍ମୁଖ ରାସ୍ତା ଉପରେ ରଖିଥିଲା। ପୁରୀ ବୁଲିବାକୁ ଆସିଥିବା ପୂର୍ବମେଦିନୀପୁର ଅଞ୍ଚଳର ୪ଜଣ ଆଜି ଦିନ ପ୍ରାୟ ୧୧ଟାରେ ପଶ୍ଚିମବଙ୍ଗ ଅଭିମୁଖେ ଫେରୁଥିବା ବେଳେ ଉକ୍ତ ଡମ୍ପର୍‌କୁ ସେମାନଙ୍କ କାର୍‌ଟି ପଛରୁ ଧକ୍କା ଦେଇଥିଲା। ଏଥିରେ କାର୍‌ରେ ଥିବା ୪ ଜଣ ଗୁରୁତର ହୋଇଥିଲେ। ଆମ୍ବୁଲାନ୍ସରେ ସମସ୍ତଙ୍କୁ ଫକୀରମୋହନ ମେଡିକାଲ କଲେଜ ଓ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ଜଣେ ଯୁବକ ଏବଂ ଜଣେ ମହିଳାଙ୍କୁ ମୃତ ଘୋଷଣା କରିଥିଲେ। ଅନ୍ୟ ଜଣେ ପୁରୁଷ ଏବଂ ଅନ୍ୟ ଜଣେ ମହିଳାଙ୍କ ସ୍ୱାସ୍ଥ୍ୟାବସ୍ଥା ସଂକଟାପନ୍ନ ରହିଛି। ପୁଲିସ ଶବଦ୍ୱୟକୁ ଜବତ କରି ତଦନ୍ତ ଚଳାଇଛି। ପୁଲିସର ବେପରୁଆ ପାର୍କିଂ ପାଇଁ ୨ଜଣଙ୍କ ଜୀବନ ଯାଇଥିବାରୁ ସାଧାରଣରେ ପୁଲିସ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଦାବି ହେଉଛି।

# 'ଲଢ଼େଇ' ରିଲିଜ୍‌ରେ ସେନସର୍ ରୋକ୍

ଭୁବନେଶ୍ୱର, ୧୬।୧୦ (ସମିସ): ନବାଗତ ଅଭିନେତାଙ୍କୁ ନେଇ ପ୍ରସ୍ତୁତ ଓଡ଼ିଆ ସିନେମା 'ଲଢ଼େଇ'ର ରିଲିଜ୍‌କୁ ସେଣ୍ଟ୍ରାଲ ବୋର୍ଡ ଅଫ୍ ଫିଲ୍ମ ସାର୍ଟିଫିକେସନ୍ ଅଧୀନ ଓଡ଼ିଶା ସେନସର୍ ବୋର୍ଡ ସ୍ଥଗିତ କରିଛି। ଦୀପାବଳି ଉପଲକ୍ଷେ

- ସମୀକ୍ଷା ପାଇଁ ମୁମ୍ବାଇ ପଠାଗଲା
- ପକ୍ଷପାତ ଅଭିଯୋଗ ଆଣିଲେ ପ୍ରଯୋଜକ, ନିର୍ଦ୍ଦେଶକ

ଆସନ୍ତାକାଲି ଅର୍ଥାତ୍ ୧୭ତାରିଖରେ ରିଲିଜ୍ ହେବାକୁ ଥିବା ଏହି ସିନେମାରେ ମାତ୍ରାଧିକ ହିଂସାତ୍ମକ ଦୃଶ୍ୟ ଥିବା ଦର୍ଶାଇ ରାଜ୍ୟ ସେନସର୍ ବୋର୍ଡ ଏହାକୁ 'ଏ' ବର୍ଗର ସାର୍ଟିଫିକେଟ୍ ନ ଦେବା ସହ ଏହାର ସମୀକ୍ଷା ପାଇଁ ମୁମ୍ବାଇ ପଠାଇଛି। ଫଳରେ ସିନେମାର ରିଲିଜ୍ ସ୍ଥଗିତ ରହିଥିବା ସିନେମାର ପ୍ରଯୋଜକ, ନିର୍ଦ୍ଦେଶକ ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ସିନେମାର ମୁକ୍ତିଲାଭ ପାଇଁ ସମସ୍ତ ପ୍ରସ୍ତୁତି ସରିଥିବା ବେଳେ ସେନସର୍ ବୋର୍ଡର ଏହି ନିଷ୍ପତ୍ତି ଦର୍ଶକଙ୍କୁ ନିରାଶ କରିଛି ବୋଲି କହିଛନ୍ତି ପ୍ରଯୋଜକ ଦେବାଶିଷ ପଟ୍ଟନାୟକ।

ସେ କହିଛନ୍ତି, ନିକଟ ଅତୀତରେ ମୁକ୍ତିଲାଭ କରିଥିବା 'ଆନିମଲ୍' ପରି ଅନେକ ହିନ୍ଦୀ ଏବଂ ଅନ୍ୟ ଭାଷାରେ ନିର୍ମିତ ଚଳଚ୍ଚିତ୍ରରେ ହିଂସାତ୍ମକ ଦୃଶ୍ୟ ରହିଛି। ଅତ୍ୟଧିକ ହିଂସା ଦୃଶ୍ୟ ଥିବା ସତ୍ତ୍ୱେ ହିନ୍ଦୀ, ତେଲୁଗୁ, କନ୍ନଡ଼ ଆଦି ଚଳଚ୍ଚିତ୍ର କେନ୍ଦ୍ର ସରକାରଙ୍କ ସେଣ୍ଟ୍ରାଲ



ବୋର୍ଡ ଅଫ୍ ଫିଲ୍ମ ସାର୍ଟିଫିକେସନ୍‌ରୁ ଅନୁମତି ପାଇଛନ୍ତି। ଖାଲି ସେତିକି ନୁହେଁ, ଉକ୍ତ ଚଳଚ୍ଚିତ୍ରଗୁଡ଼ିକ ଆମ ରାଜ୍ୟର ଦର୍ଶକଙ୍କଠାରୁ କୋଟିକୋଟି ଟଙ୍କା ଆୟ ମଧ୍ୟ କରିଛନ୍ତି। ହେଲେ ସାମାନ୍ୟ ହିଂସା ଦୃଶ୍ୟ ପାଇଁ ଓଡ଼ିଆ ସିନେମା 'ଲଢ଼େଇ'କୁ 'ଏ' ବର୍ଗର ସାର୍ଟିଫିକେଟ୍ ନଦେଇ ସମୀକ୍ଷା ପାଇଁ ମୁମ୍ବାଇ ପଠାଇ ଦିଆଯିବା ପ୍ରଯୋଜକ, ନିର୍ଦ୍ଦେଶକ, ଅଭିନେତାଙ୍କୁ ଆଶ୍ଚର୍ଯ୍ୟ ଓ ନିରାଶ କରିଛି।

ନିର୍ଦ୍ଦେଶକ ଅଶୋକ ପତି ପ୍ରଶ୍ନ କରିଛନ୍ତି ଯେ ହିନ୍ଦୀ, କନ୍ନଡ଼, ତେଲୁଗୁ ସିନେମା ଅତ୍ୟଧିକ ହିଂସା ଦୃଶ୍ୟ ଥାଇ ମଧ୍ୟ କିପରି ଓଡ଼ିଶାରେ ସେହି ଜାତୀୟ ସଂସ୍ଥା ଦ୍ୱାରା ସ୍ୱୀକୃତି ପାଇ ପ୍ରଦର୍ଶିତ ହୋଇପାରୁଛି। ଏପରି ପକ୍ଷପାତିତା ଯୋଗୁଁ ଓଡ଼ିଆ ପ୍ରଯୋଜକଙ୍କ ମନୋବଳ ଭାଙ୍ଗିଯାଉଛି ବୋଲି ବିଶିଷ୍ଟ ପ୍ରଯୋଜକ ସଞ୍ଜୟ ନାୟକ କହିଛନ୍ତି।

ବରିଷ୍ଠ ସାମ୍ବାଦିକ, ସିନେସମୀକ୍ଷକ ଏବଂ ଜାତୀୟ ମିଡିଆ ଫାଉଣ୍ଡେସନ୍ (ଏନଏମଏଫ୍)ର ରାଜ୍ୟ ମୁଖପାତ୍ର ଶ୍ୟାମାପ୍ରସାଦ ମିଶ୍ର କହିଛନ୍ତି, କେନ୍ଦ୍ର ସରକାରଙ୍କ ସେଣ୍ଟ୍ରାଲ ବୋର୍ଡ ଅଫ୍ ଫିଲ୍ମ ସାର୍ଟିଫିକେସନ୍ ସଂସ୍ଥା ଭାରତ ବର୍ଷରେ ସେନ୍ସର୍ ପାଇଁ ଗୋଟିଏ ନୀତି ଆଣିବା ଆବଶ୍ୟକ। କାରଣ ଭେଦଭାବ ଓଡ଼ିଆ ପ୍ରଯୋଜକଙ୍କୁ କ୍ଷତି ପହଞ୍ଚାଇବ। ତେବେ 'ଲଢ଼େଇ' ନିର୍ଦ୍ଧାରିତ ସମୟରେ ମୁକ୍ତିଲାଭ କରିପାରୁନଥିବାରୁ ପ୍ରଯୋଜକ ଏଥିପାଇଁ ଦର୍ଶକଙ୍କୁ କ୍ଷମା ମାଗିଛନ୍ତି।

# ନିଯୁକ୍ତି ଆବେଦନ ପାଇଁ ଫି' ଦେବେ ପରୀକ୍ଷାର୍ଥୀ

ଭୁବନେଶ୍ୱର, ୧୫।୧୦ (ସମିସ): ନିଯୁକ୍ତି ପାଇଁ ଆବେଦନ କରୁଥିବା ଆଶାୟୀ ପ୍ରାର୍ଥୀଙ୍କୁ ଏଣିକି ଫି' ଦେବାକୁ ପଡ଼ିବ। ନିଯୁକ୍ତି ପରୀକ୍ଷା ପରିଚାଳନା କରୁଥିବା ସଂସ୍ଥା ପକ୍ଷରୁ ଫି' ନିର୍ଦ୍ଧାରଣ

- ପ୍ରକାଶ ପାଇଲା ଗେଜେଟ୍ ବିଜ୍ଞପ୍ତି
- ପରୀକ୍ଷାରେ ଉପସ୍ଥିତ ରହିଲେ ଫି' ଫେରସ୍ତ
- ଏସ୍‌ସି/ଏସ୍‌ଟି ଓ ଦିବ୍ୟାଙ୍ଗଙ୍କ ପାଇଁ ମାଗଣା
- ପରୀକ୍ଷା ପରିଚାଳନାରେ ସଂସ୍କାର ପାଇଁ ପଦକ୍ଷେପ

କରାଯିବ। ତେବେ ଅନୁସୂଚିତ ଜାତି, ଅନୁସୂଚିତ ଜନଜାତି ବର୍ଗ ସହ ଦିବ୍ୟାଙ୍ଗ ପ୍ରାର୍ଥୀଙ୍କୁ କୌଣସି ଫି' ଦେବାକୁ ପଡ଼ିବ ନାହିଁ। ସେହିପରି ଫି' ଦେଇଥିବା ପ୍ରାର୍ଥୀ ପରୀକ୍ଷାରେ ଉପସ୍ଥିତ ରହିଲେ, ତାଙ୍କ ଫି' ଫେରସ୍ତ କରାଯିବ। ଏନେଇ ଏକ ଗେଜେଟ୍ ବିଜ୍ଞପ୍ତି ପ୍ରକାଶ ପାଇଛି।

ନିଯୁକ୍ତି ପରୀକ୍ଷା ପାଇଁ ଆବେଦନ କରୁଥିବା ବହୁ ଆଶାୟୀ ପରୀକ୍ଷା ଦେଉନାହାନ୍ତି। ଏପରିକି, ଅଧାରୁ ଅଧିକ ପ୍ରାର୍ଥୀ ପରୀକ୍ଷାରେ ଅନୁପସ୍ଥିତ ରହୁଛନ୍ତି। ଏପରି ଖାମଖିଆଲ ମନୋଭାବ ରଖି ଆବେଦନ କରୁଥିବା ପ୍ରାର୍ଥୀଙ୍କ ପାଇଁ ନିଯୁକ୍ତି ପ୍ରକ୍ରିୟା ମନ୍ଥର ହେଉଛି। ପରୀକ୍ଷା ବ୍ୟବସ୍ଥା କରିବାକୁ ବ୍ୟାପକ ରାଜସ୍ୱ ଖର୍ଚ୍ଚ ହେଉଥିବା ବେଳେ ଏହା ସମୟସାପେକ୍ଷ ମଧ୍ୟ। ତେଣୁ ଆବେଦନ ସମୟରେ ଫି' ଲାଗୁ ହେଲେ ଏସବୁ ସମସ୍ୟାରେ ସୁଧାର ଆସିପାରିବ। ପରୀକ୍ଷା ଦେଉଥିବା ପ୍ରାର୍ଥୀଙ୍କୁ କୌଣସି ଆର୍ଥିକ ବୋଝ ରହିବ ନାହିଁ। ପରୀକ୍ଷାରେ ଉପସ୍ଥିତ ରହିଲେ ଶତପ୍ରତିଶତ ଫି' ଫେରସ୍ତ କରାଯିବ। ଆବେଦନ କରି ପରୀକ୍ଷା ଦେଉ ନଥିବା ପରୀକ୍ଷାର୍ଥୀଙ୍କୁ ଆବେଦନ ଫି' ଫେରସ୍ତ କରାଯିବ ନାହିଁ ବୋଲି କୁହାଯାଉଛି।

ଗେଜେଟ୍ ବିଜ୍ଞପ୍ତି ଅନୁଯାୟୀ, ପରବର୍ତ୍ତୀ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ କରିବାକୁ ସମସ୍ତ ବିଭାଗ ଓ ଜିଲ୍ଲାପାଳମାନଙ୍କୁ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ଅବଗତ କରାଯାଇଛି। ରାଜ୍ୟରେ ନିଯୁକ୍ତି ପରିଚାଳନା କରୁଥିବା ଓଡ଼ିଶା ଲୋକସେବା ଆୟୋଗ(ଓପିଏସ୍‌ସି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ(ଓଏସ୍‌ଏସ୍‌ସି), ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ(ଓଏସ୍‌ଏସ୍‌ଏସ୍‌ସି) ସମେତ ଅନ୍ୟ ସମସ୍ତ ସଂସ୍ଥା ଏହି ଆଧାରରେ ଫି' ନିର୍ଦ୍ଧାରଣ କରି ବିଜ୍ଞପ୍ତି ପ୍ରକାଶ କରିବେ।

ପୂର୍ବରୁ ପରୀକ୍ଷା ସଂସ୍କାର ପାଇଁ ଏକକ ମାର୍ଗଦର୍ଶିକା ଜାରି ହୋଇଥିବା ବେଳେ ଏହି ଗେଜେଟ୍ ବିଜ୍ଞପ୍ତି ଆଶାୟୀଙ୍କ ମଧ୍ୟରେ ନୂତନ ଆଶା ସଞ୍ଚାର କରିଛି। ଗତ ଜାନୁଆରୀରୁ ସାଧାରଣ ସ୍ନାତକ ପିଲାଙ୍କ ପାଇଁ କୌଣସି ନିଯୁକ୍ତି ବାହାରି ନଥିବାରୁ ଏବେ ବିଭିନ୍ନ ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇବ ବୋଲି ଆଶା ବାନ୍ଧିଛନ୍ତି। ବିଶେଷକରି, ଦୀର୍ଘଦିନରୁ ଅପେକ୍ଷିତ ଥିବା ଓଡ଼ିଶା ସିଜିଏଲ୍, ଏଏସ୍‌ଓ, ବିଶ୍ୱବିଦ୍ୟାଳୟର ଅଣଶିକ୍ଷକ ପଦ, କମ୍ୟୁନିକେସନ୍ କନେଷ୍ଟବଳ ଓ ଜେଇଏ ପରି ପଦରେ ନିଯୁକ୍ତି ପାଇଁ ଖୁବ୍‌ଶୀଘ୍ର ବିଜ୍ଞପ୍ତି ପ୍ରକାଶ ପାଇବ ବୋଲି ଆଶାୟୀମାନେ ଆଶା ବାନ୍ଧିଛନ୍ତି।

# ଏକାଧିକ ଥର ଟ୍ରାଫିକ୍ ନିୟମ ଭାଙ୍ଗିଲେ ଗାଡ଼ି ବ୍ଲାକ୍ ଲିଷ୍ଟ

ଭୁବନେଶ୍ୱର,୧୬।୧୦(ସମିସ): ଏକାଧିକ ଥର ଟ୍ରାଫିକ୍ ନିୟମ ଉଲ୍ଲଂଘନ କରୁଥିବା ଗାଡ଼ି ଚାଳକ ଏବେ ସାବାଡ଼ ହେବେ। ସେମାନଙ୍କୁ ଖୋଜି ଖୋଜି ଚିହ୍ନଟ କରି ବ୍ଲାକ୍ ଲିଷ୍ଟ କରିବ ଟ୍ରାଫିକ୍ ପୁଲିସ। ବାରମ୍ବାର ଟ୍ରାଫିକ ନିୟମ ଭାଙ୍ଗିଲେ ରଦ୍ଦହେବ ଗାଡ଼ି ରେଜିଷ୍ଟ୍ରେସନ୍ ନମ୍ବର। ଏଭଳି ୨୫୮ଟି ଗାଡ଼ିକୁ ଚିହ୍ନଟ କରିଛି କମିଶନରେଟ

- ନିୟମ ଭାଙ୍ଗିଥିବା ୨୫୮ ଗାଡ଼ିକୁ ଚିହ୍ନଟ କଲା ଟ୍ରାଫିକ୍ ପୁଲିସ
- ରେଜିଷ୍ଟ୍ରେସନ୍ ନମ୍ବର ରଦ୍ଦ ପାଇଁ ପରିବହନ ବିଭାଗକୁ ଚିଠି

ଟ୍ରାଫିକ୍ ପୁଲିସ। ୨୫୮ଟି ଗାଡ଼ିର ରେଜିଷ୍ଟ୍ରେସନ୍ ନମ୍ବର, ଫିଟ୍‌ନେସ୍ ସାର୍ଟିଫିକେଟ ରଦ୍ଦ ପାଇଁ ପରିବହନ ବିଭାଗକୁ ଚିଠି ଲେଖିଛି। ଏହି ଚିଠି ଆଧାରରେ ଖୁବ୍‌ଶୀଘ୍ର ଚିହ୍ନଟ ଗାଡ଼ିର ରେଜିଷ୍ଟ୍ରେସନ ନମ୍ବର ରଦ୍ଦ କରାଯିବ।

ରାସ୍ତାରେ ଅମାନିଆ ଗାଡ଼ି ଚାଳକଙ୍କ ଯୋଗୁଁ ଅନେକ ଦୁର୍ଘଟଣା ଘଟୁଛି। ଅନେକ ଲୋକଙ୍କ ଜୀବନ ଯାଉଛି। ପ୍ରତିବର୍ଷ ସଡ଼କ ଦୁର୍ଘଟଣାରେ ରାଜ୍ୟରେ ହାରାହାରି ୫ ହଜାର ଲୋକଙ୍କ ମୃତ୍ୟୁ ଘଟୁଛି। ଯେଉଁଥିପାଇଁ ଅନେକ ପରିବାର ଛାରଖାର ହେଉଛି। ଏବେ ଏସବୁରେ ରୋକ ଲଗାଇବା ପାଇଁ ଟ୍ରାଫିକ୍ ପୁଲିସ ଅଭିନବ ବ୍ୟବସ୍ଥା ଆରମ୍ଭ କରିଛି। ଟ୍ରାଫିକ୍ ନିୟମ ଭାଙ୍ଗୁଥିବା ଅମାନିଆଙ୍କୁ ଚିହ୍ନଟ କରି ପୁଲିସ ଅନ୍‌ଲାଇନ୍‌ରେ ଚାଲାଣ କାଟୁଥିଲେ। କିନ୍ତୁ ତାହା ସେମାନଙ୍କ ଉପରେ କିଛି ବି ପ୍ରଭାବ ପକାଇ ପାରୁ ନ ଥିଲା। ଗୋଟିଏ ଗାଡ଼ି ଉପରେ ୨୦ରୁ ଅଧିକ ଚାଲାଣ ରହିଛି। ସେମାନେ ନା ଜରିମାନା ପୈଠ କରୁଛନ୍ତି ନା ଟ୍ରାଫିକ୍ ନିୟମ ମାନୁଛନ୍ତି। ଖୁଲମ୍‌ଖୁଲା ଟ୍ରାଫିକ୍ ନିୟମ ଉଲ୍ଲଂଘନ କରି ଅନ୍ୟମାନଙ୍କୁ ଅସୁବିଧାରେ ପକାଉଛନ୍ତି। ଯାହାଫଳରେ ସହରରେ ଦୁର୍ଘଟଣା ହାର ବଢ଼ିବାରେ ଲାଗିଛି। ଏସବୁରେ ପୂର୍ଣ୍ଣଚ୍ଛେଦ ପକାଇବାକୁ ଏଥର କମିଶନରେଟ ପୁଲିସ ଅଣ୍ଟା ଭିଡ଼ିଛି।

# ବିଦେଶ ଗସ୍ତରେ ବାଚସ୍ପତି

### ପ୍ରବାସୀ ଓଡିଆଙ୍କ ଦ୍ୱାରା କାର୍ଯ୍ୟକ୍ରମରେ ଯୋଗଦେଲେ

ଭୁବନେଶ୍ୱର,୧୬।୧୦(ସମିସ): ବିଦେଶ ଗସ୍ତରେ ଥିବା ବାଚସ୍ପତି ସୁରମା ପାଢ଼ୀ ବାର୍ବାଡୋସ୍‌ର ବ୍ରିଜ୍‌ଟାଉନ୍ ରାଜ୍ୟଗୋଷ୍ଠୀ ସଂସଦୀୟ ସଂଘ ଓ ରାଜ୍ୟଗୋଷ୍ଠୀ ମହିଳା ସମ୍ମିଳନୀରେ ଯୋଗଦେଇ ବ୍ରିଟେନ୍, ସୁଇଜରଲ୍ୟାଣ୍ଡ ଓ ଫ୍ରାନ୍ସ ଗସ୍ତ କରିଛନ୍ତି। ବ୍ରିଟେନଠାରେ ଭାରତୀୟ ହାଇକମିଶନର ତାଙ୍କୁ ସ୍ୱାଗତ କରିଥିଲେ। ସେଠାରେ ପ୍ରବାସୀ ଭାରତୀୟ ତଥା ପ୍ରବାସୀ ଓଡ଼ିଆମାନଙ୍କ ଦ୍ୱାରା ଆୟୋଜିତ କାର୍ଯ୍ୟକ୍ରମରେ ଯୋଗଦେଇ ୨୦୪୭ ସୁଦ୍ଧା ଏକ ବିକଶିତ ଭାରତର ଲକ୍ଷ୍ୟ ରହିଥିବାବେଳେ ୨୦୩୬ ମସିହା ସୁଦ୍ଧା ଓଡିଶା ଏକ ସମୃଦ୍ଧ ରାଜ୍ୟରେ ପରିଣତ ହେବାକୁ ଯାଉଛି ବୋଲି ବାଚସ୍ପତି କହିବା ସହ ବ୍ରିଟିଶ୍ ମ୍ୟୁଜିୟମ୍ ସହ ବକିଂହାମ୍ ପ୍ୟାଲେସ୍ ବୁଲି ଦେଖିଥିଲେ। ଏହାପରେ ବାଚସ୍ପତି ସୁଇଜରଲ୍ୟାଣ୍ଡର ଗସ୍ତ କରିଥିବା ବେଳେ ଜୁରିକ୍‌ଠାରେ ଭାରତର ରାଷ୍ଟ୍ରଦୂତ ତାଙ୍କୁ ସ୍ୱାଗତ କରିବା ସହ ପ୍ରବାସୀ ଓଡିଆମାନେ ସମ୍ବର୍ଦ୍ଧିତ କରିଥିଲେ।

ସେହିପରି ଫ୍ରାନ୍ସର ରାଜଧାନୀ ପ୍ୟାରିସ୍‌ଠାରେ ମଧ୍ୟ ତାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଅବସରରେ ପ୍ରବାସୀଙ୍କୁ ଉଦ୍‌ବୋଧନ ଦେଇ ବାଚସ୍ପତି କହିଲେ ଯେ ଓଡ଼ିଶା ହେଉଛି ପ୍ରଭୁ ଶ୍ରୀଜଗନ୍ନାଥଙ୍କ ମାଟି। ଆମର ପରିଚୟ ହେଉଛି ଜଗନ୍ନାଥ ସଂସ୍କୃତି। ଏହି ସଂସ୍କୃତିର ମହନୀୟତାକୁ ବିଶ୍ୱ ଦରବାରରେ ପହଞ୍ଚାଇବା କ୍ଷେତ୍ରରେ ଆପଣମାନେ ସାଂସ୍କୃତିକ ରାଷ୍ଟ୍ରଦୂତ ଭାବେ କାର୍ଯ୍ୟ କରିବେ ବୋଲି ବାଚସ୍ପତି ଆଶା ପ୍ରକାଶ କରିଥିଲେ। ଆସନ୍ତା ୧୯ ତାରିଖରେ ବାଚସ୍ପତି ଓଡିଶା ଫେରିବାର କାର୍ଯ୍ୟକ୍ରମ ରହିଛି।



## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଶେଷ ପର୍ଯ୍ୟନ୍ତ...

ନବୀନ ପଟ୍ଟନାୟକ ଜିନ୍ଦାବାଦ ନାରାରେ ସମଗ୍ର ଅଞ୍ଚଳ ପ୍ରକମ୍ପିତ ହୋଇ ଉଠିଥିଲା। ନବୀନ ମଧ୍ୟ ସେମାନଙ୍କୁ ନିରାଶ କରି ନ ଥିଲେ। ଚିରାଚରିତ ଭାବେ ମୁହଁରେ ସ୍ମିତହାସ୍ୟ ସହ ହାତ ହଲାଇ ସେମାନଙ୍କର ଅଭିବାଦନ ଗ୍ରହଣ କରିଥିଲେ ନବୀନ। ଆୟୋଜିତ ସଭାରେ ନବୀନ ଉପସ୍ଥିତ ଜନତା ଓ କର୍ମୀଙ୍କୁ ଜନ୍ମ ଦିନର ଶୁଭେଚ୍ଛା ପାଇଁ ଧନ୍ୟବାଦ ଜଣାଇଥିଲେ। ଏହା ସହ ଉପସ୍ଥିତ ଛୋଟଛୋଟ ପିଲାଙ୍କୁ ଚକୋଲେଟ୍ ଦେଇଥିଲେ।

ଭୁବନେଶ୍ୱର ବିଜେଡି ସଭାପତି ଅଶୋକ ଚନ୍ଦ୍ର ପଣ୍ଡାଙ୍କ ସଭାପତିତ୍ୱରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବିଜେଡିର ବରିଷ୍ଠ ଉପସଭାପତି ଦେବୀପ୍ରସାଦ ମିଶ୍ର, ସାଂସଦ ଦେବାଶିଷ ସାମନ୍ତରାୟ, ସାଂସଦ ସୁଲତା ଦେଓ, ବିଧାୟିକା ପ୍ରମିଳା ମଲ୍ଲିକ, ବିଧାୟକ ଅନନ୍ତ ନାରାୟଣ ଜେନା, ବିଧାୟକ ସୁଶାନ୍ତ ରାଉତ, ବିଧାୟକ ବିଭୁତି ବଳବନ୍ତରାୟ ,ଭୁବନେଶ୍ୱର ମେୟର ସୁଲୋଚନା ଦାସ, ଡେପୁଟି ମେୟର ମଞ୍ଜୁଲତା କହଁର, ବିଜେଡି ଭୁବନେଶ୍ୱର ସାଂସଦ ପ୍ରାର୍ଥୀ ମନ୍ମଥ ରାଉତରାୟ ଓ ବିଜେଡିର କର୍ପୋରେଟର ମାନେ ଯୋଗ ଦେଇଥିଲେ। ସୂଚନାଯୋଗ୍ୟ ଯେ ଚଳିତ ବର୍ଷ ବିଜେଡିର ଜନ ସମ୍ପର୍କ ପଦଯାତ୍ରା ଗତ ତାରିଖରୁ ଆରମ୍ଭ ହୋଇଛି। ଆସନ୍ତା ଏହା ନଭେମ୍ବର ୯ ତାରିଖ ପର୍ଯ୍ୟନ୍ତ ଚାଲିବ।

### ଶିଶୁ ଗ୍ରାମରେ...

କେକ୍ କାଟିଥିଲେ। ପିଲାମାନେ ମଧ୍ୟ ନିଜ ପ୍ରିୟ ମଣିଷ, ଜୀବନର ଆଦର୍ଶଙ୍କୁ ପାଖରେ ପାଇ ଅଭିଭୂତ ହୋଇଥିଲେ। ପିଲାଙ୍କ ସହ ଜନ୍ମଦିନ ପାଳନ କରି ମୁଁ ବହୁତ ଖୁସି ବୋଲି ନବୀନ କହିବା ସହ ସେମାନଙ୍କୁ ଭଲ ପାଠ ପଢ଼ିବା ସହ ଜୀବନରେ ଭଲ ମଣିଷ ହେବାକୁ ଆଶୀର୍ବାଦ ପ୍ରଦାନ କରିଛନ୍ତି। ଏସଓଏସ ଶିଶୁ ଗ୍ରାମରେ ନବୀନ ଏବଂ ଛୋଟ ପିଲାମାନଙ୍କ ଏହି ଯୁଗଳବନ୍ଦୀ ଆଜି ରାଜ୍ୟବ୍ୟାପୀ ଚର୍ଚ୍ଚା ଏବଂ ଆକର୍ଷଣର କେନ୍ଦ୍ରବିନ୍ଦୁ ପାଲଟିଛି।

ଭୁବନେଶ୍ୱର ଏସଓଏସ ଶିଶୁ ଗ୍ରାମରେ ନବୀନ ପହଞ୍ଚିବା ମାତ୍ରେ ପିଲାମାନେ ନବୀନଙ୍କୁ ଘେରି ଯାଇଥିଲେ। ନବୀନଙ୍କ ଜନ୍ମଦିନ ପାଇଁ ସେମାନେ ପ୍ରସ୍ତୁତ କରିଥିବା ଫଟୋଚିତ୍ର, କାର୍ଡ ଏବଂ ବିଭିନ୍ନ ହାତଲେଖା ଶୁଭେଚ୍ଛା ବାର୍ତ୍ତା ନବୀନଙ୍କୁ ପ୍ରଦାନ କରିଥିଲେ। ନବୀନ ମଧ୍ୟ ସେମାନଙ୍କୁ ଚକୋଲେଟ ସହ ଉପହାର ପ୍ରଦାନ କରିଥିଲେ। ସେମାନଙ୍କ ଦ୍ୱାରା ପ୍ରସ୍ତୁତ କେକକୁ ନବୀନ କାଟିବା ସହ ନିଜର ୭୯ତମ ଜନ୍ମଦିନ ପାଳନ କରିଥିଲେ ନବୀନ। ପିଲାମାନଙ୍କୁ ଆଶୀର୍ବାଦ କରି ଶ୍ରୀ ପଟ୍ଟନାୟକ କହିଥିଲେ ଯେ ଆଜି ପିଲାମାନଙ୍କ ସହ ଜନ୍ମ ଦିନ ପାଳନ କରି ସେ ବହୁତ ଖୁସି। ତାଙ୍କ ଜନ୍ମ ଦିନରେ ସାମିଲ ହୋଇ ଥିବାରୁ ଶ୍ରୀ ପଟ୍ଟନାୟକ ପିଲାମାନଙ୍କୁ ଧନ୍ୟବାଦ ଜଣାଇଥିଲେ। ନବୀନଙ୍କ ଗସ୍ତ ନେଇ ଏସଓଏସର ନିର୍ଦ୍ଦେଶକ ଅବିନାଶ ହୋତା କହିଛନ୍ତି ଯେ ନବୀନ ସାର୍‌ଙ୍କ ଗସ୍ତ ସୂଚନା ପାଇବା ପରେ ପିଲାମାନେ ଅତ୍ୟନ୍ତ ଉତ୍ସାହିତ ହୋଇ ପଡ଼ିଥିଲେ। ନିଜ ପ୍ରିୟ ମଣିଷଙ୍କୁ ଜନ୍ମଦିନର ଶୁଭେଚ୍ଛା ଜଣାଇବାକୁ ସେମାନେ ସ୍ୱତପ୍ରବୃତ୍ତ ଭାବେ ନିଜକୁ ପ୍ରସ୍ତୁତ କରିଥିଲେ। ସାର୍‌ଙ୍କ ଆଶୀର୍ବାଦ ସବୁବେଳେ ପିଲାମାନଙ୍କ ଉପରେ ଏମିତି ରହିଥାଉ ବୋଲି ସେ କହିଛନ୍ତି ।

ଅନ୍ୟପକ୍ଷରେ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କୁ ଜନ୍ମଦିନର ଶୁଭେଚ୍ଛା ସୁଅ ଛୁଟିଛି। ନବୀନ ୭୯ ତମ ଜନ୍ମ ଦିନରେ ରାଜ୍ୟପାଳଙ୍କଠାରୁ ଆରମ୍ଭ କରି ମୁଖ୍ୟମନ୍ତ୍ରୀ ଓ ଏକାଧିକ କେନ୍ଦ୍ରମନ୍ତ୍ରୀଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ବିଶେଷ ନବୀନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସକାଳେ ଫୋନ୍ ଯୋଗେ ନବୀନଙ୍କ ସହ କଥା ହୋଇ ତାଙ୍କୁ ଜନ୍ମ ଦିନର ଶୁଭେଚ୍ଛା ଜଣାଇଛନ୍ତି। ଏହି ଅବସରରେ ସେ ନବୀନଙ୍କ ଦୀର୍ଘ ନିରାମୟ ଜୀବନ ପାଇଁ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା କରୁଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ସେହିପରି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ନିଜ ଏକ୍ସରେ ଉଲ୍ଲେଖ କରି ନବୀନଙ୍କୁ ଜନ୍ମ ଦିନ ଶୁଭେଚ୍ଛା ଜଣାଇଛନ୍ତି। ସେ ନବୀନଙ୍କୁ ଜନ୍ମଦିନର ଶୁଭକାମନା ଜଣାଇବା ସହିତ ମହାପ୍ରଭୁଙ୍କ ପାଖରେ ତାଙ୍କର ଉତ୍ତମ ସ୍ୱାସ୍ଥ୍ୟ ସହ ଦୀର୍ଘ ଓ ନିରାମୟ ଜୀବନ କାମନା କରିଛନ୍ତି। ଏହାସହିତ କେନ୍ଦ୍ରମନ୍ତ୍ରୀ ଶିବରାଜ ସିଂ ଚୌହାନ, ଜୁଏଲ୍ ଓରାମଙ୍କ ସମେତ ଉପମୁଖ୍ୟମନ୍ତ୍ରୀ କେଭି ସିଂହଦେଓ, ପ୍ରଭାତୀ ପରିଡ଼ା, ପିସିସି ସଭାପତି ଭକ୍ତ ଚରଣ ଦାସଙ୍କ ସମେତ ଅନ୍ୟ ବହୁ ବ୍ୟକ୍ତିବିଶେଷ ନବୀନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।


**ପୂର୍ବ ତଟ ରେଳପଥ**
**ଶୁଦ୍ଧିପତ୍ର ସଂ. - 02**
ଟେଣ୍ଡର ବିଜ୍ଞପ୍ତି ସଂ. ETCECONIIBBS2025040 ତା. 12.09.2025 ରିଖ
ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତିରେ ନିମ୍ନଲିଖିତ ସଂଶୋଧନ କରାଯାଇଛି, ଯାହାକୁ ଦୟାକରି ଧ୍ୟାନ ଦେବା ଆବଶ୍ୟକ।
**ବିଷୟ:** ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :-

| ପ୍ରକାଶିତ ଅନୁଯାୟୀ (ଶୁଦ୍ଧିପତ୍ର ସଂ. - 01) | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|
| ତା.24.10.2025 ରିଖ 1200 ଘଟିକାରେ | ତା.04.11.2025ରିଖ 1200 ଘଟିକାରେ |

ବିସ୍ତୃତ ବିବରଣୀ ନିମନ୍ତେ ଦୟାକରି ୱେବସାଇଟ୍ : www.ireps.gov.in ଅବଲୋକନ କରନ୍ତୁ।
ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର
PR-135/CI/25-26

**AFFIDAVIT**
By virtue of an Affidavit before Notary Public, Malkangiri, I, **Deepa Majhi**, aged about 20 years, W/o.: Binod Majhi,D/o.: Nepal Saha resident of Village: M.V.23, PO.: Mariwada, P.S: Korukanda, Dist: Malkangiri, Odisha-764045, declare by this Affidavit No.: 2069/2025, Dated: 16.10.2025 that I have changed my name from Deepa Saha to **Deepa Majhi**. Henceforth I shall be known as **Deepa Majhi** for all future purposes.

**AFFIDAVIT**
I, Kuntala Kumari Dash, W/o- Nrusinha Prasad Das, Resident of At/PO: Old LIC Building, Pujariput, Koraput, Koraput, Dist.: Koraput, Odisha, PIN-764020, declared by this Affidavit No:1215/2025 Dated: 16.10.2025. That now onwards I shall be known as **KUNTALA KUMARI DAS** for all future Purposes.

**AFFIDAVIT**
By virtue of an Affidavit before the Executive Magistrate, Bhadrak, Affidavit No-2721, dated 15.10.2025, I Krushna Chandar Das, Resident of Vill-Padhuan, P.S-Basudevpur, Dist-Bhadrak, Odisha - 756125 declare that I have Changed my name from Bablu Das to Krushna Chandar Das. Henceforth I shall be known as KRUSHNA CHANDAR DAS for all future purposes.
KRUSHNA CHANDAR DAS

**PUJA OFFER SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**AFFIDAVIT**
I, Parmashwari, W/o- Lalit Bhatter, At- Traffic Square, P.O. Baripada, Dist- Mayurbhanj (Odisha), declare by affidavit No-1096, dated 15/10/25, that now onwards I shall be known as **Parmashwari Bhatter** for all future purposes.

**NAME CHANGE**
By virtue of an Affidavit sworn before Executive Magistrate, Bhubaneswar CF.NO. 52, on Dated 15.10.2025, I, **UMARANI MOHAPATRA**, W/o Balaram Mohapatra, permanent resident of At- Rasika, Po- Rajaloka, Ps- Jharpokharia, Dist- Mayurbhanj, Odisha, Pin- 757086 declare that I have changed my name from **UMAMANI MOHAPATRA** (Old Name) to **UMARANI MOHAPATRA** (New Name). Henceforth, I shall be known as **UMARANI MOHAPATRA** for all future purposes.
Sd- (UMARANI MOHAPATRA)

**AFFIDAVIT**
By virtue of an affidavit no. 2625, dtd. 15.10.2025 before the Executive Magistrate, Phulbani, Dist.- Kandhamal, I, Amiya Kanhar, At-Pabingia, Po- Pabingia, Ps-Phiringia, District- Kandhamal, Odisha, Pin-762011 have changed my minor son's name from Ankiti Kanhar to Ankit Kanhar. Henceforth he will be known as **Ankit Kanhar** for all purposes.
Sd/- Amiya Kanhar

**SALE**
1 Number of TATA INTRA V-30 HD (SCV) / 2023, Registration No.- OD-01-AT-6551, Model- 2023, ENGINE NO – 15CR09HWXSA1170, CHASSIS NO - MAT535348PYH37249, For Details, contact- 9437560894, 94375 77758, SUNDARAM FINANCE LTD., First floor, Choudhury Complex , SAHADEVKHUNTA, BALASORE - 756001, PH. NO- 06782-266657

**AFFIDAVIT**
I, Abhisek Tripathy, S/o. Ashok Kumar Tripathy, resident of Plot No. 87/2322, Nigamananda Nagar, Bomikhal, P.S.- Sahid Nagar, Ward No.31 Bhubaneswar-751010, Dist - Khordha, Odisha declare by this Affidavit No. 52, dtd.13.10.2025, that now onwards I shall be known as **ABHISHEK TRIPATHY** for all future purposes.

**AFFIDAVIT**
By virtue of an affidavit C.F.NO - 92, dated on 06.08.2025 in the court of the Executive Magistrate Bhubaneswar , Address Nayagarh Dist : Nayagarh. I Rajalaxmi Panda have changed my name from Laxmi Priya Panda to Rajalaxmi Panda . Hence Forth he will be known as Rajalaxmi Panda instead of Laxmi Priya Panda for all purposes.
Sd/- Rajalaxmi Panda

**AFFIDAVIT**
By virtue of an affidavit Sl. No. 2626, dtd. 15.10.2025 in the court of the Executive Magistrate, Phulbani, Dist.- Kandhamal, I, Samanta Kanhar, At- Ladadi, Po- Jajespanga, Ps.- Phiringia, Dist.- Kandhamal - 762011 have changed my minor daughter's name from Lovely Kanhar to Pallabi Kanhar. Henceforth she will be known as Pallabi Kanhar for all purposes.
Sd/- Samanta Kanhar

**AFFIDAVIT**
I, Satyasikha Tripathy, W/o. Sri Abhishek Tripathy, resident of Plot No. 87/2322, Nigamananda Nagar, Bomikhal, P.S.- Sahid Nagar, Ward No.31, Bhubaneswar-751010, Dist - Khordha, Odisha declare by this Affidavit No. 53, dtd.13.10.2025, that now onwards I shall be known as **SATYASHIKHA TRIPATHY** for all future purposes.

**AFFIDAVIT**
I, Papuna Khan, S/o- Late Rasid Khan, resident of At- Gayabandha, Po- Damanabhumi, Ps- Jankia, Dist- Khordha, PIN- 752020, Odisha declared by this affidavit No. 566, dtd- 15/10/2025 that now onwards I shall be known as **PAPUN KHAN** for all future purposes.

**AFFIDAVIT**
I, Badakulu Ada Patra, aged about 36 years, S/o- Badakulu Chandru Patra, resident of At- Sasanapalli, Po- Jagannathpur, Dist- Ganjam, Pin- 761003, Odisha declare by this affidavit No. 2102, dtd. 16/10/2025, that now onwards I shall be known as **B ADIADA PATRA** for all future purposes.

**AFFIDAVIT**
By virtue of an Affidavit before Notary Public, Malkangiri, I, **Ananda Barman**, aged about 42 years, S/o.: Basudeb Barman, resident of Village: M.V.28, PO.: Kamwada, P.S: Korukanda, Dist: Malkangiri, Odisha, declare by this Affidavit No.: 12456/2025, Dated: 16.10.2025 that I have changed my name from Anand Barman to **Ananda Barman**. Henceforth I shall be known as **Ananda Barman** for all future purposes.

**AFFIDAVIT**
I, Subhakant Swain, S/o- Ashok Kumar Swain, resident of Plot No- 367/3293, Flat no-B-202, 2nd Floor, Sishu Vihar, Infocity, Kalarahanga, Dist- Khurda PIN-751024, Odisha declared by this affidavit No-838, dtd- 15/10/2025 that now onwards I shall be known as **SUBHAKANTA SWAIN** for all future purposes

**LOST**
I, **Rakesh Kumar Biswal,** aged about 36 years, S/o Maheswar Biswal, resident of At- Bhagabat Sandhan, Laxmisagar, Po- Budheswari Colony, Ps- Laxmisagar, Bhubaneswar, Dist: Khordha, PIN- 751006, Odisha declare that on dtd. 13/10/2025, while I was coming from Laxmi Sagar market area to my resident at 6.50 am, I have lost the Sale Deed bearing No. 4180, dtd- 06/04/2005 and ROR of the schedule of property under Mouza Godagopinathprasad, Bhubaneswar Sahar Unit No.37, bearing Khata No. 423/1216, Plot No. 1210/2031/2627 & Plot No. 1210/1988/2628, 1210/1990/2626, pervious owner name Rabindra Kumar Mishra from my custody along with other documents which was kept in my hand bag somewhere. Therefore, notice is hereby given to general public that, if anybody has got any right, title interest over the property on the missing document or on the above property they have to claim within 7 days from the date of publication and after that the documents will lose its legal force and we will not be responsible for any claim what-so-ever on the property after 5 days.
Advocate: Debabrata Padhy
Mob: 9040778197

**NAME CHANGE**
By virtue of an affidavit sworn before the Executive Magistrate, Astarang, CF. No. 2299, on dated 13/10/2025, I **JAYAKRUSHNA ROUT**, S/o Sarbeswar Rout, resident of Village At- Nanapur, Po- Jhadaling, Ps - Astarang, Dist- Puri, State- Odisha, declare that I have changed my name from **JAYAKRISHNA ROUT** (Old Name) to **JAYAKRUSHNA ROUT** (New Name). Henceforth, I shall be known as **JAYAKRUSHNA ROUT** for all future purposes.
(Sd- JAYAKRUSHNA ROUT)

**AFFIDAVIT**
By virtue of an affidavit sworn before the Executive Magistrate, Angul, dated:16.10.2025, I, **Smrutiranjan Jena,** S/o: Late Dillip Jena, Permanent/Current Address resident At: Badabahal, PO.: Kumurisingha, PS.: Angul Sadar, Dist.: Angul, Odisha- 759129 declare that I have changed my name from **"Sruti Ranjan Jena"** to Smrutiranjan Jena. Henceforth I shall be know as **Smrutiranjan Jena** for all purposes.

muthoot MICROFIN
**ମୁଥୁଟ୍ ମାଇକ୍ରୋଫିନ୍ ଲିମିଟେଡ୍**
ସି ଆଇ ଏନ:L65190MH1992PLC066228
ଇ-ମେଲ: info@muthootmicrofin.com
**ଶାଖା ବନ୍ଦ ଏବଂ ମିଶ୍ରଣ ପାଇଁ ସାଧାରଣ ସୂଚନା - ରେଜି.**

| ନଂ | ବନ୍ଦ ଶାଖା (ପୁରୁଣା ଠିକଣା) | ସ୍ଥାନାନ୍ତର ଶାଖା (ନୂତନ ଠିକଣା) |
|---|---|---|
| ୧ | [illegible] | [illegible] |
| ୨ | [illegible] | [illegible] |
| ୩ | [illegible] | [illegible] |

**ବନ୍ଦ/ସ୍ଥାନାନ୍ତରର କାର୍ଯ୍ୟକାରୀ ତାରିଖ: 17/01/2026**
... www.muthootmicrofin.com ... info@muthootmicrofin.com ...
ତାରିଖ: 17/10/2025

## ଦୀପାବଳି ଆସିଲେ ମନେପଡ଼େ କୁମ୍ଭକାରଙ୍କ କଥା

# ମାଟି ଦୀପର ଚାହିଦା ଅଛି, ପ୍ରୋତ୍ସାହନ ନାହିଁ

ବଡ଼ସାହି, ୧୬।୧୦(ସମିସ): ଦୀପାବଳି ପହଞ୍ଚିଲେ ମନେପଡ଼େ କୁମ୍ଭକାରଙ୍କ କଥା। ଯେତେ ରଙ୍ଗବେରଙ୍ଗର ଚାଇନା ନିର୍ମିତ ଏଲଇଡି ଲାଇଟରେ ଘରକୁ ସଜାଡିଲେ ମଧ୍ୟ ନିଶ୍ଚିତ ଭାବେ ମାଟି ଦୀପର ଚାହିଦା ରହିଥାଏ। ଏହି ପର୍ବ ଆସିଲେ ବିଶେଷ କରି କୁମ୍ଭକାର ଭାଇମାନେ ନିଜ ନିଜ ପରିବାର ସହିତ ଦୀପ ତିଆରିରେ ବ୍ୟସ୍ତଥାଆନ୍ତି। କାରଣ ସେତେବେଳର ଚାହିଦା ଅନୁସାରେ ପର୍ଯ୍ୟାପ୍ତ ପରିମାଣର ଦୀପ ତିଆରି କରି ତାକୁ ବଜାରରେ ବିକ୍ରିକରି ବେଶ୍ ଦୁଇ ପଇସା ଆୟ କରିବା ଏହା ହେଉଛି ସେମାନଙ୍କ ପାଇଁ ପ୍ରକୃଷ୍ଟ ସମୟ। ମାତ୍ର ଦୀପରେ ତେଲ ସଳିତା ଦେଇ ଜଗିରହି ସମୟ ନଷ୍ଟକରି ଦୀପ ଜାଳିବା ଆଧୁନିକ ସଭ୍ୟତାର ଲୋକମାନଙ୍କ ପାଇଁ କଷ୍ଟକର ହୋଇପଡ଼ିଛି। ଯାହାଫଳରେ ରଙ୍ଗବେରଙ୍ଗର ଲାଇଟ ତାର ସ୍ଥାନ ମାଡିବସୁଛି। ଦୀପାବଳି ଆସିଲେ କୁମ୍ଭକାର ପରିବାରର ପିଲାଠୁ ବୁଢା ପର୍ଯ୍ୟନ୍ତ ସମସ୍ତେ ଲାଗି ପଡ଼ିଛନ୍ତି ନିଜ ନିଜ କାମରେ। ପୁରୁଷମାନେ ମାଟି ସଂଗ୍ରହ କରିବା



ସହିତ ମାଟିକୁ ପାଣିରେ ଚକଟି ନିର୍ମାଣ ଉପଯୋଗୀ ପାଗ ପ୍ରସ୍ତୁତ କରିଥାନ୍ତି। ପରେ ମହିଳାମାନେ ଛାଞ୍ଚ ଓ ଚକି ଦ୍ୱାରା ଛୋଟ ବଡ ଦୀପାବଳୀ ତିଆରି କରିଥାନ୍ତି। ଛୋଟ ଛୋଟ ପିଲାମାନେ ଦୌଡି ଦୌଡି ସେଗୁଡିକୁ ଆଣି ଖରାରେ ଶୁଖାଉଥିବାର ଦେଖାଯାଇଛି। ଦିନ ତମାମ କାମ କଲେ ୫୦୦ରୁ ୭୦୦ଦୀପ ପ୍ରସ୍ତୁତ ହେଉଥିବାର କହନ୍ତି କୁମ୍ଭକାର ମନୁ ବେହେରା ଓ ନାରାୟଣ ବେହେରା। ଦୈନିକ ମଜୁରୀ ଯାହାମିଳେ ସେଥିରେ ତେଲ ଲୁଣର ସଂସାର ଚଳେ। ଯଦିଓ ଏହି ବେଉସାରେ ଉଚିତ ପାରିଶ୍ରମିକ ମିଳେ ନାହିଁ, ତଥାପି ଜାତି ଅନୁଶାରେ ଏହି ବେଉସାକୁ ସମ୍ପୂର୍ଣ୍ଣ ଛାଡି ମଧ୍ୟ ହେଉନାହିଁ। ଦୀପାବଳୀ ୨ ମାସ ପୂର୍ବରୁ ଦୀପ କାମ ଆରମ୍ଭ କରାଯାଉଥିବା ବେଳେ ଏହି ସମୟରେ ବଜାରରୁ କିଛି ବ୍ୟବସାୟୀ ଆସି ଦୀପ ସଂଗ୍ରହ କରିନେଇ ନିଜର ବ୍ୟବସାୟ କରିଥାନ୍ତି। ସରକାରଙ୍କ ପ୍ରୋତ୍ସାହନ ନ ମିଳିଲେ ଭବିଷ୍ୟତ ପିଢିଙ୍କ ପାଇଁ ଏହି ବେଉସା ଯେ ବଞ୍ଚି ରହିବ ତାହା ସନ୍ଦେହ। ଆଧୁନିକ ଜ୍ଞାନକୌଶଳରେ ତାଲିମ ଓ ସବସିଡ଼ିଯୁକ୍ତ ଋଣ ପ୍ରଦାନ ନ କଲେ ଏହାର ଭବିଷ୍ୟତ ଅନ୍ଧାର କହିଲେ ଅତ୍ୟୁକ୍ତି ହେବ ନାହିଁ। ଟେରାକୋଟା ଓ ଫ୍ୟାନ୍ସି ଦୀପାଳୀ ବର୍ତ୍ତମାନ ଗାଁଗଣ୍ଡା ଦୀପର ସ୍ଥାନ ମାଡି ବସିବାକୁ ବସିଲାଣି। ମାଟି ଦୀପ ପ୍ରତିବଦଳରେ ସେହି ଟଙ୍କାରେ ଲାଇଟ୍ କିଣି ଘରକୁ ସଜାଇଲେ ଘର ଅଧିକ ସୁନ୍ଦର ଓ ଆକର୍ଷଣୀୟ ଦେଖାଯାଏ। ଏତଦ୍‌ବ୍ୟତୀତ ଏହା ଥରେ କିଣିଲେ ବହୁଦିନ ଧରି ବ୍ୟବହାର କରି ହେଉଛି। ତେଣୁ ଏହାକୁ ଲୋକେ ଅଧିକ ପସନ୍ଦ କରୁଥିବାର କଲେଜ ଛାତ୍ରୀ ମମତା ବିଶ୍ୱାଳ ପ୍ରକାଶ କରିଛନ୍ତି। ଆଧୁନିକତାର ଦ୍ୱାହି ଦେଇ ବର୍ତ୍ତମାନ ଯୁଗର ଲୋକେ ଦୀପାବଳୀରେ ଦୀପ ଜାଳିବାର ଉଦ୍ଦେଶ୍ୟ ଓ ପରମ୍ପରାକୁ ଭୁଲିବାକୁ ବସିଛନ୍ତି। ଦୀପାବଳୀରେ ମହାଲକ୍ଷ୍ମୀଙ୍କୁ ଆବାହନ କରାଯାଉଥିବା ବେଳେ ଚଳିତ ବର୍ଷ ଚୀନର ଫ୍ୟାନ୍ସି ସମଗ୍ରୀରେ ନୁହେଁ ଘରେ ବାହାରେ ସବୁ ସ୍ଥାନକୁ ମାଟି ଦୀପରେ ଆଲୋକିତ କରିବା ସହିତ ପରିବେଶକୁ ସୁନ୍ଦର ଭାବରେ ସଜେଇବା ଉଚିତ ବୋଲି ସେମାନେ ମତ ପୋଷଣ କରିଛନ୍ତି।

## ବ୍ଲକ୍‌ସ୍ତରୀୟ ଏକଦିବସୀୟ ବିଜ୍ଞାନ ଓ ଗଣିତ ଶିକ୍ଷକଙ୍କ ପ୍ରଶିକ୍ଷଣ

ରାଇରଙ୍ଗପୁର, ୧୬।୧୦(ସମିସ): ମୟୂରଭଞ୍ଜ ଜିଲ୍ଲା ବହଳଦା ବ୍ଲକ ଅଧୀନ ବହଳଦା ଉଚ୍ଚବିଦ୍ୟାଳୟ ପରିସରରେ ଏକଦିବସୀୟ ବିଜ୍ଞାନ ଓ ଗଣିତ ଶିକ୍ଷକଙ୍କ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ବହଳଦା ସହକାରୀ ଗୋଷ୍ଠୀ ଶିକ୍ଷାଧିକାରୀ ଭୁତନାଥ ସିଠ୍ ଓ ପ୍ରାଥମିକ ଶିକ୍ଷକ ମନୋରଞ୍ଜନ ଗିରି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ପ୍ରଶିକ୍ଷକ ଭାବେ ରଘୁନାଥ ଜୀଉ ଉଚ୍ଚବିଦ୍ୟାଳୟର ପ୍ରଧାନଶିକ୍ଷକ ଅନୀଲ ସେଠୀ, ଶିକ୍ଷକ ବାବୁଗାମ ହେମ୍ବ୍ରମ ଏବଂ ଖାନ ଏକାଡେମୀର ସିନିୟର ଡିଭିଜୋନାଲ କୋଓଡିନେଟର ମନୋଜ କୁମାର ସାହୁ ପର୍ଯ୍ୟବେକ୍ଷକ ଭାବେ ଯୋଗଦେଇଥିଲେ। ବହଳଦା ବ୍ଲକ ଶିକ୍ଷା କାର୍ଯ୍ୟାଳୟ ଆନୁକୂଲ୍ୟରେ କାସକାର ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ବିଭିନ୍ନ ବିଦ୍ୟାଳୟରୁ ମୋଟ ୩୨ ଜଣ ଶିକ୍ଷକ ଓ ଶିକ୍ଷୟିତ୍ରୀ ଅଂଶଗ୍ରହଣ କରିଥିଲେ। କାର୍ଯ୍ୟକ୍ରମରେ ଖାନ ଏକାଡେମୀ ପକ୍ଷରୁ ପ୍ରସ୍ତୁତ ପାଠ୍ୟକ୍ରମକୁ ଷଷ୍ଠ ଶ୍ରେଣୀ ଠାରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ଗଣିତ ଓ ବିଜ୍ଞାନ ବିଷୟକୁ ସରଳ ଓ ବୋଧଗମ୍ୟ କରିବା ନିମନ୍ତେ ଶିକ୍ଷକ ଓ ଶିକ୍ଷୟିତ୍ରୀ ମାନଙ୍କୁ ତାଲିମ ପ୍ରଦାନ କରାଯାଇଥିଲା।

## ପାନୀୟଜଳର ସଂରକ୍ଷଣ ଓ ସୁପରିଚାଳନା କର୍ମଶାଳା

ବେଶିପ୍ଲା, ୧୬।୧୦(ସମିସ): ବିଶୁଦ୍ଧ ପାନୀୟଜଳର ସଂରକ୍ଷଣ, ସୁପରିଚାଳନା ଏବଂ ସୁବିନିଯୋଗ ନିଯୋଗ ସମ୍ପର୍କୀତ ଏକଦିବସୀୟ କର୍ମଶାଳା ବେତନଟୀ ବ୍ଲକ ପରିସର ସଭାଗୃହରେ ଆୟୋଜିତ ହୋଇଯାଇଛି। ବ୍ଲକ ପେସା ସଂଯୋଜକ ଜ୍ୟୋତିପ୍ରକାଶ ମହାନ୍ତଙ୍କ ସଂଯୋଜନା ଏବଂ ପରିଚାଳନାରେ ଆୟୋଜିତ କର୍ମଶାଳାରେ ଏବିଡିଓ ଗଗନ ବିହାରୀ ବେହେରା, ଗ୍ରାମ୍ୟ ଜଳଯୋଗାଣ ଓ ପରିମଳ (ଆରଡବ୍ଲ୍ୟୁଏସଏସ)ର ଯନ୍ତ୍ରୀ ଙ୍କ. ଯଦୁନାଥ ହାଁସଦା ପ୍ରମୁଖ ଅଧିକାରୀଗଣ ଯୋଗଦେଇ ପ୍ରଶିକ୍ଷଣ ପ୍ରଦାନ କରିଥିଲେ। ଜଳ ଜୀବନ ମିଶନର ଉପାଦାନ ପ୍ରଦାନ, ଗ୍ରାମ୍ୟ ଜଳଯୋଗାଣ ଓ ପରିମଳ କମିଟିର ଗଠନ, ଗ୍ରାମ୍ୟ ଜଳଯୋଗାଣରେ ସରପଞ୍ଚ ଏବଂ ପଞ୍ଚାୟତର ଭୂମିକା ସମେତ ପାନୀୟଜଳ ଯୋଗାଣର ସୁପରିଚାଳନା ନିମନ୍ତେ ବଜେଟ ପ୍ରସ୍ତୁତ ଆଦି ପ୍ରଶିକ୍ଷଣ ପ୍ରଦାନ କରାଯାଇଥିଲା। ଏଥିରେ ବେତନଟୀ ବ୍ଲକ ଅଧୀନ ୨୪ଟି ପଞ୍ଚାୟତରେ ପାନୀୟଜଳ ଯୋଗାଣକ୍ଷେତ୍ରରେ କାର୍ଯ୍ୟରତ ଏସଇଏଙ୍କ ସମେତ କିପିଏଲଏଫ ଫେଡେରେସନର ସଭାପତି, ସମ୍ପାଦିକା, ଏମବିକେ, ସିଆରପି ପ୍ରମୁଖ ୫୦ଜଣ ଅଂଶଗ୍ରହଣ କରିଥିଲେ।

## ରାଇରଙ୍ଗପୁର ଉପଖଣ୍ଡ ଡାକ୍ତରଖାନା

# ରହୁନାହାନ୍ତି ଡାଏଲିସିସ୍ ଡାକ୍ତର, ୩ ଟେକ୍ନିସିଆନ୍‌ରେ ଚାଲିଛି ଚିକିତ୍ସା

■ ଡାଏଲିସିସ୍ ବିଭାଗରେ ଚିକିତ୍ସାର ସପ୍ତାହ ମଧ୍ୟରେ ଦୁଇ ମୃତ୍ୟୁ

■ ସ୍ଥାୟୀ ଡାକ୍ତର ରହିବାକୁ ଜନସାଧାରଣଙ୍କ ଦାବି

ରାଇରଙ୍ଗପୁର, ୧୬।୧୦(ସମିସ): ରାଇରଙ୍ଗପୁର ଉପଖଣ୍ଡ ଚିକିତ୍ସାଳୟରେ ରୋଗୀଙ୍କ ସେବା ନିମନ୍ତେ ସମସ୍ତ ସୁବିଧା ରହିଥିବା ସତ୍ତ୍ୱେ ଡାଏଲିସିସ୍ ବିଭାଗର ଡାକ୍ତର ରହୁନଥିବାରୁ ରୋଗୀ ସେବାରେ ସମସ୍ୟା ଦେଖାଯାଉଥିବା ଅଭିଯୋଗ ହେଉଛି। ସପ୍ତାହ ମଧ୍ୟରେ ଡାଏଲିସିସ୍ ବିଭାଗ କକ୍ଷରେ ଚିକିତ୍ସା ସମୟରେ ଦୁଇ ଜଣ ରୋଗୀଙ୍କ ମୃତ୍ୟୁ ଘଟିଛି। ଅଭିଯୋଗ ଯେ ଡାକ୍ତରଖାନାରେ ରହୁନାହାନ୍ତି ଡାଏଲିସିସ୍ ଡାକ୍ତର ଏବଂ ତିନି ଟେକ୍ନିସିଆନ୍‌ଙ୍କ ଦ୍ୱାରା ଚିକିତ୍ସା ଚାଲିଛି। ସ୍ଥାୟୀ ଡାକ୍ତର ରହିବାକୁ ରୋଗୀମାନଙ୍କ ସମ୍ପର୍କୀୟମାନେ ଦାବି କରୁଛନ୍ତି। ସୂଚନାନୁଯାୟୀ, ଗତ ୯ ତାରିଖ ଦିନ ବହଳଦା ଥାନା ଅଧୀନ ବାସିଙ୍ଗା ଗ୍ରାମର ବିଶ୍ୱନାଥ ମହାନ୍ତ(୩୩)ଙ୍କ ଡାଏଲିସିସ୍ ସମୟରେ ମୃତ୍ୟୁ ଘଟିଥିଲା। ସେହିପରି ବୁଧବାର ବିଶୋଇ ଥାନା ଅଧୀନ ବଡଜାମବିଲା ଗ୍ରାମର କୁର୍ବାନ ଖାନ(୬୫)ଙ୍କ ଡାଏଲିସିସ୍ ବେଳେ ସଂଯୋଗ ପାଇପ୍ ଫାଟିଯିବାରୁ ପ୍ରଚୁର ରକ୍ତସ୍ରାବ ହୋଇଥିଲା। ରକ୍ତସ୍ରାବ ଯୋଗୁଁ ସେ ଅଧିକ ଗୁରୁତର ହୋଇପଡ଼ିଥିଲେ। ଟେକ୍ନିସିଆନ୍ ଦାୟିତ୍ୱରେ ଥିବା ଡାକ୍ତର ପି ସି ପଡ଼ିଥିଲା। ବହିର୍ବିଭାଗରେ ଥିବା ଡାକ୍ତର ତାଙ୍କର ମୃତ୍ୟୁ ଘଟିଥିବା ନେଇ ସୂଚନା ପ୍ରଦାନ କରିଥିଲେ। ତେବେ ଡାଏଲିସିସ୍ ବିଭାଗଙ୍କୁ ଡାକ୍ତର ନଯିବାରୁ ରୋଗୀଙ୍କୁ ଷ୍ଟେଚରରେ ବହିର୍ବିଭାଗ ନେବା ଯୋଗୁଁ ସେ ଅଧିକ ଗୁରୁତର ହୋଇଥିବା ପରିବାର ଲୋକେ ପ୍ରକାଶ କରିଛନ୍ତି। ଏନେଇ ବୁଦ୍ଧିଜୀବୀ ମହଲରେ ପ୍ରଶ୍ନ ଉଠୁଛି ଯେ ଏଭଳି ଗୁରୁତର ରୋଗୀଙ୍କ ନିମନ୍ତେ ଥିବା ସ୍ୱତନ୍ତ୍ର ଶଯ୍ୟାରୁ ସ୍ଥାନାନ୍ତର କରି ଷ୍ଟେଚରରେ ବୁଲାହେଲା। ବାରମ୍ବାର ଡାଏଲିସିସ୍ ରୋଗୀଙ୍କ ଏଭଳି ମୃତ୍ୟୁ ପାଇଁ ଦାୟୀ କିଏ ବୋଲି ପ୍ରଶ୍ନ ଉଠିଛି। ରାଜ୍ୟ ସରକାର କଳିକତାର ଏକ ଘରୋଇ ହସ୍ପିଟାଲକୁ ଦାୟିତ୍ୱ ଦେଇଛନ୍ତି। ଉକ୍ତ ଘରୋଇ ହସ୍ପିଟାଲ ଦାୟିତ୍ୱ ହୀନତା ଭଳି କାର୍ଯ୍ୟ କରୁଥିବା ମୃତକଙ୍କ ପରିବାରର ଲୋକ ଜେନା ବେଗମ ଅଭିଯୋଗ ଆଣିଛନ୍ତି। ଗରିଙ୍କୁ ଫୋନ କରିଥିଲେ, କିନ୍ତୁ ବହୁ ସମୟ ଧରି ଡାକ୍ତର ନଆସିବାରୁ ବାଧ୍ୟ ହୋଇ କାର୍ଯ୍ୟରତ ଟେକ୍ନିସିଆନ୍, ସୁଇପର ଓ ପରିବାର ଲୋକେ ମିଶି ତାଙ୍କୁ ବହିର୍ବିଭାଗକୁ ଆଣିଥିଲେ। ସେଠାରେ ମଧ୍ୟ ତାଙ୍କୁ ଦୀର୍ଘ ସମୟ ଧରି ଅପେକ୍ଷା କରିବାକୁ

# ୧୦୭ ବସ୍ତା ବିସ୍ଫୋରକ ସାମଗ୍ରୀ ଓ ବାରୁଦ ଜବତ

ବେଶିପ୍ଲା, ୧୬।୧୦(ସମିସ): ପଦ୍ମନାଭପୁର ଗାଁରେ ଏକ ଆଜବେଷ୍ଟସ ଘରୁ ୧୦୭ ବସ୍ତା ବିସ୍ଫୋରକ ସାମଗ୍ରୀ, ୩ଟ୍ରମ ମେଟାଲ ପାଉଡର ଓ ବାରୁଦ ସବୁକୁ ପୁଲିସ ଜବତ କରିଛି। ସୂଚନାନୁଯାୟୀ, ଉକ୍ତ ଗାଁରେ ବେଶିପ୍ଲା ଅଞ୍ଚଳର ସମୀର ପଣ୍ଡାଙ୍କର ଏକାଧିକ ଆଜବେଷ୍ଟସ ଘର ରହିଛି। କିଛି ଗୃହ ପରିତ୍ୟକ୍ତ ଅବସ୍ଥାରେ ଥିବା ବେଳେ କିଛିଘରଗୁଡିକୁ ସେ ଭଡ଼ାରେ ଲୋକଙ୍କୁ ଦେଇଛନ୍ତି। ବେତନଟୀ ଏସଡିପିଓ ମିନତୀ ବିଶ୍ୱାଳ ବିଶେଷ ସୂତ୍ରରୁ ଖବର ପାଇ ସେହି ସ୍ଥାନରେ ଚଢ଼ଉ କରିଥିଲେ। ଘର ମାଲିକ ଓ ପୁଲିସ ଉପସ୍ଥିତିରେ ଏକ ଘରୁ ତାଲା ଭଙ୍ଗା ଯାଇଥିଲା। ଜନବସତି ଭିତରେ ଥିବା ସେହି ଘରଟି ବିସ୍ଫୋରକ ସାମଗ୍ରୀରେ ଭର୍ତ୍ତିଥିଲା। ଘଟଣାସ୍ଥଳରେ ବେଶିପ୍ଲା ଥାନା ଅଧିକାରୀ ବାରିଣୀ ଦାସ ଓ ଅତିରିକ୍ତ ତହସିଲଦାର ଓ ବ୍ୟାପକ ଫୋର୍ସ ପହଞ୍ଚିଥିଲେ। ଏତେ



ପରିମାଣରେ ବିସ୍ଫୋରକ ଦେଖି ପୁଲିସ ଅସ୍ତବ୍ୟସ୍ତ ହୋଇଯାଇଥିବା ବେଳେ ଗ୍ରାମବାସୀଙ୍କ ସହାୟତାରେ ସାବଧାନତା ପୂର୍ବକ ସବୁକୁ ୩ଟି ଭ୍ୟାନରେ ବୋଝେଇ କରି ଥାନାକୁ ନେଇ ଆସିଥିଲେ। ପୁଲିସ ସୂଚନାନୁଯାୟୀ, ଘରମାଲିକ ସ୍ଥାନୀୟ ବେଶିପ୍ଲା ଅଞ୍ଚଳରେ ରହୁଥିବା ବାଣ ବ୍ୟବସାୟୀ ପ୍ରଶାନ୍ତ ସାହୁ ୩ବର୍ଷ ହେଲା ଉକ୍ତ ଘରକୁ ଭଡ଼ାସୂତ୍ରରେ ନେଇଥିବାର ସୂଚନା ମିଳିଛି। ପୁଲିସ ମାମଲା ରୁଜୁ କରିବା ସହିତ ପ୍ରଶାନ୍ତ ସାହୁଙ୍କୁ ଖୋଜି ପାଉନଥିବା ବେଳେ ଘର ମାଲିକଙ୍କୁ ଅଟକ ରଖି ପଚରାଉଚରା ଜାରି ରଖିଛି। ବମ ସ୍କ୍ୱାର୍ଡ ସାହାଯ୍ୟରେ ବିସ୍ଫୋରକ ସବୁକୁ ନଷ୍ଟ କରାଯିବା ନେଇ ସୂଚନା ଦେଇଛି।

## କେସନାକୁ 'ଶିଳ୍ପୀ ଗ୍ରାମ'ର ମାନ୍ୟତା ପ୍ରଦାନ କରାଯାଉ

କରଞ୍ଜିଆ, ୧୬।୧୦(ସମିସ): ବିଶ୍ୱରେ କଳାମୁଗୁନି ପଥରରେ ନିର୍ମିତ ଏକମାତ୍ର ମନ୍ଦିର ହେଉଛି ଖିଚିଂସ୍ଥିତ ଅଧିଷ୍ଠାତ୍ରୀ ଦେବୀ ମାଆ କିଚକେଶ୍ୱରୀଙ୍କ ମନ୍ଦିର। ଏହି କଳା ମୁଗୁନି ପଥରର ଶିଳ୍ପୀ ଅନତି ଦୂରରେ ଥିବା କେସନା ଗ୍ରାମରେ ଅଛନ୍ତି। ୫/୬ଟି ଗ୍ରାମର ୩ହଜାରରୁ ଅଧିକ କୁଶଳୀ କାରିଗରମାନେ କଳା ମୁଗୁନି ପଥରରେ ବିଭିନ୍ନ ଦେବାଦେବୀ ପ୍ରତିମୂର୍ତ୍ତି ତଥା ବିଭିନ୍ନ ଘରୋଇ ଉପକରଣ ନିର୍ମିତ କରିଥାନ୍ତି। ପ୍ରତିମୂର୍ତ୍ତି ଏବଂ ବିଭିନ୍ନ ଉପକରଣ ସଠିକ ପ୍ରଚାରପ୍ରସାର ଅଭାବରୁ ନା ଦେଶ ବିଦେଶରେ ବେଶୀ ଲୋକ ଜାଣିପାରୁଛନ୍ତି ନା ଏହାକୁ କିଣିପାରୁଛନ୍ତି। ଯାହାରୁ ସ୍ଥାନୀୟ କୁଶଳୀ କାରିଗରମାନେ ପରିଶ୍ରମ ଅନୁଯାୟୀ ଉପାର୍ଜନ ନ ପାଇବା ଯୋଗୁଁ ଅଭାବ ଅନାଟନ ଭିତରେ ଦିନ ଅତିବାହିତ କରୁଛନ୍ତି। ଏହି ଗ୍ରାମର କୁଶଳୀ ଶିଳ୍ପୀ ଓ ଶିଳ୍ପକୁ ବିଶ୍ୱରେ ପରିଚିତ କରାଇବାକୁ ଅଖିଳ ଭାରତୀୟ ଭଞ୍ଜସେନା। ଏହି ଶିଳ୍ପୀ ଓ ଶିଳ୍ପର ସୁଦୂର ପ୍ରଚାର ପ୍ରସାର ଓ ଉଚିତ୍ ବ୍ୟବସାୟୀକରଣ କରିବା ସହିତ 'କେସନା'କୁ ଏକ 'ଶିଳ୍ପୀ ଗ୍ରାମ'ର ମାନ୍ୟତା ପ୍ରଦାନ କରିବା ଏବଂ ଏସବୁ ମାଧ୍ୟମରେ ଲୋକଙ୍କୁ ସ୍ୱାବଲମ୍ବୀ କରିବା ଲକ୍ଷ୍ୟନେଇ ଆନ୍ଦୋଳନରତ ଭଞ୍ଜସେନା ପକ୍ଷରୁ ପ୍ରତିଷ୍ଠାତା କଳିଙ୍ଗ କେଶରୀ ଜେନା, ଜିଲ୍ଲା ଉପାଧ୍ୟକ୍ଷ ଦକ୍ଷିଣା ମହାନ୍ତ, ମୁକ୍ତିଦେବ ପରିଡ଼ା ପ୍ରମୁଖ କେସନାକୁ ଆସି ଶିଳ୍ପୀମାନଙ୍କୁ ଭେଟି ତାଙ୍କ ଦୁଃଖଦୁର୍ଦ୍ଦଶା ବାବଦରେ ଅବଗତ ହୋଇଥିଲେ। ଆଗାମୀ ଦିନରେ ଏହି କୁଟୀର ଶିଳ୍ପ ଓ ପଥର ଶିଳ୍ପୀଙ୍କୁ ଆଗକୁ ବଢ଼ାଇବା ଓ ଭବିଷ୍ୟତ ସୁନିଶ୍ଚିତ କରିବା ପାଇଁ ଭଞ୍ଜସେନା ପ୍ରତିଶ୍ରୁତିବଦ୍ଧ ବୋଲି ସଂଗଠନ ପକ୍ଷରୁ ପ୍ରେସ ବିବୃତିରେ କହିଛନ୍ତି।

## ଚିକିଟାମାଟିଆରେ ଆଇନ ସଚେତନତା କାର୍ଯ୍ୟକ୍ରମ

ମୋରଡା, ୧୬।୧୦(ସମିସ): ମୋରଡା ବ୍ଲକ ଅଧୀନ ଚିକିଟାମାଟିଆ ପଞ୍ଚାୟତର ବିଦ୍ୟାଳୟ ପରିସରରେ ଜିଲ୍ଲା ଆଇନସେବା ପ୍ରାଧିକରଣ ତରଫରୁ ମୌଳିକ ଅଧିକାର ବାବଦରେ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଜିଲ୍ଲା ଆଇନସେବା ସଚିବ ତଥା ବରିଷ୍ଠ ସିଭିଲ ଜଜ୍ ରାଜଶ୍ରୀ ପଟ୍ଟନାୟକ ମୁଖ୍ୟଅତିଥି ଭାବେ ଯୋଗଦେଇଥିବା ବେଳେ ମୋରଡା ଥାନା ଅଧିକାରୀ ସୁମିତ କୁମାର ସୋରେନ, ଲୋଧା ଉନ୍ନୟନ ସଂସ୍ଥାର ଅଧିକାରୀ ଜବାନୀଶଙ୍କର ପାଢ଼ୀ ପ୍ରମୁଖ ମଞ୍ଚାସୀନ ଥିଲେ। ଶିଶୁ ଶ୍ରମିକଙ୍କୁ ସମ୍ପୂର୍ଣ୍ଣ ଭାବେ ରୋକ ଲଗାଇ ଶିଶୁମାନଙ୍କୁ କିପରି ସେମାନଙ୍କର ଶିକ୍ଷାର ଅଧିକାର ପାଇବେ। ନିଜର ମୌଳିକ ଅଧିକାର କିପରି ପାଇ ପାରିବେ, ଜଙ୍ଗଲ ଜମି ପଟ୍ଟା କିପରି ପାଇପାରିବେ, ଆଇନର ଅଧିକାର ବାବଦରେ ସଚେତନ କରାଇଥିଲେ। ସେହିପରି ଆଇନର ସହାୟତା ପାଇଁ ୧୫୧୦୦ ନମ୍ବରରେ ଫୋନ କରାଯାଇ ପାରିବ ବୋଲି ପ୍ରକାଶ କରିଥିଲେ ରାଜଶ୍ରୀ ପଟ୍ଟନାୟକ। କାର୍ଯ୍ୟକ୍ରମକୁ ସହଯୋଗ କରିଥିଲେ ଲୋଧା ଉନ୍ନୟନ ସଂସ୍ଥାର କର୍ମଚାରୀ ଜଗନ୍ନାଥ ଗିରି ଓ ଆଇନ ସେବା ପ୍ରାଧିକରଣର ଅଧିକାରୀ ମିତ୍ର ରବୀନ୍ଦ୍ର କୁମାର ମହାନ୍ତି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

## କୁସଂସ୍କାର ଅନ୍ଧବିଶ୍ୱାସ ଦୂରୀକରଣ ସଚେତନତା କାର୍ଯ୍ୟକ୍ରମ

ସାରସକଣା, ୧୬।୧୦(ସମିସ): ସାରସକଣା ବ୍ଲକ ଜାଲଦାସ୍ଥିତ ଶୋଭାରାଣୀ ସରକାରୀ ଉଚ୍ଚବିଦ୍ୟାଳୟ ପରିସରରେ ନିସାଫାଉଣ୍ଡେସନ ବାରିପଦା ଦ୍ୱାରା କୁସଂସ୍କାର ଅନ୍ଧବିଶ୍ୱାସ ଦୂରୀକରଣ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନଶିକ୍ଷୟିତ୍ରୀ କୃଷ୍ଣା ସେନାପତିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଚେତନତା କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଏମପିସି ସ୍ୱୟଂଶାସିତ ମହାବିଦ୍ୟାଳୟର ରସାୟନ ବିଜ୍ଞାନ ବିଭାଗର ସହକାରୀ ପ୍ରଫେସର ଡ. ସରୋଜ ନାୟକ ଯୋଗଦେଇ ପିପିଟି ମାଧ୍ୟମରେ ନିଜ ବକ୍ତବ୍ୟ ଉପସ୍ଥାପନ କରିଥିଲେ। ମୁଖ୍ୟବକ୍ତା ଭାବେ ବିଜ୍ଞାନ ଶିକ୍ଷୟିତ୍ରୀ ସରିତା ନାଏକ ଯୋଗଦେଇଥିବା ବେଳେ ବିଦ୍ୟାଳୟର ଶିକ୍ଷକ ଗୋଷ୍ଠୀ ହେମ୍ବ୍ରମ, ଦୁର୍ଗାଚରଣ ବେହେରା, ମହାଲିଙ୍ଗ ହାଁସଦା ଅତିଥିଭାବେ ଯୋଗଦେଇଥିଲେ। ଶିକ୍ଷୟିତ୍ରୀ ସାଇନା ସୋରେନ ଧନ୍ୟବାଦ ଅର୍ପଣ କରିଥିଲେ। ମାନସ ରଞ୍ଜନ ବେହେରା, ଗଣେଶର ପାଲ, ସୁନୀଲ କୁମାର ମହାନ୍ତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶେଷରେ ଛାତ୍ରଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀ, ଶିକ୍ଷା କର୍ମଚାରୀ ଓ ଡ. ନାୟକଙ୍କ ମଧ୍ୟରେ ପ୍ରଶ୍ନଉତ୍ତର କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

## ଓଏସ୍‌ରେ କୃତୀ ହାସଲ କରିଥିବା ୨ ଛାତ୍ରୀଙ୍କୁ ସମ୍ବର୍ଦ୍ଧନା

ମହୁଲଡିହା/ଠାକୁରମୁଣ୍ଡା, ୧୬।୧୦(ସମିସ): ଠାକୁରମୁଣ୍ଡା ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ଦୁଇ ପୂର୍ବତନ ଛାତ୍ରୀ ଓଡ଼ିଶା ପ୍ରଶାସନିକ ସେବାରେ ସଫଳତା ଅର୍ଜନ କରି ଥିବାରୁ ଏକ ସ୍ୱାଗତ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ୨୦୨୬ ରେ ମାଟ୍ରିକ ପରୀକ୍ଷା ଦେଇଥିବା ବିନତୀ ମାଝୀ ଓଡ଼ିଶା ଲୋକସେବା ଆୟୋଗ (OPSC) ପରୀକ୍ଷାରେ ୩୧୪ ର‍୍ୟାଙ୍କରେ ସ୍ଥାନପାଇ କୃତିତ୍ୱ ଅର୍ଜନ କରିଥିବା ବେଳେ ୨୦୧୭ ମାଟ୍ରିକ ବ୍ୟାଚର ଛାତ୍ରୀ ଟୁନିରାଣୀ ବାଉଁଶିଆ ୩୮୬ ର‍୍ୟାଙ୍କରେ ସ୍ଥାନପାଇ ଗୌରବ ଆଣିଛନ୍ତି। ସ୍ୱାଗତ ସମ୍ବର୍ଦ୍ଧନା ସଭାରେ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବଳରାମ ସାଇଁଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ଠାକୁରମୁଣ୍ଡା ଗୋଷ୍ଠୀ ଉନ୍ନୟନ ଅଧିକାରୀ ସୁପ୍ରେଶ୍ୱର ବେହେରା, ସମ୍ମାନଜନକ ଅତିଥିଭାବେ ସରକାରୀ ଜିଲ୍ଲା ମଙ୍ଗଳ ଅଧିକାରୀ ଆଲୋକ କୁମାର ମାଝୀ ଏବଂ ସମ୍ମାନିତ ଅତିଥି ଭାବେ ଗୋଷ୍ଠୀ ଶିକ୍ଷା ଅଧିକାରୀ କୁଞ୍ଜବିହାରୀ ପ୍ରଧାନ, ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ରାକେଶ ରଞ୍ଜନ ଦାଶ, ଠାକୁରମୁଣ୍ଡା ପ୍ରେସ କ୍ଲବର ସଭାପତି ଶରତଚନ୍ଦ୍ର ତ୍ରିପାଠୀ, ସୁଜିତ କୁମାର ଲୁଗୁନ ଏବଂ ଜୟପ୍ରକାଶ ନାରାୟଣ ଉଚ୍ଚ ବିଦ୍ୟାଳୟ, ମିଟ୍ରୋଣିର ପ୍ରଧାନ ଶିକ୍ଷକ ସୁଦର୍ଶନ ରାଉତ ପ୍ରମୁଖ ଉପସ୍ଥିତ ଥିଲେ। ଉଭୟ ଛାତ୍ରୀ ସେମାନଙ୍କର ବିଦ୍ୟାଳୟ ଜୀବନର ଅନୁଭୂତି ବର୍ଣ୍ଣନା କରିବା ସହ ଭବିଷ୍ୟତରେ ଏହି ବିଦ୍ୟାଳୟରେ ପଢ଼ୁଥିବା ଛାତ୍ରୀମାନଙ୍କର କୃତିତ୍ୱ ପାଇଁ ମାର୍ଗ ଦର୍ଶନ କରିଥିଲେ। ଉଭୟଙ୍କୁ ବିଦ୍ୟାଳୟ ତରଫରୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇ ଶେଷରେ ଶିକ୍ଷକ ପ୍ରତିନିଧି ତରଣୀସେନ ମହାନ୍ତ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

## ରାଇରଙ୍ଗପୁର ବନଖଣ୍ଡସ୍ତରୀୟ ବାର୍ଷିକ ସମୀକ୍ଷା ବୈଠକ

ରାଇରଙ୍ଗପୁର, ୧୬।୧୦(ସମିସ): ରାଇରଙ୍ଗପୁର ମ୍ୟୁନିସିପାଲିଟି ଅଧୀନସ୍ଥ ସ୍ଥାନୀୟ ମହତାବ ଭବନଠାରେ ବନଖଣ୍ଡସ୍ତରୀୟ ବାର୍ଷିକ ସମୀକ୍ଷା ବୈଠକ ୨୦୨୪-୨୫ ସଭାପତି ବନଖଣ୍ଡଅଧିକାରୀ ସୁବ୍ରତ କୁମାର ପାତ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ମୟୂରଭଞ୍ଜ ସାଂସଦ ନବଚରଣ ମାଝୀ, ମୁଖ୍ୟବକ୍ତା ରୂପେ ବାମନଘାଟୀ ଉପଜିଲ୍ଲାପାଳ ସୌମ୍ୟରଞ୍ଜନ ପ୍ରଧାନ, ସମ୍ମାନିତ ଅତିଥି ଭାବେ ଏଡିଏମ୍ ସୁଚାରୁ କୁମାର ବଳ, ଏସଡିପିଓ ଓଏସ୍‌ଏଡିପି -୨ ବିଶ୍ୱଜିତ ସାହୁ, ଏସିଏଫ ରଞ୍ଜନ କୁମାର ବେହେରା, ପ୍ରଭାକର ମଲ୍ଲିକ ଓ ବିଜ୍ଞାନ ଶିକ୍ଷକ ରଞ୍ଜନ କୁମାର ନନ୍ଦ ପ୍ରମୁଖ ଯୋଗଦେଇଥିଲେ। ବୈଠକରେ ଭିଡିଓ ମାଧ୍ୟମରେ ବନ୍ୟ ସୁରକ୍ଷା ସମ୍ପର୍କରେ ପ୍ରଦର୍ଶିତ ହୋଇଥିଲା। ପରେ ଏଏଚ୍ ସୂର୍ଯ୍ୟକାନ୍ତ ମଲ୍ଲିକ, ଏଏଓ ଅଙ୍କିତା ନାୟକ, ଫାୟାର ଷ୍ଟେସନର ସୁରଜ ସୋରେନ, ଆଇଟିଡିଏ ପ୍ରକଳ୍ପ ପରିଚାଳକ ସ୍ୱର୍ଣ୍ଣପ୍ରଭା ଦାଶ, ଏସଡିଭିଓ ସୁଶାନ୍ତ କୁମାର ସିଂ ବନ୍ୟ ସମ୍ପଦ ଉପରେ ସୁଚିନ୍ତିତ ବକ୍ତବ୍ୟ ଦେବା ପରେ ବନ୍ୟ ସୁରକ୍ଷା ସମିତିର ପ୍ରତିନିଧିଙ୍କ ମଣଦା ଏଫ୍‌ଏମ୍‌ୟୁର ଲକ୍ଷ୍ମଣ ମାର୍ଣ୍ଡି, ବହଳଦା ଏଫ୍‌ଏମ୍‌ୟୁର ଗୁରୁଚରଣ ମୁନ୍ଦୀ, ରାଇରଙ୍ଗପୁର ଏଫ୍‌ଏମ୍‌ୟୁ ପଞ୍ଚକିଟି ମହାନ୍ତ ଓ ମନମୋହନ ମାଝୀ ତଥା ବାଦାମପାହାଡ ଏଫ୍‌ଏମ୍‌ୟୁର ପୂର୍ଣ୍ଣମୀ ପୂର୍ତ୍ତୀ, ଭବେନ୍ଦ୍ର ମହାନ୍ତ ପ୍ରମୁଖ ବନ ଉପରେ ସୁପରାମର୍ଶ ପ୍ରଦାନ କରିଥିଲେ। ସଭାକୁ ବିଜ୍ଞାନ ଶିକ୍ଷକ ରଞ୍ଜନ କୁମାର ନନ୍ଦ ପରିଚାଳନା କରିଥିବା ବେଳେ ଏସିଏଫ୍ ପ୍ରଭାକର ମଲ୍ଲିକ ଧନ୍ୟବାଦ ଅର୍ପଣ କରିଥିଲେ।

## ଚକ୍ଷୁ ପରୀକ୍ଷା ଶିବିର

ମୋରଡା, ୧୬।୧୦(ସମିସ): ମୋରଡା ବ୍ଲକ ଅଧୀନ ଚିତ୍ରଡା ପୁରୁଣାପାଣି କଲ୍ୟାଣମଣ୍ଡପଠାରେ ଗଙ୍ଗଳବାର ମହାତ୍ମାଗାନ୍ଧୀ ଚକ୍ଷୁ ଚିକିତ୍ସାଳୟ ଆନୁକୂଲ୍ୟରେ ମାଗଣା ଚକ୍ଷୁ ପରୀକ୍ଷା ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ମୋଟ ୫୮ ଜଣ ଲୋକ ନିଜର ଚକ୍ଷୁ ପରୀକ୍ଷା କରାଇଥିବା ବେଳେ ୩୬ ଜଣ ଲୋକଙ୍କୁ ଚଷମା ପ୍ରଦାନ କରାଯାଇଛି। ଓଡ଼ିଶା ଡ୍ରାଇଭର ମହାସଂଘ ମୋରଡା ବ୍ଲକ ଶାଖା ଉକ୍ତ ଶିବିରକୁ ଆୟୋଜନ କରିଥିବା ବେଳେ ଶିବିରକୁ ପ୍ରବୋଧ କୁମାର ରାଉତରାୟ, ହରିପଦ ମହାନ୍ତ, ଧର୍ମପଦ ମହାନ୍ତ, ବିଶେଶ୍ୱର ମହାନ୍ତ, ପ୍ରମୋଦ ମହାନ୍ତ, ଅର୍ଜୁନ ହାଁସଦା ଏବଂ ଅନ୍ୟ ସଦସ୍ୟମାନେ ସହଯୋଗ କରିଥିଲେ। ତେବେ ଆଦିବାସୀ ପଞ୍ଚାୟତଙ୍କର ଉଦ୍ୟମରେ ହୋଇଥିବା ଅନ୍ତର୍ଜ୍ଜ ଚେତନା ମଣ୍ଡଳୀ ଦୀର୍ଘଦିନ ଧରି ମାଗଣାରେ ଚକ୍ଷୁ କ୍ଷେତ୍ରରେ ସେବା ପ୍ରଦାନ କରୁଥିବାରୁ ଅଞ୍ଚଳରେ ପ୍ରଶଂସା ସାଉଣ୍ଟୁଛନ୍ତି।

## ରାଜସ୍ୱ ଓ କୃଷିବିଭାଗ ପକ୍ଷରୁ ସ୍ୱତନ୍ତ୍ର ଶିବିର

ବେଶିପ୍ଲା, ୧୬।୧୦(ସମିସ): ବେତନଟୀ ଥାନା କୃଷ୍ଣଚନ୍ଦ୍ରପୁର ଫାଣ୍ଡି ଅଧୀନ ବୁଢ଼ାଖାମାରି ପଞ୍ଚାୟତ କାର୍ଯ୍ୟାଳୟରେ ରାଜସ୍ୱ ଓ କୃଷିବିଭାଗ ପକ୍ଷରୁ ମିଳିତ ଭାବରେ ସ୍ୱତନ୍ତ୍ର ଶିବିରର ଆୟୋଜନ କରାଯାଇଛି। ଜମିଖଣ୍ଡରେ ଥିବା ମୃତବ୍ୟକ୍ତିଙ୍କ ନାମ ବଦଳରେ ସେମାନଙ୍କର ଉତ୍ତରାଧିକାରୀଙ୍କ ନାମ ଅନ୍ତର୍ଭୁକ୍ତ ହୋଇଥିବା ବେଳେ କୃଷିବିଭାଗ ପକ୍ଷରୁ ମଧ୍ୟ ବିଭିନ୍ନ ଲ୍ୟାମ୍ପରେ ଧାନ ବିକ୍ରୟ ପାଇଁ ବାଧ୍ୟତାମୂଳକ ଥିବା ପଞ୍ଜୀକରଣର ପ୍ରକ୍ରିୟାରୁ କୌଣସି କାରଣରୁ ବାଦ ପଡ଼ିଥିବା ଚାଷୀମାନଙ୍କର ନାମ ଅନଲାଇନରେ ପଞ୍ଜୀକରଣ କରାଯାଇଛି। ରାଜସ୍ୱ ବିଭାଗ ପକ୍ଷରୁ ବୁଢ଼ାଖାମାରୀ ରାଜସ୍ୱ ନିରୀକ୍ଷକ ମଙ୍ଗଳ ମାଝୀ ନିଜର କର୍ମଚାରୀମାନଙ୍କ ସହିତ ଉପସ୍ଥିତ ଥିବାବେଳେ କୃଷିବିଭାଗ ପକ୍ଷରୁ ଗ୍ରାମ୍ୟ କୃଷି କର୍ମଚାରୀ ମମତା ରାଉତ ମଧ୍ୟ ନିଜର କର୍ମଚାରୀମାନଙ୍କ ସହିତ ଉପସ୍ଥିତ ଥିଲେ। ପରିଚାଳନାରେ ବୁଢ଼ାଖାମାରି ପଞ୍ଚାୟତର ସରପଞ୍ଚ ଏବଂ ଅନ୍ୟାନ୍ୟ କର୍ମଚାରୀ ପ୍ରମୁଖ ସହଯୋଗ କରୁଛନ୍ତି।

## ଗୁହାଳରୁ ଗାଈ ଚୋରି ଅଭିଯୋଗ


ବେଶିପ୍ଲା, ୧୬।୧୦(ସମିସ): ବେତନଟୀ ଥାନା ପୁରିନ୍ଦା ପଞ୍ଚାୟତ ଅଧୀନ ଅମଣିଡା ଗ୍ରାମର ଜନୈକ ବ୍ୟକ୍ତିଙ୍କ ଗୁହାଳରୁ ଗାଈ ଚୋରି ଘଟଣାରେ ଗୁହକର୍ତ୍ତା ବେତନଟୀ ଥାନାରେ ଦାଗସ୍ତ ହୋଇଛନ୍ତି। ଶୋଭାକର ମହାନ୍ତଙ୍କ ଅଭିଯୋଗ ସୂତ୍ରକାରେ ତାଙ୍କ ଗୁହାଳରେ ୩୦ହଜାର ଟଙ୍କା ମୂଲ୍ୟର ଏକ ନାଲିରଙ୍ଗର ଗାଈ ସହିତ ସାନ ଗଙ୍ଗଳବାର ସନ୍ଧ୍ୟାରେ ବନ୍ଧା ହୋଇଥିଲା। ତେବେ ବୁଧବାର ସକାଳେ ଗାଈ ଗୁହାଳରେ ନଥିବାର ଦେଖିବାକୁ ପାଇଥିଲେ। ଖୋଜାଖୋଜି ପରେ ଏକ ଚାରିଚକିଆ ଗାଡିର ଚକ ଚିହ୍ନ ଦେଖିବାକୁ ପାଇଥିଲେ। କିଛି ସନ୍ଦିଗ୍ଧ ଦୁର୍ବୃତ୍ତ ଗାଈ ଚୋରାଇ ନେଇଥିବାର ଅନୁମାନ କରାଯାଉଛି।

## ଆଶ୍ରମ ବିଦ୍ୟାଳୟରେ ବିଶ୍ୱ ହାତ ଧୁଆ ଦିବସ ପାଳିତ

ମାଣ୍ଡ୍ରା, ୧୬।୧୦(ସମିସ): ଚନ୍ଦନପୁର ଆଶ୍ରମ ବିଦ୍ୟାଳୟ (ନୂତନ)ରେ 'ବିଶ୍ୱ ହାତ ଧୁଆ ଦିବସ' ପାଳିତ ହୋଇଯାଇଛି। ପ୍ରଧାନଶିକ୍ଷକ ପ୍ରଦୀପ କୁମାର ଭୂୟାଁଙ୍କ ଅଧ୍ୟକ୍ଷତାରେ ସମସ୍ତ ଛାତ୍ରଛାତ୍ରୀ ଏବଂ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ନେଇ ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ପ୍ରଧାନଶିକ୍ଷକ ଶ୍ରୀ ଭୂୟାଁ ପିଲାମାନଙ୍କୁ କିପରି ବ୍ୟକ୍ତିଗତ ପରିଷ୍କାର ପରିଚ୍ଛନ୍ନ ରହିବା ସହ ପରିବେଶକୁ ପରିଷ୍କାର ପରିଚ୍ଛନ୍ନ ରଖିବେ ସେ ସମ୍ପର୍କରେ ଆଲୋଚନା କରିଥିଲେ। ଛାତ୍ରଛାତ୍ରୀ ବିଶ୍ୱ ହାତ ଧୁଆ ଦିବସ ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। 'ବିଶ୍ୱ ହାତ ଧୁଆ ଦିବସ'ର ସ୍ଲୋଗାନ 'ପରିଷ୍କାର ହାତ, ସୁସ୍ଥ ଭବିଷ୍ୟତ' ସମ୍ପର୍କରେ ବିଦ୍ୟାଳୟର ସହକାରୀ ଶିକ୍ଷକ ରାମଚନ୍ଦ୍ର ସିଂ, ଶିକ୍ଷୟିତ୍ରୀ ବେବେଦରା ପାତ୍ର, ସ୍ନେହଲତା ନାଏକ ଛାତ୍ରଛାତ୍ରୀମାନଙ୍କୁ ସଚେତନତାର ବାର୍ତ୍ତା ପ୍ରଦାନ ପୂର୍ବକ ସଭା ସାଙ୍ଗ କରାଯାଇଥିଲା।

# ସାମାଜିକ ନ୍ୟାୟ ପାଇଁ ଜିଲ୍ଲାସ୍ତରୀୟ ଜନଆକ୍ରୋଶ ଶୋଭାଯାତ୍ରା

ବାରିପଦା, ୧୬।୧୦(ସମିସ): ମୂଳନିବାସୀ ନାୟକ ୱାମନ ମେଶ୍ରାମ ସାହେବଙ୍କ ଆହ୍ୱାନ କ୍ରମେ ଭାରତ ମୁକ୍ତି, ବହୁଜନ କ୍ରାନ୍ତି ମୋର୍ଚ୍ଚା, ରାଷ୍ଟ୍ରୀୟ ପଛୁଆବର୍ଗ ମୋର୍ଚ୍ଚା ଏବଂ ରାଷ୍ଟ୍ରୀୟ ପରିବର୍ତ୍ତନ ମୋର୍ଚ୍ଚାର ତତ୍ତ୍ୱାବଧାନରେ ଭାରତୀୟ ସମ୍ବିଧାନ, ଗଣତନ୍ତ୍ରର ସୁରକ୍ଷା ଏବଂ ବହୁଜନ ସମାଜ ଉପରେ ଦେଶବ୍ୟାପୀ ହେଉଥିବା ଅନ୍ୟାୟ ବିରୁଦ୍ଧରେ ସାମାଜିକ ନ୍ୟାୟ ପାଇଁ ଜନଆକ୍ରୋଶ ରାଲିର ଘୋଷଣା କରାଯାଇଛି। ଯାହାର ୪ର୍ଥ ପର୍ଯ୍ୟାୟ ଦେଶବ୍ୟାପୀ ୬୭୫ଟି ଜିଲ୍ଲା ମୁଖ୍ୟାଳୟରେ ଆୟୋଜିତ କରାଯାଉଛି। ଏହି ପରିପ୍ରେକ୍ଷୀରେ ମୟୂରଭଞ୍ଜ ଜିଲ୍ଲା ଶାଖା ପକ୍ଷରୁ ରାଲି ସମ୍ପର୍କରେ ଭାରତ ମୁକ୍ତି ମୋର୍ଚ୍ଚା ସମନ୍ୱୟକଙ୍କ ସହିତ ରାଷ୍ଟ୍ରୀୟ ଏବଂ ରାଜ୍ୟସ୍ତରର ଅତ୍ୟନ୍ତ ଗମ୍ଭୀର ପ୍ରସଙ୍ଗ ଗୁଡ଼ିକ ନେଇ ଜିଲ୍ଲା ମୁଖ୍ୟାଳୟ ବାରିପଦା ସ୍ଥିତ ଛଉପଡ଼ିଆ ଠାରୁ ଜନଆକ୍ରୋଶ ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା। ସହସ୍ରାଧିକ ଆନ୍ଦୋଳନକାରୀଙ୍କୁ ନେଇ ଅନୁଶାସନର ସହିତ ବାରିପଦା ସହର ପରିକ୍ରମା କରି





ଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ପହଞ୍ଚିଥିଲେ। ଦୀର୍ଘ ସମୟ ଧରି ଶାନ୍ତିପୂର୍ଣ୍ଣ ଭାବରେ ବିକ୍ଷୋଭ ପ୍ରଦର୍ଶନ ସହିତ ସେମାନଙ୍କର ଦାବିଗୁଡ଼ିକୁ ସରକାର ଏବଂ ପ୍ରଶାସନିକ ଅଧିକାରୀଙ୍କ ଉଦ୍ଦେଶ୍ୟରେ ଉଦ୍‌ବୋଧନ ଦେଇଥିଲେ। ଶେଷରେ ସ୍ମାରକପତ୍ର ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଜିଲ୍ଲାପାଳ ହେମକାନ୍ତ ସଏଙ୍କୁ ପ୍ରଦାନ କରିଥିଲେ। ଯେପର୍ଯ୍ୟନ୍ତ ବହୁଜନ ସମାଜର ସମସ୍ତ ମୌଳିକ ସମସ୍ୟାର ଉଚିତ ସମାଧାନ ନ ହୋଇଛି ସେପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ ବୋଲି କୁହାଯାଇଛି। ଶୋଭାଯାତ୍ରାରେ ଭାରତ ମୁକ୍ତି ମୋର୍ଚ୍ଚାର ଜିଲ୍ଲା ସଭାପତି କାମେଶ୍ୱର ହେମ୍ବ୍ରମ, ଭାରତୀୟ ବିଦ୍ୟାର୍ଥୀ ମୋର୍ଚ୍ଚାର ଜିଲ୍ଲା ସଭାପତି ବୈଦ୍ୟନାଥ ସିଂହ, ରାଷ୍ଟ୍ରୀୟ ଆଦିବାସୀ ଏକତା ପରିଷଦର ରାଜ୍ୟ ସଂଯୋଜିକା ଶାନ୍ତିଲତା ଟାଟାର, ବହୁଜନ ମୁକ୍ତି ପାର୍ଟିର ଜିଲ୍ଲା ସଭାପତି ଦୁର୍ଗାଚରଣ ସିଂହ, ଭାରତ ମୁକ୍ତି ମୋର୍ଚ୍ଚା ମହିଳା ସଂଘର ଜିଲ୍ଲା ସଭାନେତ୍ରୀ କାପୁରା ମାଝୀଙ୍କ, ଶିବାନୀ ସୋରେନ ଓ ତୁଳସୀ ତିୟୁ ପ୍ରମୁଖ ନେତୃତ୍ୱ ନେଇଥିଲେ। ଭାରତ ଜାକତ ମାଝି ପାର୍ଗାନା ମୋହଲ ଓଡ଼ିଶା ଶାଖାର ସଭାପତି ବାଳକରାମ ବାସ୍କେ, ମୁଣ୍ଡାରୀ ସମାଜ ସଂଘର ଜାମଦାର ଜିଲ୍ଲା ସଭାପତି ନନ୍ଦଲାଲ୍ ସିଂହ ପ୍ରମୁଖ ସହଭାଗୀ ଥିଲେ। ଏତଦ୍‌ବ୍ୟତୀତ ରାଷ୍ଟ୍ରୀୟ ମୁସଲିମ ମୋର୍ଚ୍ଚା, ରାଷ୍ଟ୍ରୀୟ କିଶାନ ମୋର୍ଚ୍ଚା, ଅଲ୍‌ଇଣ୍ଡିଆ ସେଡ୍ୟୁଲକାଷ୍ଟ ଫେଡେରେସନ ଆଦି ଅନେକ ସଂଗଠନ ସମର୍ଥନ କରିଥିବା ବେଳେ ରାମଚରଣ ମାରାଣ୍ଡି, ସୁକ୍ରାମ ସିଂହ, ଗଙ୍ଗଲ ସିଂହ, ଲତାରାଣି ସିଂହ, ମାଳତୀ ମାରାଣ୍ଡି, ପ୍ରଶ୍ନକାନ୍ତ ପୂର୍ତ୍ତି, ରୁକ୍ମଣୀ ସିଂହ, ଜୟନ୍ତ ସିଂହ, ପିଠା ହେମ୍ବ୍ରମ, ସିମନ୍ ଟୁଡୁ, ସୋନାଲି ସୋରେନ, ସୁକ୍ରା ସିଂହ, ପାଣ୍ଡୁ ସିଂହଙ୍କ ସମେତ ମହିଳା, ପୁରୁଷ, ବିଦ୍ୟାର୍ଥୀ, ଛାତ୍ରଛାତ୍ରୀ, ବେରୋଜଗାର, ଯୁବପିଢ଼ି ଏବଂ କାର୍ଯ୍ୟକର୍ତ୍ତା ଅଂଶଗ୍ରହଣ କରିଥିଲେ।

## ସ୍କୁଟି ଧକ୍କାରେ କଲେଜ ଛାତ୍ରୀ ଆହତ



ବେଲବାହାଲି,୧୬।୧୦(ସମିସ): ଘସିପୁରା ଥାନାଅନ୍ତର୍ଗତବାରିଗାଁଛକନିକଟରେମଧ୍ୟାହ୍ନ ସମୟରେଜଣେଛାତ୍ରୀଙ୍କୁସ୍କୁଟିଧକ୍କାଦେବାରୁ ଛାତ୍ରୀ ଜଣକ ଗୁରତର ଆହତ ହୋଇଛନ୍ତି। ଗୁରୁତର ଛାତ୍ରୀ ଜଣକ ଆନନ୍ଦପୁର ଉପଖଣ୍ଡ ବେଲବାହାଲି ବେଲେଶ୍ୱର ମହାବିଦ୍ୟାଳୟର ଅର୍ଚ୍ଚନା ଜେନା। କଲେଜରୁ ନିଜଘର ବାଇଲୋକୁ ସାଇକଲ ଚଲାଇ ଫେରୁଥିବା ସମୟରେ ବାରିଗାଁ ନିକଟରେ ସ୍କୁଟି ତାଙ୍କୁ ଧକ୍କା ଦେଇ ପଳାଇଥିଲା। ଗୁରୁତର ଅବସ୍ଥାରେ ସ୍ଥାନୀୟ ଲୋକଙ୍କ ସାହାଯ୍ୟରେ ଏନଏଚଏଆଇ ଆମ୍ବୁଲାନ୍ସ ଯୋଗେ ତାଙ୍କୁ ଆନନ୍ଦପୁର ଉପଖଣ୍ଡ ଚିକିତ୍ସାଳୟଠାରେ ଭର୍ତ୍ତି କରାଯାଇଛି। ସ୍କୁଟି ନମ୍ବର ଓଡି ୦୯ ଏଡି ୮୯୭୭କୁ ଆଧାର କରି ଘଟଣାର ତଦନ୍ତ ଆରମ୍ଭ କରିଛି ଘଷିପୁରା ପୁଲିସ।

## ମୁଗୁପୁର ଦୈତାରୀ ଗୁରୁକୁଲମ୍‌ର ପ୍ରସ୍ତୁତି



ଆନନ୍ଦପୁର, ୧୬।୧୦ (ସମିସ): ମୁଗୁପୁରସ୍ଥିତ ଦୈତାରୀ ଗୁରୁକୁଲମ୍‌ର ବାର୍ଷିକ ଉତ୍ସବ ଓ ଶିଶୁ ଦିବସ ପାଳନ କରାଯିବା ନେଇ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠାନର ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ଗୁରୁକୁଲମ୍‌ର ପ୍ରତିଷ୍ଠାତା ଜନ୍ମେଜୟ ଓଝାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକର ନିଷ୍ପତ୍ତି ପ୍ରକାରେ ଆସନ୍ତା ନଭେମ୍ବର ୧୪ ତାରିଖ ଶିଶୁ ଦିବସରେ ଶିଶୁଙ୍କ ଦ୍ୱାରା ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବା ସହ କବି-ଲେଖକଙ୍କ ଦ୍ୱାରା ସେ ଅଞ୍ଚଳର ସଂସ୍କୃତି, ଶିଶୁ ସାହିତ୍ୟ, ଶିକ୍ଷା,ସାମାଜିକ ମୂଲ୍ୟବୋଧ ସଂପର୍କିତ କବିତା ପାଠ କରାଯିବାକୁ ସ୍ଥିର ହୋଇଛି। ଅନୁରୂପ ଭାବେ ଆଗାମୀ ବାର୍ଷିକ ଉତ୍ସବ ଅବସରରେ ପ୍ରକାଶ ପାଇବାକୁ ଥିବା ମୁଖପତ୍ର 'କଲ୍‌ଲୋଳିନୀ ବୈତରଣୀ' ପାଇଁ ଗଳ୍ପ, କବିତା, ପ୍ରବନ୍ଧ ଆଦି ବିଭିନ୍ନ ବିଭାଗର ଲେଖାମାନ ହ୍ୱାଟସ୍ ଆପ୍ ନଂ ୭୨୮୧୦୦୦୦୦୭ରେ ପଠାଇବା ପାଇଁ ଅନୁରୋଧ କରାଯାଇଛି। ଏହି ବୈଠକରେ ଗୁରୁକୁଲମ୍‌ର କର୍ମକର୍ତ୍ତାଙ୍କ ସମେତ ଗୁରୁଜୀ ଗୁରୁମା ଅଂଶଗ୍ରହଣ କରିଥିଲେ।

## ସାପ କାମୁଡ଼ାରେ ମହିଳା ମୃତ

ତୁରୁମୁଙ୍ଗା, ୧୬।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଘୋଲକୁଣ୍ଡ ଗ୍ରାମରେ ବୁଧବାର ବିଳମ୍ବିତ ରାତିରେ ସାପ କାମୁଡାରେ ଜଣେ ମହିଳାଙ୍କ ମୃତ୍ୟୁ ହୋଇଛି। ମୃତ ମହିଳା ହେଲେ ଗ୍ରାମର ବିଜୟ ଚାମ୍ପିଆଙ୍କ ସ୍ତ୍ରୀ ଜେମା (୩୦)। ଉଭୟ ସ୍ୱାମୀ ସ୍ତ୍ରୀ ରାତିରେ ଘର ଚଟାଣରେ ଶୋଇଥିବା ସମୟରେ ଏକ ବିଷଧର ସାପ ଜେମାଙ୍କୁ କାମୁଡିଥିଲା। ପରିବାର ଲୋକେ ତାଙ୍କୁ କରଞ୍ଜିଆ ଉପଖଣ୍ଡ ଚିକିତ୍ସାଳୟକୁ ନେଇଥିଲେ ହେଁ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ଫାଣ୍ଡି ଏଏସ୍‌ଆଇ ପଞ୍ଚମୀ ମହାନ୍ତ କରଞ୍ଜିଆ ଉପଖଣ୍ଡ ଚିକିତ୍ସାଳୟରେ ଶବକୁ ବ୍ୟବଚ୍ଛେଦ କରାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛନ୍ତି। ଏନେଇ ପାଟଣା ଥାନାରେ ୩୦/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଛି।

## ବ୍ଲକ୍‌ସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'



କେନ୍ଦୁଝର,୧୬।୧୦(ସମିସ): କେନ୍ଦୁଝର ସଦର ବ୍ଲକ ନୂଆଗାଁ କ୍ଲଷ୍ଟର ବରଦାପାଳ ଉଚ୍ଚ ବିଦ୍ୟାଳୟରେ ବ୍ଲକସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାଦଗଡ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ନଳିନୀ ଦେହୁରୀ ମା' ସରସ୍ୱତୀଙ୍କ ଫଟୋଚିତ୍ରରେ ପ୍ରଦୀପ ପ୍ରଜ୍ୱଳନ କରିବା ପରେ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଥିଲା। ଏଥିରେ ୧୬ଟି ବିଦ୍ୟାଳୟର ୯୪ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ସାଂସ୍କୃତିକ କାର୍ଯ୍ୟକ୍ରମରେ ମଣ୍ଡଳପାଟ ନୋଡାଲ ହାଇସ୍କୁଲର ଛାତ୍ରୀମାନେ ପ୍ରଥମ ସ୍ଥାନ ହାସଲ କରିଛନ୍ତି। ମଇଦାନକେଲ କ୍ଲଷ୍ଟରର ସିଆରସିସି ରମାକାନ୍ତ ମହାନ୍ତ ଅତିଥି ଭାବେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିବା ସହ ଜ୍ଞାନଗର୍ଭକ ଉଦବୋଧନ ଦେଇଥିଲେ। ପ୍ରଧାନଶିକ୍ଷକ ରଣଜିତ ମହାନ୍ତ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିଲେ। ନୂଆଗାଁ କ୍ଲଷ୍ଟର ସିଆରସିସି ନେତ୍ରାନନ୍ଦ ଦେହୁରୀ ସମେତ ସମସ୍ତ ଶିକ୍ଷକଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

### ପ୍ରସ୍ତାବିତ ଷ୍ଟିଲପ୍ଲାଣ୍ଟକୁ ବିରୋଧ କରି ବାଇକ୍ ରାଲି, ପ୍ରତିବାଦ ସଭା

# ଚାଷ ଜମିରେ ଷ୍ଟିଲ୍‌ପ୍ଲାଣ୍ଟ ନିର୍ମାଣ ବନ୍ଦ ସହ ଚୁକ୍ତିନାମା ରଦ୍ଦ ଦାବି

ତୁରୁମୁଙ୍ଗା,୧୬।୧୦(ସମିସ)



କେନ୍ଦୁଝରଜିଲ୍ଲାପାଟଣାତହସିଲଚେମେଣାଓଯମୁନାପଶି ପଞ୍ଚାୟତ ଅଞ୍ଚଳରେ ପ୍ରସ୍ତାବିତ ଷ୍ଟିଲପ୍ଲାଣ୍ଟ ନିର୍ମାଣକୁ ବିରୋଧ କରି ଗୁରୁବାର ଅଲ୍‌ଇଣ୍ଡିଆ କିସାନ କ୍ଷେତ ମଜଦୁର ସଂଗଠନର ସର୍ବଭାରତୀୟ କମିଟି ଆହ୍ୱାନକ୍ରମେ ପ୍ରତିବାଦ ସଭା ଅନୁଷ୍ଠିତ ହୋଇଯାଇଛି। କିଛି ଦିନ ତଳେ ଏହାକୁ ନେଇ ସପକ୍ଷବାଦୀଙ୍କ ଏକ ସଭାରେ ସ୍ଥାନୀୟ ବିଧାୟକଙ୍କ ସମର୍ଥନ ପରେ ପ୍ରସ୍ତାବିତ ଜିନ୍ଦଲ ପୋ।ସ୍କୋ ପ୍ଲାଣ୍ଟ ଅଞ୍ଚଳରେ ଏହି ସଭା ପ୍ରସଂଗକୁ ସରଗରମ କରିଛି। ଅଲ୍‌ଇଣ୍ଡିଆ କିସାନ କ୍ଷେତ ମଜଦୁର ସଂଗଠନ ଓ ଜିନ୍ଦଲ ପୋ।ସ୍କୋ ପ୍ରତିରୋଧ ମଞ୍ଚ ପକ୍ଷରୁ ଚିଲିଦା, ଭୃଙ୍ଗରାଜ ପଶି, ନୂଆଗାଁ, ରାଇକଳା, ଧରୁଆପଡା, କିମିର୍ଦ୍ଧାପଶି, ନୁଆଖମଣ, ବରୁଡିପଶି, ପଦ୍ମକେଶରପୁର, କୋଡ଼ଖମଣ ଯମୁନାପଶି ଗୋଡିପୋଖରୀ, ବାରଡାଙ୍ଗୁଆ, ଧନୁର୍ଜ୍ୟୟପୁର ଅଙ୍ଗିକଳା ରେଙ୍ଗାଳବେଡା ବଳିଆପଶି ଓ ଚେମେଣା ଆଦି ଗ୍ରାମଗୁଡିକରେ ବିଶାଳ ବାଇକ ରାଲି ଅନୁଷ୍ଠିତ ହୋଇଯାଇଛି। ପ୍ରସ୍ତାବିତ ଜିନ୍ଦଲ-ପୋସ୍କୋ ଅଞ୍ଚଳର ୧୮ ଟି ଗ୍ରାମର ଶତାଧିକ ରାଲିରେ ସାମିଲ ହେବା ସହ ଚେମେଣାଠାରେ ଅନୁଷ୍ଠିତ ପ୍ରତିବାଦ ସଭାରେ ଏକତ୍ରିତ ହୋଇଥିଲେ। ଚିଲିଦା ମକର ପଡିଆଠାରୁ ବାଇକ୍ ରାଲି କରି ଶୋଭାଯାତ୍ରାରେ ବାହାରି ସମସ୍ତ ଗ୍ରାମ ପରିକ୍ରମା କରିଥିଲେ। ବିଭିନ୍ନ ପ୍ଲାକାର୍ଡ ଓ ବ୍ୟାନର ସହ ଚାଷ ଜମିରେ ଶିଳ୍ପ ପ୍ରତିଷ୍ଠା ବନ୍ଦ କର, ଜିନ୍ଦଲ-ପୋସ୍କୋ ସହ ହୋଇଥିବା ଚୁକ୍ତିପତ୍ର ବାତିଲ, ରକ୍ତ ଦେବୁ ଜୀବନ ଦେବୁ ଭିଟାମାଟି ଛାଡିବୁ ନାହିଁ ଆଦି ସ୍ଲୋଗାନ ଦେଇ ଗାଁ ପରିକ୍ରମା କରିଥିଲେ। ଚେମଣା ରଜ ମହୋତ୍ସବ ଆମ୍ବତୋଟାରେ ବିଭିନ୍ନ ଗ୍ରାମ କମିଟି ପକ୍ଷରୁ ବାଇକ ଶୋଭାଯାତ୍ରାକାରୀଙ୍କୁ ସ୍ୱାଗତ କରାଯିବା ପରେ ଏକ ପ୍ରତିବାଦ ସଭା ମଞ୍ଚର ସଭାପତି ଘନଶ୍ୟାମ ମହାନ୍ତଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିଲା। ଅଞ୍ଚଳରେ ରାଜ୍ୟ ସରକାର ଦୋ ଫସଲି ଓ ବହୁ ଫସଲି ଜଳସେଚିତ ଚାଷ ଜମି ଲୋକଙ୍କଠାରୁ ବଳପୂର୍ବକ ଛଡ଼ାଇ ନେଇ ଜିନ୍ଦଲ ଓ ପୋସ୍କୋକୁ ଦେବା ପାଇ ବୁଝାମଣାପତ୍ର ଚୁକ୍ତିନାମା ସ୍ୱାକ୍ଷର କରିଥିବାରୁ ଉପସଭାପତି କମ୍ରେଡ୍ ପ୍ରକାଶ ମଲ୍ଲିକ କଡ଼ା ସମାଲୋଚନା କରିଥିଲେ। ଏହାଦ୍ୱାରା ଏଠାରେ ପୁରୁଷ ପୁରୁଷ ଧରି ବସବାସ କରୁଥିବା ପ୍ରାୟ ୨୦ ହଜାର ଗରିବ ଆଦିବାସୀ ଓ ଅନ୍ୟମାନେ ଉଚ୍ଛେଦ ହେବେ। ପୂର୍ବରୁ ଏହି ଅଞ୍ଚଳରେ ୨୦୦୬ରୁ ୨୦୧୩ ମସିହା ପର୍ଯ୍ୟନ୍ତ ଦୀର୍ଘ ୭ ବର୍ଷ ଧରି ଆନ୍ଦୋଳନ କରି ମିତ୍ତଲ କମ୍ପାନୀକୁ ହଟାଇଥିଲେ। ପୁଣି ଥରେ ଜିନ୍ଦଲ ପୋସ୍କୋକୁ ହଟାନ୍ତୁ ବୋଲି ଅଞ୍ଚଳବାସୀଙ୍କୁ ଆହ୍ୱାନ ଦେଇଥିଲେ। ମଞ୍ଚର ସମ୍ପାଦକ ବେଣୁଧର ସର୍ଦ୍ଦାର, ଉପସଭାପତି ସରୋଜ କୁମାର ସିଂହ, ନିରାକାର ମହାନ୍ତ, ବଙ୍ଗାଳି ନାଏକ, ପ୍ରଭାକର ମହାନ୍ତ, ଭାବଗ୍ରାହୀ ନାଏକ, କ୍ଷେତ୍ରବାସୀ ନାଏକ, ବସୁମତୀ ନାଏକ, ଚୌଧୁରୀ ମହାନ୍ତ, ଲକ୍ଷଣ ମହାନ୍ତ, ତ୍ରିଲୋଚନ ମହାନ୍ତ, ଅକ୍ଷୟ ନାଏକ, ବେଣୁଧର ମହାନ୍ତ, ଦିବାକର ନାଏକ, ସନାତନ ନାଏକ, ଶତ୍ରୁଘ୍ନ ନାଏକ, ମନୋଜ ନାଏକ, ଭୁବନାନନ୍ଦ ସର୍ଦ୍ଦାର ଓ ଚେମଣା ପଞ୍ଚାୟତର ପୂର୍ବତନ ସରପଞ୍ଚ ଉଦୟନାଥ ନାଏକ ପ୍ରମୁଖ ଉଦ୍‌ବୋଧନ ଦେଇଥିଲେ। ସରକାର ଚୁକ୍ତିନାମା ବାତିଲ ନକଲେ ଆଗାମୀ ଦିନରେ ଆନ୍ଦୋଳନକୁ ଆହୁରି ବ୍ୟାପକ କରାଯିବ ବୋଲି ଜିନ୍ଦଲ ପୋସ୍କୋ ପ୍ରତିରୋଧ ମଞ୍ଚର ସଭାପତି ଘନଶ୍ୟାମ ମହାନ୍ତ ଆହ୍ୱାନ ଦେବା ସହ ଏନେଇ ରାଷ୍ଟ୍ରପତିଙ୍କୁ ମେଲ୍ ଜରିଆରେ ଦାବିପତ୍ର ପଠାଯାଇଥିବା କହିଛନ୍ତି।

## ପୋଡ଼ଖମଣ ହତ୍ୟା ଆସାମୀକୁ ୫ ବର୍ଷ ସଶ୍ରମ କାରାଦଣ୍ଡ

ଆନନ୍ଦପୁର, ୧୬।୧୦ (ସମିସ): ଏକ ହତ୍ୟା ମାମଲାର ବିଚାର କରି ଆନନ୍ଦପୁର ଅତିରିକ୍ତ ଜିଲ୍ଲା ଦୌରାଜଜ୍ ଆସାମୀକୁ ୫ ବର୍ଷର ସଶ୍ରମ କାରାଦଣ୍ଡ ରାୟ ଶୁଣାଇଛନ୍ତି। ଅତିରିକ୍ତ ସରକାରୀ ଓକିଲଙ୍କ ସୂଚନା ଅନୁଯାୟୀ, ଗତ ୧୧-୭-୨୦୨୦ ରାତି ୯ଟା ସମୟରେ ଘଷିପୁରା ଥାନା ପୋଡାଖମଣ ମାଝିସାହିର ରାମ ନାଇକଙ୍କ ପୁଅ ନରତମ ନାଇକ ନିଜର ଦୁଇଟି ଯାକ ହଂସକୁ ଆଣିବାକୁ ଯାଇଥିଲେ। କୌଣସି ସୂତ୍ରରୁ ଖବର ପାଇଲେ ଯେ ନିକଟସ୍ଥ ଝାଡେଶ୍ୱର ମାଝିସାହିର ରବି ମୁର୍ମୁ ସେହି ହଂସ ଦୁଇଟିକୁ ମାରି ଖାଇଦେଇଥିଲେ। ନରତମ ହଂସ ଦୁଇଟିର ମୂଲ୍ୟ ବାବଦକୁ ରବି ମୁର୍ମୁକୁ ପଇସା ମାଗିବାରୁ ରବି ମୁର୍ମୁ ନରତମକୁ ଅସଭ୍ୟ ଭାଷାରେ ଗାଳିଗୁଲଜ କରିଥିଲା। ଏହାକୁ ନରତମର ବାପା ରାମ ନାଇକ ବାରଣ କରିବାରୁ ରବି ଉତକ୍ଷିପ୍ତ ହୋଇ ରାମକୁ ଏକ ପଥରରେ ଆକ୍ରମଣ କରିଥିଲା। ଫଳରେ ରାମ ନାଇକ ଚିକ୍ରାର କରି ସେହିଠାରେ ପଡିଯିବାରୁ ନରତମ ସଙ୍ଗେ ସଙ୍ଗେ ତାର ବାପା ରାମ ନାଇକଙ୍କୁ ଆନନ୍ଦପୁର ଉପଖଣ୍ଡ ମୁଖ୍ୟ ଚିକିତ୍ସାଳୟକୁ ନେଇଥିଲା। ରାମର ଅବସ୍ଥା ସଙ୍କଟାପନ୍ନ ଥିବାରୁ ସେଠାରୁ ଡାକ୍ତର ରାମକୁ କେନ୍ଦୁଝର ଚିକିତ୍ସାଳୟକୁ ସ୍ଥାନାନ୍ତରିତ କରିଥିଲେ। କେନ୍ଦୁଝର ଯିବା ବାଟରେ ରାମର ମୃତ୍ୟୁ ହୋଇଥିଲା। ଏ ସମ୍ପର୍କରେ ନରତମ ଘଷିପୁରା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ ।ନା କେସ୍ ନମ୍ବର ୧୧୮/୧୨-୭-୨୦ରେ ଭାରତୀୟ ଦଣ୍ଡବିଧି ଆଇନର ଧାରା ୩୦୨ରେ ମାମଲା ରୁଜୁ କରିଥିଲା। ଆନନ୍ଦପୁର ଅତିରିକ୍ତ ଜିଲ୍ଲା ଦୌରାଜଜ୍ ଦେବଦତ୍ତ ଦାସମହାପାତ୍ର ଏହି ମାମଲାରେ ଏସ୍‌ଟି କେସ୍ ନମ୍ବର ୧୭/୨୦ରେ ମୋଟ ୧୩ଜଣ ସାକ୍ଷୀଙ୍କ ସାକ୍ଷ୍ୟପ୍ରମାଣ ଓ ବୟାନ ଆଧାରରେ ଭାରତୀୟ ଦଣ୍ଡବିଧି ଆଇନର ଧାରା ୩୦୪(୨) ଅନୁଯାୟୀ ମାମଲାର ବିଚାର କରି ଆସାମୀ ରବି ମୁର୍ମୁକୁ ୫ବର୍ଷର ସଶ୍ରମ କାରାଦଣ୍ଡ ରାୟ ପ୍ରଦାନ କରିଛନ୍ତି। ସରକାରଙ୍କ ତରଫରୁ ଡେପୁଟି ଡାଇରେକ୍ଟର ଅଫ୍ ପ୍ରସିକ୍ୟୁସନ ପ୍ରକାଶଚନ୍ଦ୍ର ମହାନ୍ତିଙ୍କ ତତ୍ତ୍ୱାବଧାନରେ ଆନନ୍ଦପୁରର ଅତିରିକ୍ତ ସରକାରୀ ଆଇନଜୀବୀ ସୌମିତ୍ରୀ କୁମାର ରାଉତ ମାମଲା ପରିଚାଳନା କରୁଥିଲେ।

## ଦାଦାବଟି ମାଗି ଯୁବକ ଗିରଫ



ବାଲିବନ୍ଧ, ୧୬।୧୦ (ସମିସ): କେନ୍ଦୁଝର ଜିଲ୍ଲା ବାମେବାରୀ ଥାନାଞ୍ଚଳରେ ଦାଦାବଟି ମାଗି ଯୁବକ ଝୁମ୍ପୁରା ବ୍ଲକ କୁଟୁଗାଁ ପଞ୍ଚାୟତ ଚିପିଣ୍ଡା ଗ୍ରାମର ଅଭିଯୁକ୍ତ ପ୍ରମୋଦ ବାରିକ (୩୭) ଗିରଫ ହୋଇଥିବା ଜଣାପଡ଼ିଛି। ଚିପିଣ୍ଡା ଗ୍ରାମର ପ୍ରମୋଦ ବାରିକ ମାସିକ ୧ଲକ୍ଷ ଟଙ୍କା ଦାଦବଟି ମାଗୁଥିବା ନେଇ କୁଟୁଗାଁସ୍ଥିତ ଚମ୍ପାଡିହୀଠାରେ ନିର୍ମାଣାଧୀନ ଥିବା କାଶୀଭି ଇଣ୍ଟରନ୍ୟାସନାଲ ପ୍ରାଇଭେଟ କମ୍ପାନୀର ପିଲେଟ ପ୍ଲାଣ୍ଟ କାର୍ଯ୍ୟ ତଦାରଖ ଦାୟିତ୍ୱରେ ଥିବା ଶଶିଭୂଷଣ ସାହୁ ଥାନାରେ ଗତ ୧୨ ତାରିଖ ଲିଖିତ ଅଭିଯୋଗ କରିଥିଲେ। ଏହି ଦାଦା ବଟି ନମିଳିଲେ ଖଣ୍ଡାରେ ହାଣିଦେବି ବୋଲି ଧମକ ଦେବା ସହ ବହୁତ ଅଭଦ୍ର ଭାଷାରେ ଗାଳିଗୁଲଜ କରିଥିଲା ଅଭିଯୁକ୍ତ ପ୍ରମୋଦ। ଏପରିକି ପ୍ଲାଣ୍ଟକାମ ବନ୍ଦ କରିଦେବି ବୋଲି ପାଟିତୁଣ୍ଡ କରିଥିଲା ପ୍ରମୋଦ। ଫଳରେ ଶଶିଭୂଷଣ ଭୟଭୀତ ହୋଇ ବାମେବାରୀ ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗକୁ ଭିତ୍ତି କରି ଏକ ମାମଲା ରୁଜୁ କରି ବାମେବାରୀ ପୁଲିସ ପ୍ରମୋଦକୁ ଗୁରୁବାର କୋର୍ଟ ଚାଲାଣ କରିଛି।

## ଅଧ୍ୟାପକଙ୍କୁ ଡ କଲାମ ଗୁରୁଦେବ ସମ୍ମାନ



ଆନନ୍ଦପୁର/ବେଲବାହାଲି, ୧୬।୧୦ (ସମିସ): ଘସିପୁରା ବ୍ଲକ ଅନ୍ତର୍ଗତ ରେକୁଟିଆସ୍ଥିତ କୁଶଳେଶ୍ୱର ଆଞ୍ଚଳିକ ମହାବିଦ୍ୟାଳୟ ଇତିହାସ ବିଭାଗ ଅଧ୍ୟାପକ ବିଜୟ କୁମାର ସାହୁଙ୍କୁ ଡ ଅବଦୁଲ କଲାମ ଗୁରୁଦେବ ସମ୍ମାନରେ ସମ୍ବର୍ଦ୍ଧିତ କରାଯାଇଛି। ପୂର୍ବତନ ଯଶସ୍ୱୀ ରାଷ୍ଟ୍ରପତି, ବିଶିଷ୍ଟ ବୈଜ୍ଞାନିକ ତଥା ମିସାଇଲ ମ୍ୟାନ ଡ ଅବଦୁଲ କଲାମଙ୍କ ରାଜ୍ୟସ୍ତରୀୟ ଜୟନ୍ତୀ ଉତ୍ସବ ବାଲେଶ୍ୱରର ରୋମୀଠାରେ ଅଧ୍ୟାପକ ଶ୍ରୀ ସାହୁଙ୍କୁ ଏହି ସମ୍ମାନ ମିଳିଛି। ଉତ୍ସବରେ ଅନୁଷ୍ଠାନର ଅଧ୍ୟକ୍ଷ ଡ ପଙ୍କଜ କୁମାର ଜେନା ସଭାପତିତ୍ୱ କରିଥିଲେ। ଓଡିଶା ସରକାରଙ୍କ ଉପ ମୁଖ୍ୟ ସଚେତକ ଗୋବିନ୍ଦଚନ୍ଦ୍ର ଦାସ ମୁଖ୍ୟଅତିଥି, ବିଶିଷ୍ଟ ବୈଜ୍ଞାନିକ ଡ ନୀଳାଦ୍ରି ରାୟ ମୁଖ୍ୟବକ୍ତା, ବାଲେଶ୍ୱର ବିଧାୟକ ମାନସ କୁମାର ଦତ୍ତ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଶିକ୍ଷା ଓ ସମାଜ ସେବା କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ଡ କଲାମ ଗୁରୁଦେବ ସମ୍ମାନ ସ୍ୱରୂପ ଟ୍ରଫି ଓ ଉପଢୌକନ ଦେଇ ସମ୍ବର୍ଦ୍ଧିତ କରିଥିଲେ। କଲେଜର ଅଧ୍ୟକ୍ଷ ସଞ୍ଜୟ ମିଶ୍ର, ସମସ୍ତ ଅଧ୍ୟାପକଅଧ୍ୟାପିକା ଓ କର୍ମଚାରୀ ଶ୍ରୀ ସାହୁଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## କ୍ଲଷ୍ଟର୍‌ସ୍ତରୀୟ ଶିଶୁ ସୁରଭି ମହୋତ୍ସବ

ହାଟଡ଼ିହୀ,୧୬।୧୦(ସମିସ): ହାଟଡ଼ିହୀ ବ୍ଲକ ବାଲିବରେଇ କ୍ଲଷ୍ଟରଅଧୀନରେଥିବା ବିଦ୍ୟାଳୟସମୂହକୁ ନେଇ କ୍ଲଷ୍ଟରସ୍ତରୀୟ ଶିଶୁ ସୁରଭି ମହୋତ୍ସବ କାର୍ଯ୍ୟକ୍ରମ ବିଦ୍ୟାଧରପୁରସ୍ଥିତ ସରକାରୀ ପ୍ରାଥମିକ ବିଦ୍ୟାଳୟଠାରେ ଅନୁଷ୍ଠିତ ହୋଇଯାଇଛି। ନିତ୍ୟାନନ୍ଦ ନାୟକ, ବିଜୟ ଜେନା ପ୍ରମୁଖ ଅତିଥି ଯୋଗଦାନ କରିଥିଲେ। ଏସିବି ଫାଉଣ୍ଡେସନର ଅଧ୍ୟକ୍ଷ ଅଲେଖଚନ୍ଦ୍ର ବେହେରା ସୁରଭିରେ ଭାଗ ନେଇଥିବା ସମସ୍ତେ ପିଲାଙ୍କୁ ପୁରସ୍କାର ବଣ୍ଟନ କରିଥିଲେ। ସାଧନ କେନ୍ଦ୍ର ଅଧୀନସ୍ଥ ୧୧ଟି



ସାଧନ କେନ୍ଦ୍ର ସଂଯୋଜକ ବିଶ୍ୱଜିତ ରାଉତଙ୍କ ସଂଯୋଜନାରେ ଏହା ଅନୁଷ୍ଠିତ ହୋଇଥିଲା ବେଳେ ଶ୍ରୀ ରାଉତ ସଭାପତିତ୍ୱ କରିଥିଲେ। ବାଲିବରେଇ ଉଚ୍ଚବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ଅପର୍ଣ୍ଣା ବେହେରା, ଇଞ୍ଜୋଳ ମଧ୍ୟ ଇଂରାଜୀ ବିଦ୍ୟାଳୟର ପ୍ରଧାନଶିକ୍ଷକ ଶ୍ରୀକାନ୍ତ ପଟ୍ଟନାୟକ, ଚତୁର୍ଭୁଜ ପହି, ଶିକ୍ଷାବିତ୍ ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। କ୍ଲଷ୍ଟର ଅଧୀନସ୍ଥ ସମସ୍ତ ଶିକ୍ଷକଶିକ୍ଷୟିତ୍ରୀ, ଛାତ୍ରଛାତ୍ରୀ ବିଦ୍ୟାଳୟ ପରିଚାଳନା କମିଟିର ସମସ୍ତ ସଭ୍ୟସଭ୍ୟା ଯୋଗ ଦେଇଥିଲେ। ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ଶକୁନ୍ତଳା ଜେନା ଧନ୍ୟବାଦ ଅର୍ପଣ କରିଥିଲେ।

## ପୂର୍ଣ୍ଣ ଅନୁଦାନ ପାଇଲା ଜଳସୁଆଁ ଲକ୍ଷ୍ମୀନାରାୟଣ ହାଇସ୍କୁଲ

ଆନନ୍ଦପୁର, ୧୬।୧୦ (ସମିସ)



ଆନନ୍ଦପୁର ବ୍ଲକ ଜଳସୁଆଁ ଲକ୍ଷ୍ମୀନାରାୟଣ ଉଚ୍ଚ୍‌ବିଦ୍ୟାଳୟ ରାଜ୍ୟ ସରକାରଙ୍କ ଗଣଶିକ୍ଷା ବିଭାଗରୁ ପୂର୍ଣ୍ଣ ଅନୁଦାନ ପାଇଥିବାରୁ ଅଞ୍ଚଳବାସୀ ସ୍ୱାଗତ କରିଛନ୍ତି। ୧୯୯୩ରେ ଅଞ୍ଚଳବାସୀ ଓ କେତେକ ଶିକ୍ଷପ୍ରେମୀଙ୍କ ଉଦ୍ୟମରେ ଆରମ୍ଭ ହୋଇଥିବା ଏହି ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀମାନେ ସ୍ୱଳ୍ପ ବେତନ ପାଉଥିଲେ ମଧ ପ୍ରତିବର୍ଷ ପରୀକ୍ଷାଫଳ ଆଶାଜନକ ହୋଇଥାଏ। ବିଦ୍ୟାଳୟର ଶୈକ୍ଷିକ ପରିବେଶ ଓ଼ ଶିକ୍ଷଦାନ ବ୍ୟବସ୍ଥାର ଅନୁଧ୍ୟାନ ପରେ କେନ୍ଦୁଝର ଜିଲ୍ଲା ଶିକ୍ଷାଧିକାରୀ ପୂର୍ଣଚନ୍ଦ୍ର ବରିହା, ଅତିରିକ୍ତ ଜିଲ୍ଲା ଶିକ୍ଷାଧକାରୀ ଶିକ୍ଷକମାନଙ୍କ ବିଭିନ୍ନ କାର୍ଯ୍ୟ ସ୍ୱଚ୍ଛତାର ସହିତ ହେଉଥିବାରୁ ଶତପ୍ରତିଶତ ଅନୁଦାନ ପାଇବା ପାଇଁ ଗଣଶିକ୍ଷା ବିଭାଗକୁ ଅନୁମୋଦନ କରିଥିଲେ। ଗଣଶିକ୍ଷା ବିଭାଗର ଉଚ୍ଚ କର୍ତ୍ତୃପକ୍ଷ ଶିକ୍ଷକ ଓ଼ କର୍ମଚାରୀ ଅସୁବିଧାକୁ ଉପଲବଧି କରି ଏହି ପ୍ରସ୍ତାବକୁ ମଞ୍ଜୁରୀ ଦେବା ପରେ ଜିଲ୍ଲା ଶିକ୍ଷାଧିକାରୀ ତାଙ୍କର ସ୍ୱତନ୍ତ୍ର କ୍ଷମତା ବଳରେ ଶତପ୍ରତିଶତ ଅନୁଦାନ ପାଇଁ ସ୍ୱୀକୃତି ଦେଇଥିବା ଜଣାପଡ଼ିଛି। ଏହି ବିଦ୍ୟାଳୟର ପ୍ରଧାଶିକ୍ଷକ ସମେତ ଶିକ୍ଷକ ଓ଼ କର୍ମଚାରୀଙ୍କ ପକ୍ଷରୁ ଗଣଶିକ୍ଷା ବିଭାଗ ଓ଼ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ପ୍ରଧାନ ଶିକ୍ଷକ ଜଗବନ୍ଧୁ ସାହୁ କୃତଜ୍ଞତା ଜଣାଇଛନ୍ତି।

## ହାଟଡ଼ିହୀ ହାଇସ୍କୁଲରେ ଦିନିକିଆ ଗଣିତ ଓ ବିଜ୍ଞାନ ତାଲିମ୍




ହାଟଡ଼ିହୀ,୧୬।୧୦(ସମିସ): ହାଟଡ଼ିହୀ ହାଇସ୍କୁଲଠାରେ ଗୁରୁବାର ପୂର୍ବାହ୍ନରେ ଏକଦିବସୀୟ ଗଣିତ ଓ ବିଜ୍ଞାନ ତାଲିମ୍ ଶିବିର ଅନୁଷ୍ଠିତ ହୋଇଯାଇଛି। ହାଟଡ଼ିହୀ ବିଇଓ ରାଜୀବ କୁମାର ଦଳେଇ, ଏବିଇଓ ପ୍ରମୋଦ କୁମାର ନାୟକ, ପୂର୍ଣ୍ଣଚନ୍ଦ୍ର ଜେନା ପ୍ରମୁଖଙ୍କ ସହ ହାଟଡ଼ିହୀ ହାଇସ୍କୁଲର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ପରମାନନ୍ଦ ପରିଡ଼ା ଏହାକୁ ଉଦଘାଟନ କରିଥିଲେ। ଖାନ୍ ଏକାଡେମୀ ପକ୍ଷରୁ ଆୟୋଜିତ ଏହି ଶିବିରରେ ହାଟଡ଼ିହୀ ଶିକ୍ଷାମଣ୍ଡଳର ୪୭ଟି ହାଇସ୍କୁଲର ଗଣିତ ଓ ବିଜ୍ଞାନ ଶିକ୍ଷକଶିକ୍ଷୟିତ୍ରୀ ଯୋଗ ଦେଇଥିଲେ। ପ୍ରଶିକ୍ଷକ ଭାବେ ଶାଳଦେଇସ୍ଥିତ କେବି ସରକାରୀ ହାଇସ୍କୁଲର ଜ୍ୟୋତିରଞ୍ଜନ ସିଆଲ ଓ ପ୍ରଦୀପ ଭଞ୍ଜ ଉପସ୍ଥିତ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ତାଲିମ୍ ଦେଇଥିଲେ। କାର୍ଯ୍ୟକ୍ରମକୁ କୋଷାଧ୍ୟକ୍ଷ ସଞ୍ଜୟ ସାହୁ ପରିଚାଳନା କରିଥିଲା ବେଳେ ଅନ୍ୟମାନେ ଏଥିରେ ସହଯୋଗ କରିଥିଲେ।

## ବ୍ୟବସାୟୀଙ୍କ ବିୟୋଗ; ପାଟଣା ବଜାର ବନ୍ଦ



ତୁରୁମୁଙ୍ଗା, ୧୬।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ସ୍ୱାମଶାସନର ବ୍ୟବସାୟୀ ବିପିନ ବିହାରୀ ଦାଶଙ୍କ ୬୬ବର୍ଷ ବୟସରେ ବିୟୋଗ ଘଟିଛି। ଗତ ବୁଧବାର ରାତିରେ ତାଙ୍କ ଅନ୍ତିମ ସଂସ୍କାର ପାଟଣା ବୈତରଣୀ ନଦୀର ଦୁର୍ଗାଦେଇପୁର ଶ୍ମଶାନ ଘାଟରେ ଶେଷ ହୋଇଛି। ପୁଅ ବୀରକିଶୋର ମୁଖାଗ୍ନି ଦେଇଥିବା ବେଳେ ମୃତ୍ୟୁଶଯ୍ୟା ନିକଟରେ ଭାଇ ଗଦାଧର, ବିଜୟ, ଅଜୟ, ଝିଅ ଜ୍ୱାଇଁ, ପୁତୁରା, ଝିଆରୀ, ଜ୍ଞାନ୍ତି କୁଟୁମ୍ବ ଉପସ୍ଥିତ ଥିଲେ। ବଡପାଟଣା ସରପଞ୍ଚ ବିନତି ବାନାରା, ପୂର୍ବତନ ପାଟଣା ବ୍ଲକ ଅଧ୍ୟକ୍ଷ ବିଦ୍ୟାଧର ଦାଶ, ପାଟଣା ବଜାର କମିଟି ସଭାପତି ବୁଲୁ ଭଞ୍ଜ, ସମ୍ପାଦକ ଅଜୟ ବେହେରା, ବିଜେପି ନେତା ଦୀନବନ୍ଧୁ ମିଶ୍ର, ସାମାଜିକ କର୍ମୀ ଅଜିତ ଦାଶ, ପର୍ଶୁରାମ ପଣ୍ଡା, କମଳାକାନ୍ତ ପତି, ଅଜୟ ଦାଶ, ଶିବନାରାୟଣ ମିଶ୍ର, ଅରବିନ୍ଦ ଦାଶ, ବ୍ୟବସାୟୀ ଚିତ୍ତ ସାହୁ ପ୍ରମୁଖ ଶେଷ ଦର୍ଶନ କରଥିଲେ। ବ୍ୟବସାୟୀ ବିଷ୍ଣୁ ବେହେରା, କୁଞ୍ଜ ସାହୁ, କାଳିଆ ଭଞ୍ଜ, ରାଜା ସାହୁ, ସଞ୍ଜୁ ଭଞ୍ଜ ପ୍ରମୁଖ ଶୋକ ବ୍ୟକ୍ତ କରିଛନ୍ତି। ତାଙ୍କ ବିୟୋଗରେ ପାଟଣା ମାର୍କେଟ କମିଟି ତରଫରୁ ସକାଳ ୬ରୁ ଅପରାହ୍ନ ୧୨ଟା ପର୍ଯ୍ୟନ୍ତ ପାଟଣା ବଜାରର ସମସ୍ତ ଦୋକାନକୁ ବନ୍ଦ ରଖାଯାଇଥିଲା।

## ବିପିଏଲ୍‌ଧାରୀଙ୍କୁ ସୂଚନା ଅଧିକାର ତଥ୍ୟ ପାଇଁ ଅର୍ଥ ଦାବି

ଆନନ୍ଦପୁର, ୧୬।୧୦ (ସମିସ): ସୂଚନା ଅଧିକାର ଆଇନରେ ବିପିଏଲ ହିତାଧିକାରୀ ବିନା ଅର୍ଥରେ ତଥ୍ୟ ଦେବାକୁ ସରକାରୀ ନିର୍ଦ୍ଦେଶ ଥିବାବେଳେ ତଥ୍ୟ ନଦେବା ପାଇଁ ବିଭିନ୍ନ ଆଳ ଦେଖାଇ ନିରାଶ କରୁଥିବା ଓ ଅର୍ଥ ଦାବି କରୁଥିବା ନେଇ ଗୁରୁତର ଅଭିଯୋଗ ହୋଇଛି। ଅଭିଯୋଗ ଅନୁଯାୟୀ, ଘସିପୁରା ବ୍ଲକ ଗୋହିରା ପଞ୍ଚାୟତ ଅନ୍ତର୍ଗତ ତାଳଗାଁ ଗ୍ରାମର ଦୈତାରୀ ମହାକୁଡ ସ୍ଥାନୀୟ ଓସ୍ତପୁରାସ୍ଥିତ ତ୍ରିଲୋଚନପୁର



ଆଶ୍ରମ ବିଦ୍ୟାଳୟର କିଛି ତଥ୍ୟ ପାଇବା ପାଇଁ ସୂଚନା ଅଧିକାରରେ ଆବେଦନ କରିଥିଲେ। ସେ ବିପିଏଲ ହିତାଧିକାରୀ ହୋଇଥିଲେ ମଧ୍ୟ ଆଶ୍ରମ ବିଦ୍ୟାଳୟ ତରଫରୁ ୮୦ ନମ୍ବର ଚିଠିରେ ସାତ ଦିନ ମଧ୍ୟରେ ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କ କାର୍ଯ୍ୟାଳୟରେ ୩୦୩୦ ଟଙ୍କା ଜମା କରିବା ପାଇଁ ଲେଖାଯାଇଥିଲା। ବିପିଏଲ୍ ହିତାଧିକାରୀଙ୍କୁ ମାଗଣା ତଥ୍ୟ ପ୍ରଦାନ ପାଇଁ ନିୟମ ଥିବା ବେଳେ ଅର୍ଥ ଦାବି ଘଟଣାରେ ଦୈତାରୀ ଅସନ୍ତୋଷ ବ୍ୟକ୍ତ କରି ଜିଲ୍ଲା ମଙ୍ଗଳ ଅଧିକାରୀଙ୍କ ନିକଟରେ ଅଭିଯୋଗ କରିଥିଲେ। ଏ ସଂକ୍ରାନ୍ତରେ ଆଶ୍ରମ ବିଦ୍ୟାଳୟ ପ୍ରଧାନଶିକ୍ଷକ ରଞ୍ଜନ ନାୟକଙ୍କ ଦୃଷ୍ଟି ଆକର୍ଷଣ କରିବାରୁ ଶ୍ରୀ ମହାକୁଡ ତାଙ୍କ ବିପିଏଲ କାର୍ଡ ଦେଇନାହାନ୍ତି ବୋଲି କହି ଏହି ପ୍ରସଙ୍ଗକୁ ଏଡ଼ାଇଦେଇଛନ୍ତି।

## ପଦ୍ମପୁରରେ ମହାଲକ୍ଷ୍ମୀଙ୍କ ଭସାଣି



କେନ୍ଦୁଝର,୧୬।୧୦(ସମିସ): କେନ୍ଦୁଝର ସଦର ବ୍ଲକ ପଦ୍ମପୁର ଗ୍ରାମରେ ମହାଲକ୍ଷ୍ମୀଙ୍କ ମୂର୍ତ୍ତି ଭସାଣି ଶୋଭାଯାତ୍ରା ଅନୁଷ୍ଠିତ ହୋଇଛି। ବାଜା ବାଣ ଫୁଟାଇ ନାଚଗୀତ ତାଳେ ତାଳେ ଗାଁ ସମେତ ବଜାର ପରିକ୍ରମା କରାଯାଇଥିଲା। ନିକଟସ୍ଥ ଗୁଡୁଗୁଡିଆ ପୋଖରୀରେ ମୂର୍ତ୍ତି ବିସର୍ଜନ କରାଯାଇଛି। ପଦ୍ମପୁର ମହାଲକ୍ଷ୍ମୀ ପୂଜା କମିଟିର ସଭାପତି ବିଜୟ ସାହୁ, ସମ୍ପାଦକ ପ୍ରବୀଣ ସାହୁ, ସଦସ୍ୟ ଗୋଲକ ବିହାରୀ ସାହୁ, ସତ୍ୟବ୍ରତ ସାହୁ(ରାଜା), ମନୋରଞ୍ଜନ ସାହୁ, ମନୋରଞ୍ଜନ ରାଉତ, ଅଜିତ ସାହୁ, ଗୌତମ ପୃଷ୍ଟି, ସମୀର ସାହୁ, ନବ କୁଅଁର, ଚତୁର୍ଭୁଜ ସାହୁ, ସୁଦର୍ଶନ ସାହୁ, ହୃଷୀକେଶ ସାହୁ, ଜନ୍ମେଜୟ ସାହୁ, ସୁଶାନ୍ତ ସାହୁ, ସିଦ୍ଧାର୍ଥ ଶଙ୍କର ସାହୁ, ପ୍ରତୀକ ସାହୁ, ଗଣେଶ ସାହୁ, ଦୀପୁ ସାହୁ, ନିନୋଦ ସାହୁ, ଗୁରୁଚରଣ ଦେହୁରୀ, ସରୋଜ ସାହୁ, ବଦ୍ରିକାନାଥ ସାହୁ, ଦିପୁ ସାହୁ ପରିଚାଳନା କରିଥିଲେ।

## ବଜ୍ରପାତ ସାବଧାନତା ପାଇଁ ସଚେତନତା

ଉଦଳା,୧୬।୧୦(ସମିସ): ଉଦଳା ସ୍ଥିତ ଇନ୍ଦିରା ଗାନ୍ଧୀ ମହିଳା ମହାବିଦ୍ୟାଳୟରେ ବଜ୍ରପାତ ପ୍ରତିରୋଧ ପାଇଁ ଏକ କର୍ମଶାଳା ମହାବିଦ୍ୟାଳୟର ଅଧ୍ୟକ୍ଷ ଶଶୀ ଭୂଷଣ ପାଣିଗ୍ରାହୀଙ୍କ ପୌରାହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଅଧ୍ୟାପକ ଗିରିଜା ଶଙ୍କର ପାତ୍ର ଅତିଥି ପରିଚୟ କରିବା ସଙ୍ଗେ ସଙ୍ଗେ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ। ଅତିଥି ଭାବରେ ଏନଜିଓ ଆରମ୍ଭ ପ୍ଲାନ ପ୍ରୋଜେକ୍ଟର ଆଶିଷ ମଲ୍ଲିକ ଯୋଗଦେଇ ବଜ୍ରପାତ ମୁକାବିଲା କରିବାର କୌଶଳ ସମ୍ପର୍କରେ ଆଲୋଚନା କରିଥିଲେ। ଅନ୍ୟତମ ଅତିଥି ଭାବରେ ରେଡିଓ ବାଘା ଯତୀନର ଦେବେନ୍ଦ୍ର ରାଉଳ ଯୋଗ ଦେଇ ସଂଗୀତ ମାଧ୍ୟମରେ ବଜ୍ରପାତ ନିରୋଧର ଉପାୟ ଗୁଡିକ ଜଣାଇଥିଲେ। ତାଳ ଗଛ ରୋପଣ କରି କିପରି ବଜ୍ରପାତକୁ ରୋକାଯାଇପାରିବ ସେ ବିଷୟରେ ଛାତ୍ରୀମାନଙ୍କୁ ଅବଗତ କରାଇଥିଲେ। ଛାତ୍ରୀମାନଙ୍କ ମଧ୍ୟରେ ବଜ୍ରପାତ ସମ୍ବନ୍ଧୀୟ ଏକ କୁଇଜ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ବିଜୟୀମାନଙ୍କୁ ପୁରସ୍କୃତ କରାଯାଇଥିଲା। ରେଡ଼ିଓ ବାଘାଯତୀନର ଆକାଶ ମହାନ୍ତ ଓ ନାନୁ ରାଜଦୀପ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଅଧ୍ୟାପକ ଗିରିଜା ଶଙ୍କର ପାତ୍ର ସମସ୍ତଙ୍କୁ ଧନ୍ୟବାଦ ପ୍ରଦାନ କରିଥିଲେ।

### କେନ୍ଦୁଝର ଜିଲ୍ଲାରୁ ମୂଳପୋଛ ହୋଇନି ମ୍ୟାଲେରିଆ

# ମଶାମରା ଔଷଧ ସିଞ୍ଚନ, ଔଷଧବୋଳା ମଶାରୀ ବଣ୍ଟନ ବାଟବଣା

କେନ୍ଦୁଝର, ୧୬।୧୦(ସମିସ)

କେନ୍ଦୁଝର ହିଲ୍ଲା ମ୍ୟାଲେରିଆ ପ୍ରବଣ ଜିଲ୍ଲା ଭାବେ ଜଣା। ଏକଦା କେନ୍ଦୁଝର ସାରା ଭାରତରେ ୧ ନମ୍ବର ମ୍ୟାଲେରିଆ ପ୍ରବଣ ଜିଲ୍ଲାରେ ପରିଗଣିତ ହୋଇଥିଲା। ସରକାରଙ୍କ ପଦକ୍ଷେପ ସ୍ୱାସ୍ଥ୍ୟ ବିଭାଗର ପରିଶ୍ରମ କାରଣରୁ ଜିଲ୍ଲାରୁ ମ୍ୟାଲଲରିଆ ଦୂରେଇଛି; କିନ୍ତୁ ଜିଲ୍ଲାରୁ ଏବେବି ମୂଳପୋଛ ହୋଇପାରିନାହିଁ। ପୁଣି ଜିଲ୍ଲାରେ ମଶାବଂଶ ବୃଦ୍ଧି ହେଉଛି। ବିଗତ ଦୁଇତିନି ବର୍ଷ ହେଲା ମଶାମରା ଔଷଧ ସିଞ୍ଚନ ହୋଇନାହିଁ କିମ୍ବା ଔଷଧବୋଳା ମସାରୀ ମଧ୍ୟ ବଣ୍ଟନ ହୋଇନାହିଁ। ମ୍ୟାଲେରିଆ ନିରାକରଣ ନିମନ୍ତେ ଜିଲ୍ଲାରେ ଅନେକଗୁଡିଏ ଯୋଜନା କାର୍ଯ୍ୟକାରୀ ହେଉଛି। ବ୍ୟାପକ ଜନସଚେତନତା, ଏଏନଏମ ସେଣ୍ଟରରୁ ପ୍ରାଥମିକ ଚିକିସାକେନ୍ଦ୍ରରେ ମ୍ୟାଲେରିଆ ଔଷଧର ଉପଲବ୍ଧ, ଔଷଦ ବୋଳା ମଶାରୀ ବଣ୍ଟନ, ଠିକଣା ସମୟରେ ଔଷଧ ଖାଇବା କାରଣରୁ ମ୍ୟାଲେରିଆ ରୋଗୀ ଏବଂ ମୃତକଙ୍କ ସଂଖ୍ୟା ହ୍ରାସ ପାଇଛି। ମାତ୍ର ଏବେ ପୁଣି ମଶାବଂଶ ବୃଦ୍ଧି ହେଉଥିବାରୁ ମଶାରୀ ବଣ୍ଟନ ଔଷଧ ସିଞ୍ଚନର ଆବଶ୍ୟକତା ଅନୁଭବ ହେଲାଣି।

୨୦୨୦ରେ ଜିଲ୍ଲାରେ ୧୧ ଲକ୍ଷ ୨୬ ହଜାର ୬୧୬ ଔଷଧବୋଳା ମଶାରୀ ବଣ୍ଟନ ହୋଇଥିଲା। ଯାହାକି ଲୋକଙ୍କ ବହୁତ କାମରେ ଆସିଥିଲା। ସେଗୁଡିକ ନଷ୍ଟ ହେଇଗଲାଣି। ନୂତନ ଔଷଧବୋଳା ମାଶାରୀର ଆବଶ୍ୟକତା ପଡୁଛି। ତଥ୍ୟ ଅନୁସାରେ ୨୦୧୧ରୁ ୨୦୨୩ ପର୍ଯ୍ୟନ୍ତ ୧୩ ବର୍ଷ ମଧ୍ୟରେ ଜିଲ୍ଲାର ୫୦ ଲକ୍ଷ ୯୩ ହଜାର ୯୧୫ ଜଣଙ୍କର ମ୍ୟାଲେରିଆ ପରୀକ୍ଷା ହୋଇଥିଲା। ୨୦୨୦ରେ ମାତ୍ର ୨୬୪, ୨୦୨୧ରେ ୧୩୭



ଜଣ ଏବଂ ୨୦୨୨ରେ ୧୫୧ ଜଣ ଏବଂ ୨୦୨୩ରେ ୨୬୫ ଜଣ ମ୍ୟାଲେରିଆରେ ଆକ୍ରାନ୍ତ ଚିହ୍ନଟ ହୋଇଥିଲେ। ଗତ ୧୧ ବର୍ଷ ମଧ୍ୟରେ ଜିଲ୍ଲାର ୧୮୮୦୨ ଜଣ ମାରାତ୍ମକ ମ୍ୟାଲେରିଆ ପିଭିରେ ଏବଂ ୧୭୧୩୧୯ ଜଣ ପିଏଫ୍‌ରେ ଆକ୍ରାନ୍ତ ହୋଇଥିଲେ। ୨୦୨୦ରୁ ୨୦୨୨ରେ ତିନି ବର୍ଷରେ ଆକ୍ରାନ୍ତଙ୍କ ସଂଖ୍ୟା ହ୍ରାସ ପାଇଥିଲା।

୨୦୨୩ରେ ଆକ୍ରାନ୍ତଙ୍କ ସଂଖ୍ୟାରେ ସାମାନ୍ୟ ବୃଦ୍ଧି ହୋଇଥିବା ବେଳେ ୬୦୦୪୮୮ ଜଣଙ୍କର ରକ୍ତ ନମୁନା ପରୀକ୍ଷା କରାଯାଇଛି। ବିଗତ ୧୦ ବର୍ଷ ମଧ୍ୟରେ ସବୁଠାରୁ ଅଧିକ ରକ୍ତ ନମୁନା ପରୀକ୍ଷା ବୋଲି ଜଣାପଡିଛି। ୨୦୧୧ରେ ଜିଲ୍ଲାର ୩୦୯୯୫୦ ଜଣଙ୍କ ରକ୍ତ ପରୀକ୍ଷାରୁ ୨୦୨୦୨ ମ୍ୟାଲେରିଆ ପୋଜିଟିଭ ଚିହ୍ନଟ ହୋଇଥିଲେ। ୨ ଜଣଙ୍କର ମ୍ୟାଲେରିଆଜନିତ ମୃତ୍ୟୁ ହୋଇଥିଲା। ୨୦୧୨ରେ ୨୬୯୮୬୬ ଜଣଙ୍କ ମଧ୍ୟରୁ ୨୧୦୭୭ ଜଣ ମ୍ୟାଲେରିଆ ଆକ୍ରାନ୍ତ ଚିହ୍ନଟ ହୋଇଥିଲେ। ଏଥିରୁ ୩ଜଣ ମୃତ୍ୟୁବରଣ କରିଥିଲେ। ୨୦୧୩ରେ ୩୧୪୧୯୩ ଜଣଙ୍କ ମଧ୍ୟରୁ ୧୭୧୩୪ ଜଣ ମ୍ୟାଲେରିଆ ପଜିଟିଭ ଚିହ୍ନଟ ହୋଇଥିଲା ବେଳେ ୨ ଜଣଙ୍କର ମୃତ୍ୟୁ ହୋଇଥିଲା। ୨୦୧୪ରେ ୩୫୪୦୪୦ ଜଣଙ୍କ ପରୀକ୍ଷାରେ ୨୭୮୨୨ ଜଣ ଚିହ୍ନଟ ହୋଇଥିଲେ। ୪ ଜଣଙ୍କର ମୃତ୍ୟୁ ହୋଇଥିଲା। ୨୦୧୫ରେ ୩୩୬୨୩୫ ରକ୍ତ ପରୀକ୍ଷାରୁ ୨୮୧୫୮ ଜଣ ଚିହ୍ନଟ ହୋଇଥିଲେ। ୩ ଜଣ ପ୍ରାଣ ହରାଇଥିଲେ। ସେହିପରି ୨୦୧୬ରେ ୩୮୬୬୦୦ ଜଣଙ୍କ ରକ୍ତ ପରୀକ୍ଷାରୁ ୩୭୯୯୮ ଜଣ ଆକ୍ରାନ୍ତ ଚିହ୍ନଟ ହୋଇଥିଲା ବେଳେ ୫ ଜଣଙ୍କର ମୃତ୍ୟୁ ରେକର୍ଡ ହୋଇଥିଲା। ୨୦୧୭ରେ ଜିଲ୍ଲାର ୩୪୭୦୫୨ ଜଣଙ୍କର ରକ୍ତ ପରୀକ୍ଷା ହୋଇଥିଲା। ଏଥିରୁ ୩୩୯୧୮ ଜଣ ମ୍ୟାଲେରିଆ ପଜିଟିଭ୍ ଚିହ୍ନଟ ହୋଇ ୩ ଜଣ ମୃତ୍ୟୁ ହୋଇଥିଲା। ୨୦୧୮ରୁ ଆକ୍ରାନ୍ତଙ୍କ ସଂଖ୍ୟା ହ୍ରାସ ପାଇଛି। ସେ ବର୍ଷ ୩୩୯୪୪୫ ଜଣଙ୍କ ରକ୍ତ ପରୀକ୍ଷା କରାଯାଇଥିଲା। ୨୮୫୦ ଜଣ ଚିହ୍ନଟ ହୋଇଥିଲେ। ୨୦୧୯ରେ ସର୍ବାଧିକ ୪୫୩୮୪୫ ରକ୍ତ ପରୀକ୍ଷା ହୋଇଥିଲା। ୪୫୩ ଜଣ ଆକ୍ରାନ୍ତ ମଧ୍ୟରୁ ଜଣଙ୍କର ମୃତ୍ୟୁ ହୋଇଥିଲା। ୨୦୨୦ରେ ଜିଲ୍ଲାର ୪୧୯୦୩୦ ଜଣଙ୍କ ରକ୍ତ ପରୀକ୍ଷା କରାଯାଇଥିଲା। ସେଥିରୁ ୨୬୪ ମ୍ୟାଲେରିଆ ଚିହ୍ନଟ ହୋଇଥିଲେ। ୨୦୨୧ରେ ୧୩୭ ଜଣ ଏବଂ ୨୦୨୨ରେ ୧୫୧ ଜଣ, ୨୦୨୩ରେ ୨୬୫ ଜଣ ଆକ୍ରାନ୍ତ ଚିହ୍ନଟ ହୋଇଥିଲେ। କିଛିବର୍ଷ ହେବ ମ୍ୟାଲେରିଆ ଆକ୍ରାନ୍ତଙ୍କ ସଂଖ୍ୟା କମି ନଥିଲେ ମଧ୍ୟ ତଦଜନିତ ମୃତ୍ୟୁ ନାହିଁ। ମାତ୍ର ଆକ୍ରାନ୍ତଙ୍କ ସଂଖ୍ୟା ଏବେ ମଧ୍ୟ ଶୂନ୍ୟରେ ପହଞ୍ଚି ନାହିଁ। ତେଣୁ ସତର୍କତା ଜରୁରୀ ଥିବାବେଳେ ଔଷଧ ସିଞ୍ଚନ, ଔଷଧବୋଳା ମ।।ରି ବଣ୍ଟନ ବ୍ୟବସ୍ଥାକୁ ଅଗ୍ରାଧିକାର ଦେବା ଜରୁରୀ ବୋଲି କୁହାଯାଉଛି।

## ବିଜେଡି କାର୍ଯ୍ୟାଳୟରେ ନବୀନ ପଟ୍ଟନାୟକଙ୍କ ୭୯ତମ ଜନ୍ମ ଦିବସ



ବାରିପଦା,୧୬।୧୦(ସମିସ): ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ଜନନେତା ନବୀନ ପଟ୍ଟନାୟକଙ୍କ ୭୯ତମ ଜନ୍ମଦିବସ ମୟୂରଭଞ୍ଜ ଜିଲ୍ଲା ବିଜେଡି ପକ୍ଷରୁ ଜିଲ୍ଲା କାର୍ଯ୍ୟାଳୟ ବା ବିଜୁଭବନରେ ପାଳନ କରାଯାଇଛି। ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ୭୯ ବର୍ଷ ପୂରଣ କରି ୮୦ବର୍ଷରେ ସେ ପଦାର୍ପଣ କରିଥିବା ବେଳେ ତାଙ୍କର ଦୀର୍ଘାୟୁ ଜୀବନ କାମନା କରି କାର୍ଯ୍ୟକାରୀ ସଭାପତି ଜିତେନ୍ଦ୍ର ମହାନ୍ତିଙ୍କ ପୌରହିତ୍ୟରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଜନନେତା ନବୀନ ପଟ୍ଟନାୟକ ଆଜି ବି ଲୋକଙ୍କ ହୃଦୟରେ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିଛନ୍ତି। ମୁଖ୍ୟମନ୍ତ୍ରୀ ଭାବେ ସେ ଏକ ବିକଶିତ ଓଡ଼ିଶା ଗଢ଼ିଛନ୍ତି। ତେଣୁ ତାଙ୍କର ଜନ୍ମଦିନରେ ଦୀର୍ଘାୟୁ ଜୀବନ କାମନା କରାଯାଇଛି। କାର୍ଯ୍ୟକ୍ରମରେ ଜିଲ୍ଲା ସଭାପତି ତଥା ପୂର୍ବତନ ମନ୍ତ୍ରୀ ସୁଦାମ ମାର୍ଣ୍ଡି, ଅନ୍ୟତମ ଜିଲ୍ଲା ସଭାପତି ଡା ଦେବାଶିଷ ମାର୍ଣ୍ଡି, ଜିଲ୍ଲା ପରିଷଦ ଅଧକ୍ଷା ଭାରତୀ ହାଁସଦା, ପୂର୍ବତନ ଉପବାଚସ୍ପତି ସାନନ୍ଦ ମାର୍ଣ୍ଡି, ପୂର୍ବତନ ବିଧାୟକ ଗଣେଶ୍ୱର ପାତ୍ର, ଏମସିସି ବ୍ୟାଙ୍କ ସଭାପତି ସୁବ୍ରମଣ୍ୟମ ମହାନ୍ତି, ପୂର୍ବତନ କୃଷି ନିଗମ ଅଧକ୍ଷ ଦେବାଶିଷ ମହାନ୍ତି, ମୋରଡା ବିଧାୟିକା ପ୍ରାର୍ଥିନୀ ପ୍ରୀତିନନ୍ଦା କାନୁନଗୋ, ସମାଜସେବୀ ଅମର ସେଠୀ, ପ୍ରଭାତ ନାୟକ, ଦେବାଶିଷ ପାତ୍ର, ଦେବିଦତ୍ତ ଦାଶ, ଅନନ୍ତ ଦାସ, ଦୀପକ ମଡୁଆଳ, ଜନ ମହାନ୍ତି ଓ ଶ୍ରାବଣୀ ଦାସଙ୍କ ସହିତ ବିଜୁ ଯୁବ ଜନତା ଦଳ ସଭାପତି ଅରୁଣ ବରାଡ଼, ବିଜୁ ଛାତ୍ର ଜନତା ଦଳର ସଭାପତି ସୁନୀଲ ନାୟକ, ରାଜ୍ୟ ସମ୍ପାଦକ ଆଶୀର୍ବାଦ ଦାସ, ବାରିପଦା ପୌରପାଳିକାର ସମସ୍ତ ୱାର୍ଡ କାଉନସିଲର, ବିଜେଡି ବରିଷ୍ଠ ନେତା ଏବଂ ଶତାଧିକ ସକ୍ରିୟ କର୍ମୀମାନେ ସହଯୋଗ କରିଥିଲେ। ଶେଷରେ ଚାରାରୋପଣ କରାଯାଇଥିଲା।

## ପିସିପୁର ବିଦ୍ୟାଳୟରେ ବିଶ୍ୱ ହାତଧୁଆ ଦିବସ ପାଳିତ

ବାରିପଦା,୧୬।୧୦(ସମିସ): ସ୍କୁଲ ପିଲା ଏବଂ ସମ୍ପ୍ରଦାୟ ମଧ୍ୟରେ ହାତ ପରିଷ୍କାର ସଚେତନତାକୁ ପ୍ରୋତ୍ସାହିତ କରି ବରିପଦା ମୁନିସିପାଲିଟି ଅନ୍ତର୍ଗତ ପୂର୍ଣ୍ଣଚନ୍ଦ୍ରପୁର ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ରେକିଟ୍ ଏବଂ ଅମର ଜ୍ୟୋତି ଫାଉଣ୍ଡେସନ୍ ପକ୍ଷରୁ ବିଶ୍ୱ ହାତ ଧୋଇବା ଦିବସ ପାଳିତ ହୋଇଯାଇଛି। ପ୍ରଧାନଶିକ୍ଷକ ସୌମ୍ୟ ଦାଶଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ସିଆରସିସି ଧନଞ୍ଜୟ ସାହୁ, ବରିଷ୍ଠ



ଶିକ୍ଷକ ସୋମନାଥ ସିଂହ, ଫାଉଣ୍ଡେସନର ଜିଲ୍ଲା କାର୍ଯ୍ୟକାରୀ ସଂଯୋଜକ ଦାସମାତ ସୋରେନ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ବିଶ୍ୱ ହାତ ଧୁଆ ଦିବସ ଉପରେ ଆଲୋକପାତ କରିଥିଲେ। ସଂଯୋଜକ ସୋରେନ ଖାଇବା ପୂର୍ବରୁ, ଖେଳିବା ତଥା ଶୌଚ ପରେ ସାବୁନରେ କିପରି ହାତ ଧୋଇବା ଉଚିତ ତାହା ଛାତ୍ରଛାତ୍ରୀଙ୍କୁ ଦର୍ଶାଇଥିଲେ। ବାରିପଦା ବ୍ଲକ ଶିକ୍ଷୟିତ୍ରୀ କଳ୍ପନା ମହାନ୍ତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀଙ୍କ ସମେତ ସମସ୍ତ ଶିକ୍ଷକ/ଶିକ୍ଷୟତ୍ରୀ ଓ ଅବିଭାବକ ଉପସ୍ଥିତ ଥିଲେ।

## ଡିଭାଇନ୍ ଗ୍ରୁପରେ ନବାଗତଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା

ବାରିପଦା,୧୬।୧୦(ସମିସ): ଉତ୍ତର ଓଡିଶାର ଅଗ୍ରଣୀ ବୈଷୟିକ ଶିକ୍ଷା ଅନୁଷ୍ଠାନ ଡିଭାଇନ୍ ଗ୍ରୁପ ଅଫ୍ ଇନଷ୍ଟିଚ୍ୟୁସନ୍‌ରେ ନବାଗତଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି। ଅନୁଷ୍ଠାନର ପ୍ରାଣ ପ୍ରତିଷ୍ଠାତା ପୂର୍ଣ୍ଣଚନ୍ଦ୍ର ବୁଗୁଡେଇଙ୍କ ପୌରହିତ୍ୟରେ କାର୍ଯ୍ୟକ୍ରମରେ ତାଙ୍କ ସହିତ ମଞ୍ଚରେ ଟ୍ରଷ୍ଟି ଶାନ୍ତିଲତା ବୁଗୁଡେଇ ମଧ୍ୟ ଉପସ୍ଥିତ ଥିଲେ। ଉତ୍ସବରେ ଅନୁଷ୍ଠାନର ନିର୍ଦ୍ଦେଶକ ଇଂ ବିପ୍ଲବ ଭଞ୍ଜନ ବୁଗୁଡେଇ ନିଜର ଅନୁଭୂତି ସହ ବୈଷୟିକ ଶିକ୍ଷା, ବିଜ୍ଞାନ ଶିକ୍ଷା ଓ ନର୍ସିଂ ଶିକ୍ଷାର ଆବଶ୍ୟକତା ଏବଂ ଗୁଣବତ୍ତା ଉପରେ ଗୁରୁତ୍ୱ ଦେଇ ଉତ୍କର୍ଷ ଭାରତ ଗଠନର ସପ୍ନକୁ ସାକାର କରିବା ପାଇଁ ଉପଦେଶ ଦେଇଥିଲେ। ସୂଚନା ଓ ପ୍ରଯୁକ୍ତି ନିର୍ଦ୍ଦେଶକ ଇଂ ଗୌରବ ବୁଗୁଡେଇ ନିଜର ପରାମର୍ଶ ଛଳରେ ପୃଥିବୀ ବକ୍ଷରେ ସହକର୍ମୀ ସାଜି ନିଜର ସୁରଭିରେ ଦୁନିଆକୁ ସୁରଭିତ କରିବାର ଦୁର୍ବାର ଶପଥ ନେବାକୁ ପରାମର୍ଶ ଦେଇଥିଲେ ଯାହାକି ଡିଭାଇନରେ ହିଁ କେବଳ ସମ୍ଭବ। ପରେ ପରେ ନବାଗତଙ୍କ ମଧ୍ୟରେ ମିସ୍ ଫ୍ରେଶର ଭାବେ ଡିପ୍ଲୋମାରୁ ସହେଲି ପାନଙ୍କୁ ଚୟନ କରାଯାଇଥିବା ବେଳେ ମିଷ୍ଟର ଫ୍ରେଶର ଭାବେ ଅନୁପ ସିଙ୍କୁ ଚୟନ କରାଯାଇଥିଲା। ସେହିଭଳି ଯୁକ୍ତଦୁଇ ବିଜ୍ଞାନର ମିସ୍ ଫ୍ରେଶର ଭାବେ ଅନନ୍ୟା ଦାସଙ୍କୁ ଚୟନ କରାଯାଇଥିବା ବେଳେ ମିଷ୍ଟର ଫ୍ରେଶର ଭାବେ ସ୍ୱରୂପ ମହାନ୍ତିଙ୍କୁ ଚୟନ କରାଯାଇଥିଲା। ଡିଭାଇନ ନର୍ସିଂରୁ ମିସ୍ ଫ୍ରେଶର ଭାବେ ଅର୍ଚିତା ପାତ୍ରଙ୍କୁ ଚୟନ




କରାଯାଇଥିବା ବେଳେ ମିଷ୍ଟର ଫ୍ରେଶର ଭାବେ ଜୀବନ ଜ୍ୟୋତି ଭୂୟାଁଙ୍କୁ ଚୟନ କରାଯାଇଥିଲା। ନୃତ୍ୟ ସଙ୍ଗୀତ ମାଧ୍ୟମରେ ସ୍ୱାଗତ ଉତ୍ସବ ସମ୍ପାଦିତ ହୋଇଥିଲା। ଅଧକ୍ଷ ଇଂ ଅଭିନ୍ନ ଦାସଙ୍କ ସହ ଡିଭାଇନ ଗ୍ରୁପର ସମସ୍ତ ଅଧ୍ୟାପକ-ଅଧ୍ୟାପିକା ଓ ପ୍ରତ୍ୟେକ କର୍ମଚାରୀଙ୍କ ସହିତ ଦ୍ୱିତୀୟ ଏବଂ ତୃତୀୟ ବର୍ଷର ସମସ୍ତ ଛାତ୍ରଛାତ୍ରୀ ବୃନ୍ଦ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ଗାଡ଼ି ଧକ୍କାରେ ଯୁବକ ମୃତ

କରଞ୍ଜିଆ,୧୬।୧୦(ସମିସ): କରଞ୍ଜିଆ ଥାନା ଅଧୀନ ପାଣ୍ଡ ନିକଟରେ ଅଜଣା ପିକଅପ ଧକ୍କାରେ ଯୁବର ମୃତ। ମୃତକ ହେଲେ ମତା ଗ୍ରାମର ସରୋଜ ନାଏକ(୨୦)। ମୃତ ସରୋଜ ପାଣ୍ଡ ଗ୍ରାମରୁ ଚାଲିଚାଲି ନିଜ ଗ୍ରାମ ମତାକୁ ଯାଉଥିବା ବେଳେ ଗାଡ଼ି ଧକ୍କାଦେଇ ପଳାଇଗଲା। ସ୍ଥାନୀୟ ଲୋକ ୧୦୮ ଆମ୍ବୁଲାନ୍ସରେ ତାଙ୍କୁ ଉଦ୍ଧାର କରି କରଞ୍ଜିଆ ଡାକ୍ତରଖାନାକୁ ଆଣିଥିଲେ ତେବେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

### ● କୃଷି ବିଜ୍ଞାନ କେନ୍ଦ୍ର ଦ୍ୱାରା ବିଶ୍ୱ ଖାଦ୍ୟ ଦିବସ ପାଳିତ

## ଉତ୍ତମ ଖାଦ୍ୟ ବ୍ୟବସ୍ଥା ସୃଷ୍ଟି ଓ ଉତ୍ତମ ଭବିଷ୍ୟତର ଆହ୍ୱାନ

ବାରିପଦା,୧୬।୧୦(ସମିସ): ପ୍ରତିବର୍ଷ ଅକ୍ଟୋବର ୧୬ ତାରିଖକୁ ବିଶ୍ୱ ଖାଦ୍ୟ ଦିବସ ରୂପରେ ସମଗ୍ର ବିଶ୍ୱରେ ପାଳନ କରାଯାଇଥାଏ। ଦିବସ ପାଳନର ମୁଖ୍ୟ ଉଦେଶ୍ୟ ହେଉଛି ସମଗ୍ର ବିଶ୍ୱରେ କ୍ଷୁଧାମୁକ୍ତ ସୃଷ୍ଟି କରିବା, ଖାଦ୍ୟର ଉପଯୁକ୍ତ ଯତ୍ନ ଓ ଅନାହାରକୁ ମୂଳୋତ୍ପାଟନ କରିବା ପାଇଁ ସଚେତନତା ସୃଷ୍ଟି କରିବା। ଏବର୍ଷର ବିଶ୍ୱ ଖାଦ୍ୟ ଦିବସର ବିଷୟବସ୍ତୁ ହେଉଛି ପରସ୍ପର ମଧ୍ୟରେ ହାତ ମିଳାଇ ଉତ୍ତମ




ଖାଦ୍ୟ ବ୍ୟବସ୍ଥା ସୃଷ୍ଟି ଏବଂ ଉତ୍ତମ ଭବିଷ୍ୟତର ଆହ୍ୱାନ। ଏହି ପରିପ୍ରେକ୍ଷୀରେ କୁଳିଅଣା ବ୍ଲକ ଅନ୍ତର୍ଗତ ଆନିଆପାଳ ଗ୍ରାମଠାରେ କୃଷି ବିଜ୍ଞାନ କେନ୍ଦ୍ର, ମୟୁରଭଞ୍ଜ-୧, ଶ୍ୟାମାଖୁଣ୍ଟା ତରଫରୁ ବିଶ୍ୱ ଖାଦ୍ୟ ଦିବସ ପାଳିତ ହୋଇଯାଇଅଛି। କାର୍ଯ୍ୟକ୍ରମକୁ କେନ୍ଦ୍ରର ମୁଖ୍ୟ ଓ ବରିଷ୍ଠ ବୈଜ୍ଞାନିକ ଡ଼ଃ ସଂଘମିତ୍ରା ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ କେନ୍ଦ୍ରର ବୈଜ୍ଞାନିକ ଡ଼ଃ ଝୁନିଲତା ଭୂୟାଁ, ଡ଼ଃ ଜ୍ୟୋତିପ୍ରକାଶ ମିଶ୍ର ପ୍ରମୁଖ ଯୋଗଦେଇ ଜନତାଙ୍କୁ କ୍ଷୁଧାମୁକ୍ତ ଏବଂ ଖାଦ୍ୟ ନିରାପତ୍ତା ବ୍ୟବସ୍ଥା ସୃଷ୍ଟି କରିବା ନିମନ୍ତେ ମତାମତ ରଖିଥିଲେ। କୁଚେଇ ଗ୍ରାମ ସେବକ ସୁମନ୍ତ କୁମାର ସଲେଙ୍ଗୀ ଯୋଗଦେଇ ଉପଯୁକ୍ତ ପରିମାଣର ଗୁଣ ଓ ପୋଷଣ ଯୁକ୍ତ ଖାଦ୍ୟ ଗ୍ରହଣ କରିବା ପାଇଁ ଆହ୍ୱାନ ଦେଇଥିଲେ। ଅଦିନିଆ ପନିପରିବା ଚାଷ, ଜୈବିକ ଉପାୟରେ ଚାଷ, କୃଷି ଉତ୍ପାଦନକୁ ଉପଯୁକ୍ତ ଉପାୟରେ ସଂରକ୍ଷଣ ଏବଂ ମୂଲ୍ୟଯୁକ୍ତ ପଦାର୍ଥ ସୃଷ୍ଟି କରିବା ଉପରେ ଗୁରୁତ୍ୱ ଦେଇଥିଲେ। ଏହା ସହିତ କୃଷି ବିଜ୍ଞାନ କେନ୍ଦ୍ରର ବିଭିନ୍ନ ପ୍ରକାର କାର୍ଯ୍ୟକ୍ରମ ସମ୍ବନ୍ଧରେ ଆଲୋଚନା କରାଯାଇଥିଲା। ଖାଦ୍ୟ ସୁରକ୍ଷା ଏବଂ ଖାଦ୍ୟର ସୁବଣ୍ଟନ ବିଷୟରେ ଆଲୋକପାତ କରାଯାଇଥିଲା। କାର୍ଯ୍ୟକ୍ରମରେ ଆନିଆପାଳ ଏବଂ ଆଖପାଖ ଗ୍ରାମରୁ ଶତାଧିକ ଚାଷୀ ଭାଇ ଭଉଣୀମାନେ ଯୋଗ ଦେଇଥିଲେ।

## ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ମାଧ୍ୟମରେ ଶିଶୁ ହୃଦ୍‌ରୋଗ ପରୀକ୍ଷା




### ୧୬୪ ଜଣ ଶିଶୁଙ୍କ ହୃଦରୋଗ ପରୀକ୍ଷା
### ୭୧ ଜଣଙ୍କ ହେବ ମାଗଣା ଅସ୍ତ୍ରୋପଚାର

ବାରିପଦା,୧୬।୧୦(ସମିସ): ଜିଲ୍ଲା ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ମାଧ୍ୟମରେ ଓ ନାରାୟଣ ହୃଦାଳୟ ଜାମସେଦପୁର ସହାୟତାରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ଥିବା ଜିଲ୍ଲା ସହଜ ସ୍ୱାସ୍ଥ୍ୟ ପରୀକ୍ଷା ଓ ଚିକିତ୍ସା କେନ୍ଦ୍ର (ଡିଇଆଇସି)ରେ ଶିଶୁ ହୃଦ୍‌ରୋଗ ପରୀକ୍ଷା ଶିବିର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମକୁ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡା. କିଶୋର କୁମାର ଆଚାର୍ଯ୍ୟ ଉଦ୍‌ଘାଟନ କରିଥିଲେ। ଶିଶୁମାନଙ୍କଠାରେ ହୃଦ୍‌ରୋଗ ଜନିତ ଜଟିଳ ସମସ୍ୟା ଦେଖାଦେଲେ, ଏହାର ଚିକିତ୍ସା ନିମନ୍ତେ ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ (ଆରବିଏସକେ) ମାଧ୍ୟମରେ ଓ ନାରାୟଣ ହୃଦାଳୟ ସହାୟତାରେ ବିନା ମୂଲ୍ୟରେ ଚିକିତ୍ସା ଯୋଗାଇ ଦିଆଯାଉଛି ବୋଲି କହିଥିଲେ। ଶିବିରରେ ନାରାୟଣ ହୃଦାଳୟ ଜାମସେଦପୁରରୁ ଆସିଥିବା ଶିଶୁ ହୃଦରୋଗ ବିଶେଷଜ୍ଞ ଡା. ଅନ୍ୱେସା ମୁଖାର୍ଜୀ ଓ ଡା. ଧର୍ମା ରାଓ ଯୋଗଦେଇ ୧୬୪ ଜଣ ଶିଶୁଙ୍କ ହୃଦ୍‌ରୋଗ ପରୀକ୍ଷା କରିଥିଲେ। ଏଥିମଧ୍ୟରୁ ୫୮ ଜଣ ଶିଶୁଙ୍କ ଅସ୍ତ୍ରୋପଚାର ପରବର୍ତ୍ତୀ ପରୀକ୍ଷା କରାଯାଇଥିଲା। ଆରବିଏସକେ ଭ୍ରାମ୍ୟମାଣ ସ୍ୱାସ୍ଥ୍ୟସେବା ଦଳ ମାଧ୍ୟମରେ ନୂତନ କରି ଚିହ୍ନଟ କରାଯାଇଥିବା ୧୦୬ ଜଣ ଶିଶୁଙ୍କ ହୃଦରୋଗ ପରୀକ୍ଷା କରାଯାଇଥିଲା। ଏହି ୧୦୬ ଜଣ ଶିଶୁଙ୍କ ମଧ୍ୟରୁ ୭୧ ଜଣଙ୍କ ଠାରେ ହୃଦରୋଗ ଜନିତ ସମସ୍ୟା ଚିହ୍ନଟ କରାଯାଇଛି। ସେମାନଙ୍କୁ ପର୍ଯ୍ୟାୟକ୍ରମେ ଆରବିଏସକେ ମାଧ୍ୟମରେ ନାରାୟଣ ହୃଦାଳୟକୁ ପଠାଯାଇ ବିନା ମୂଲ୍ୟରେ ଅସ୍ତ୍ରୋପଚାର କରାଯିବ ବୋଲି ଡା. ଆଚାର୍ଯ୍ୟ କହିଥିଲେ। କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ (ପରିବାର କଲ୍ୟାଣ) ଡା. ସୁନନ୍ଦା ମିଶ୍ର, ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ (ଭିବିଡି) ଡା. ବିଜୟ କୁମାର ଦାସ, ରାଜ୍ୟର ଆରବିଏସକେ ୟୁନିଟରୁ ଆସିଥିବା ପ୍ରଶାନ୍ତ କୁମାର ଦାଶ, ଚନ୍ଦନ କୁମାର ପତି, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ (ଡିଇଆଇସି)ର ଶିଶୁରୋଗ ବିଶେଷଜ୍ଞ ଡା ପ୍ରଦୀପ ମହାପାତ୍ର, ଡା. ଭବାନୀ ଶଙ୍କର ମହାନ୍ତି, ଡିପିଏମ ଏନ୍‌ଏଚ୍‌ଏମ୍ ଅନୀଲ ମହାନ୍ତି, ଆରବିଏସକେ ମ୍ୟାନେଜର ବିଜନ ସାହୁ, ହସ୍ପିଟାଲ ମ୍ୟାନେଜର ଶ୍ରୀରାମ ମହାନ୍ତି, ଡିଇଆଇସିର ସମସ୍ତ କର୍ମକର୍ତ୍ତା ଓ ଆରବିଏସକେ ଭ୍ରାମ୍ୟମାଣ ସ୍ୱାସ୍ଥ୍ୟସେବା ଦଳର କର୍ମଚାରୀ ବୃନ୍ଦ ଯୋଗଦେଇ ଶିଶୁ ହୃଦରୋଗ ପରୀକ୍ଷା ଶିବିର ପରିଚାଳନାରେ ସହଯୋଗ କରିଥିଲେ।

## ପଦ୍ମପୋଖରୀ ଗ୍ରାମରେ ପହଞ୍ଚିଲା ପ୍ରଶାସନ



ଶରତ,୧୬।୧୦(ସମିସ): ପଞ୍ଚାୟତରେ ରାସ୍ତା ଘାଟ, ଅଙ୍ଗନବାଡ଼ି କେନ୍ଦ୍ର ପ୍ରତିଷ୍ଠା, ପାନୀୟ ଜଳ ତଥା ଅନ୍ୟାନ୍ୟ ମୌଳିକ ସୁବିଧା ଯୋଗାଇଦେବା ଦାବିରେ ଗତ ୧୪ ତାରିଖରେ ପଦ୍ମପୋଖରୀ ପଞ୍ଚାୟତବାସୀଙ୍କ ଦ୍ୱାରା କପ୍ତିପଦା ବ୍ଲକ କାର୍ଯ୍ୟାଳୟ ଘେରଉ କରାଯିବା ସହିତ ଗଣଧାରଣା ପ୍ରଦର୍ଶନ କରାଯାଇ ଦାବିପତ୍ର ପ୍ରଦାନ କରାଯାଇଥିଲା। ପଞ୍ଚାୟତବାସୀଙ୍କୁ ସମସ୍ତ ପ୍ରକାର ସୁବିଧା ଯୋଗାଇଦେବା ନିମନ୍ତେ ଆଜି କପ୍ତିପଦା ଗୋଷ୍ଠୀ ଉନ୍ନୟନ ଅଧିକାରିଣୀ ରେଶମା ଟେଟେ ଉକ୍ତ ପଞ୍ଚାୟତକୁ ଯାଇ ପାଦରେ ଚାଲି ଚାଲି କାଦୁଅ ରାସ୍ତାରେ ଗ୍ରାମ ପଞ୍ଚାୟତ ବୁଲି ଦେଖିଛନ୍ତି। ତାଙ୍କ ସହିତ କନିଷ୍ଠ ଯନ୍ତ୍ରୀ ଭାରତ ସିଂ, ଗ୍ରାମ ପଞ୍ଚାୟତ ନିର୍ବାହୀ ଅଧିକାରୀ ଭାବେଶ ମହାପାତ୍ର ମଧ୍ୟ ଉପସ୍ଥିତ ରହି ଲୋକଙ୍କ ସହିତ ପାଦରେ ଚାଲି ଚାଲି ଗ୍ରାମ ପଞ୍ଚାୟତର ବିଭିନ୍ନ ଅସୁବିଧା ବୁଲି ଦେଖିଥିଲେ। ବର୍ତ୍ତମାନ ବ୍ଲକ ପ୍ରଶାସନ ଉକ୍ତ ପଞ୍ଚାୟତ ଗସ୍ତ କରିଥିବାରୁ ଲୋକେ ଆଶ୍ୱସ୍ତି ଅନୁଭବ କରିଛନ୍ତି। ରାସ୍ତା ନିର୍ମାଣ କାର୍ଯ୍ୟ ୪୮ ଘଣ୍ଟା ମଧ୍ୟରେ ଆରମ୍ଭ କରିବାକୁ କନିଷ୍ଠ ଯନ୍ତ୍ରୀଙ୍କୁ ବିଡିଓ ଶ୍ରୀମତୀ ଟେଟେ ନିର୍ଦ୍ଦେଶ ଦେଇଛନ୍ତି। ଗ୍ରାମବାସୀଙ୍କ ମଧ୍ୟରେ ଯୁବ ସମାଜସେବୀ ନବୀନ ମୁଣ୍ଡୁରୀ, ମମତା ଗୋଇପାଇ, ଶାନ୍ତି ମୁଣ୍ଡୁରୀ, ନାନ୍ଦୀ ଜାରିକା, ଦେହୁରୀ ହେମ୍ବ୍ରମ, ବୁଧିରାମ ବେହେରା, ଗାମାଏ ଗୋଇପାଇ ପ୍ରମୁଖ ବ୍ଲକ ଅଧିକାରୀମାନଙ୍କୁ ପଞ୍ଚାୟତ ବୁଲାଇ ଦେଖାଇଥିଲେ।

## ଆଜିର ରାଶିଫଳ

**ମେଷ:** ମନ ପ୍ରସନ୍ନ ରହିବ। ବ୍ୟବହାରରେ ପରିବର୍ତ୍ତନ ଆଣିବେ। ସମାଜସେବାରେ ମନୋନିବେଶ କରିବେ। ଅଫିସ୍‌ରେ ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିପାରନ୍ତି। ସଫଳତା ପାଇଁ କଠିନ ପରିଶ୍ରମ କରିବେ।

**ବୃଷ:** ପରିଶ୍ରମ ଅନୁସାରେ ଫଳ ମିଳିବ ନାହିଁ। ରାଜନୀତିରେ ନୂଆ ଲୋକଙ୍କ ସହ ମିଳାମିଶା ବଢ଼ିବ। ବନ୍ଧୁଙ୍କଠାରୁ ଆର୍ଥିକ ସାହାଯ୍ୟ ପାଇବେ। ଆଜି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇ ପାରନ୍ତି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ମିଥୁନ:** ଯାନବାହନ ଓ ଭୂମି କିଣିବା ଯୋଗ ଅଛି। ପରିବାରକୁ ସମୟ ଦେବେ। କର୍ମ ନିବେଶ କରି ଅଧିକ ଲାଭ ପାଇବେ। ପାରିବାରିକ ଜୀବନ ସୁଖମୟ ହେବ। ମହିଳାଙ୍କ ସମୟ ଭଲରେ ଅତିବାହିତ ହେବ।

**କର୍କଟ:** ଦିନଟି ଶୁଭଫଳ ପ୍ରଦାନ କରିବ। ପୈତୃକ ସମ୍ପତ୍ତିକୁ ନେଇ ଭାଇ ଭାଇ ମଧ୍ୟରେ କଳହ ଲାଗିପାରେ। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ ନାହିଁ। ଘରେ ପୂଜାପାଠ ଆୟୋଜନ କରିବେ।

**ସିଂହ:** ପାରିବାରିକ ବ୍ୟବସାୟକୁ ଆଗକୁ ନେବେ। ପରିବାରରେ ହସଖୁସିର ପରିବେଶ ରହିବ। ସମ୍ମାନ ହାନି ଯୋଗ ଅଛି। ଚାଷ କ୍ଷେତ୍ରରେ ଲାଭ ମିଳିବ। ଛୋଟଛୋଟ ଅଲୋଚନାକୁ ଅଣଦେଖା ନ କରିବା ଭଲ।

**କନ୍ୟା:** କୌଣସି କାମ ସମୟାନୁସାରେ ସମ୍ପନ୍ନ କରିବେ ନାହିଁ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ଦାମ୍ପତ୍ୟ ଜୀବନରେ ଭୁଲ ବୁଝାମଣା ଦେଖାଦେବ। ବିଦ୍ୟାର୍ଥୀ ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା କରିପାରନ୍ତି।

**ତୁଳା:** ସମାଜସେବା ପ୍ରତି ଆଗ୍ରହ ବଢ଼ିବ। ଶିକ୍ଷା କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିପାରେ। ସମସ୍ତ କାର୍ଯ୍ୟକୁ ପୂରା କରିବାରେ ସଫଳ ହେବେ। ଅଚାନକ ଖୁସି ଖବର ପାଇପାରନ୍ତି।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ବିବାହ ସମସ୍ୟାର ସମାଧାନ ହେବ। ଘରେ ପୂଜାପାଠ, ଭଜନକୀର୍ତ୍ତନ ଆୟୋଜନ କରିବେ। ପ୍ରେମିକ ପ୍ରେମିକାଙ୍କ ମଧ୍ୟରେ ମନୋମାଳିନ୍ୟ ଦେଖା ଦେବ।

**ଧନୁ:** ବନ୍ଧୁଙ୍କ ସହ ବୁଲିବାକୁ ଯିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। କୌଣସି ନୂଆ କାମ ଆରମ୍ଭ କରିବେ। ଉଚ୍ଚଶିକ୍ଷା ପାଇଁ ଭଲ ସମୟ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି। ଧାର୍ମିକ କାର୍ଯ୍ୟରେ ସାମିଲ ହେବେ।

**ମକର:** କର୍ମତତ୍ପର ରହିବେ। ଛାତ୍ରଛାତ୍ରୀମାନେ ନୂଆ ବିଷୟ ପାଇଁ ଆଗ୍ରହ ପ୍ରକାଶ କରିବେ। ସ୍ୱାମୀ-ସ୍ତ୍ରୀଙ୍କ ସମ୍ପର୍କରେ ମଧୁରତା ଦେଖାଦେବ। ଦୂରସ୍ଥାନ ଯାତ୍ରା ସମୟରେ ସତର୍କତା ଅବଲମ୍ବନ କରନ୍ତୁ।

**କୁମ୍ଭ:** କର୍ମ ଅନୁସାରେ ଫଳ ମିଳିବ। ବ୍ୟବସାୟରୁ ଆଶାଜନକ ଲାଭ ମିଳିବ। ସକାରାତ୍ମକ ଚିନ୍ତାଧାରା ନେଇ ଆଗକୁ ବଢ଼ିବେ। ଭବିଷ୍ୟତ ପାଇଁ ଚିନ୍ତାରେ ରହିବେ ଓ ନୂଆ ଯୋଜନା କରିବେ।

**ମୀନ:** ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପଢ଼ା ପାଇଁ ଅର୍ଥ ନିବେଶ କରିବେ। ଦୂରସ୍ଥାନକୁ ବୁଲିବା ଯୋଜନା କରିବେ। ଧାର କରଜରୁ ନିବୃତ୍ତ ରହିବେ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ଅତିଥି ସତ୍କାର କରିପାରନ୍ତି।

## ଆଜିର ଇତିହାସ

- ୧୯୩୩- ପ୍ରଖ୍ୟାତ ବୈଜ୍ଞାନିକ ଆଇନଷ୍ଟାଇନ୍ ଜର୍ମାନୀରୁ ଆମେରିକା ଚାଲିଗଲେ।
- ୧୯୭୯- ମଦର ଟେରେସାଙ୍କୁ ନୋବେଲ ଶାନ୍ତି ପୁରସ୍କାର ପ୍ରଦାନ କରାଗଲା।
- ୧୯୯୮- ନାଇଜେରିଆରେ ଏକ ପାଇପ୍ ଲାଇନ୍‌ରେ ବିସ୍ଫୋରଣ ଯୋଗୁଁ ୧୦୮୨ ଲୋକଙ୍କ ମୃତ୍ୟୁ।
- ୨୦୦୯-ମାଳଦ୍ୱୀପ ପାଣି ଭିତରେ ପ୍ରଥମ କ୍ୟାବିନେଟ୍ ବୈଠକ ଡାକି ବିଶ୍ୱର ସବୁଦେଶଙ୍କୁ ଜଳବାୟୁ ପରିବର୍ତ୍ତନର ବିପଦକୁ ଜଣାଇବା ପାଇଁ ଚେଷ୍ଟା କରିଥିଲା।

## ସ୍ୱାସ୍ଥ୍ୟ ପାଇଁ କ୍ଷତିକାରକ ଧୂପକାଠି ଧୂଆଁ




ହିନ୍ଦୁ ଧର୍ମରେ ପୂଜା, ହୋମଯଜ୍ଞ ଆଦି ସମୟରେ ଧୂପକାଠି ଜଳାଯାଇଥାଏ। ଏହା ଘରେ ସକାରାତ୍ମକ ଶକ୍ତି ଆଣିଥାଏ ବୋଲି ବିଶ୍ୱାସ ରହିଛି। ଧୂପକାଠିର ସୁଗନ୍ଧରେ ପରିବେଶ ମହକିବା ସହ ସକାରାତ୍ମକ ଓ ଆଧ୍ୟାତ୍ମିକ ବାତାବରଣ ଖେଳିଯାଏ। ହେଲେ ଏହାର ଧୂଆଁ ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ। ଏପରିକି ଏହି ଧୂଆଁ ଧୀରେ ଧୀରେ ଗମ୍ଭୀର ରୋଗର କାରଣ ହୋଇପାରେ। ଏଥିରେ ବ୍ୟବହାର ହେଉଥିବା ରସାୟନ ଏବଂ ସୁଗନ୍ଧିତ ଦ୍ରବ୍ୟ ଜଳିବା ଦ୍ୱାରା ହାନିକାରକ ଗ୍ୟାସ୍ ନିର୍ଗତ ହୁଏ। ଏଥିରୁ କାର୍ବନ ମନୋକ୍ସାଇଡ୍, ବେନଜେନ୍, ଫରମାଲଡିହାଇଡ୍ ତତ୍ତ୍ୱ ମିଳିଥାଏ। ତେଣୁ ଲଗାତାର ଧୂପକାଠି ଧୂଆଁ ସଂସ୍ପର୍ଶରେ ଆସିଲେ ଏହା ଫୁସ୍‌ଫୁସ୍ ପାଇଁ କ୍ଷତିକାରକ ହୋଇଥାଏ। ଏହାର ବାଷ୍ପ ଶ୍ୱାସକ୍ରିୟା ମାଧ୍ୟମରେ ଶରୀରକୁ ଗଲେ ଏହା ଅନେକ ଗମ୍ଭୀର ରୋଗର କାରଣ ମଧ୍ୟ ହୋଇପାରେ। ସେହିପରି ଧୂଆଁରେ ଥିବା ରସାୟନ ଚର୍ମ ଓ ଚକ୍ଷୁକୁ କ୍ଷତି ପହଞ୍ଚାଏ। ଏପରିକି ଏହା ହୃଦ୍‌ଯନ୍ତ୍ର ଉପରେ ମଧ୍ୟ ପ୍ରଭାବ ପକାଏ। ତେବେ ଲଗାତାର ଏହାର ସଂସ୍ପର୍ଶରେ ଆସିବା ଦ୍ୱାରା କର୍କଟ ଆଶଙ୍କା ବଢ଼ିଥାଏ। ତେଣୁ ଏହାକୁ ସାବଧାନତାର ସହ ବ୍ୟବହାର କରିବା ଦରକାର। ଏହାକୁ ବ୍ୟବହାର କରିବା ବେଳେ ଘରେ ବାୟୁଚଳାଚଳ ହେଉଥିବା ଆବଶ୍ୟକ। ନିତିଦିନ ଦୀର୍ଘ ସମୟ ପର୍ଯ୍ୟନ୍ତ ଧୂପକାଠି ଜାଳିବା ଅନୁଚିତ। ପିଲା ଓ ବୟସ୍କଙ୍କ ରୁମରେ ଧୂପକାଠି ବ୍ୟବହାର ନ କରିବା ଭଲ। ତେବେ ପରିବେଶକୁ ସୁଗନ୍ଧିତ ରଖିବାକୁ ଚାହୁଁଥିଲେ ଏସେନସିଆଲ ଅଏଲ ଡିଫ୍ୟୁଜର ବ୍ୟବହାର କରିବା ହେଉଛି ଏକ ଉତ୍ତମ ବିକଳ୍ପ। ଅନ୍ୟପଟେ ପ୍ରାକୃତିକ ଫୁଲକୁ ଘରେ ରଖିଲେ ପରିବେଶ ସୁଗନ୍ଧମୟ ହୋଇଥାଏ।

## ସବୁଠୁ ଅଧିକ ବିଜୁଳି ମାରେ ଏହି ସ୍ଥାନକୁ

ବିଶ୍ୱରେ ଏମିତି ଏକ ସ୍ଥାନ ଅଛି, ଯେଉଁଠାରେ ପ୍ରତ୍ୟେକ ରାତିରେ ଶହ ଶହ ଥର ବିଜୁଳି ମାରିଥାଏ। ଏହି ସ୍ଥାନଟି ହେଉଛି କେଟାଟୁମ୍ବୋ ଲାଇଟ୍‌ନିଂ। ଏହା ଭେନେଜୁଏଲାର ଜୁଲିଆ ରାଜ୍ୟରେ ଅବସ୍ଥିତ। ଏଠାରେ କେଟାଟୁମ୍ବୋ ନଦୀର ସଙ୍ଗମ ବା ମିଳନ ମିରାକାଇବୋ ହ୍ରଦ ସହ ହୋଇଛି। ଏହି ଅଞ୍ଚଳର ଭୌଗୋଳିକ ସଂରଚନା ଏବଂ ଜଳବାୟୁ ଏତେ ନିଆରା ଯେ, ଏହି ସ୍ଥାନ ବିଜୁଳି ଓ ବଜ୍ରପାତ ଲାଗି ପରିଚିତ। ସେହିପରି ଏଠାକାର ଦୃଶ୍ୟ କୌଣସି ଫିଲ୍ମ ସେଟ୍‌ଠାରୁ କମ୍ ନୁହେଁ। କୋଟାଟୁମ୍ବୋ ଲାଇଟନିଂ ଅଞ୍ଚଳରେ ବର୍ଷକୁ ପ୍ରାୟ ୨୮୦ ରାତି ବିଜୁଳି ମାରେ ବୋଲି ବିଶେଷଜ୍ଞମାନେ କହନ୍ତି। କେବଳ ସେତିକି ନୁହେଁ, ଗୋଟିଏ ରାତିରେ ପ୍ରାୟ ୧୦ ଘଣ୍ଟା ବିଜୁଳି ମାରିବାର ଦୃଶ୍ୟ ମଧ୍ୟ ଦେଖିବାକୁ ମିଳେ। ତେଣୁ ଏଥିରୁ ଏକପ୍ରକାର ଏହି କଥା ସ୍ପଷ୍ଟ ହେଉଛି ଯେ, ଏଠାକାର ଆକାଶ କେବେ ବି ସମ୍ପୂର୍ଣ୍ଣ ଅନ୍ଧକାରମୟ ହୋଇ ନ ଥାଏ। ଗୋଟିଏ ରାତିରେ ଏଠାରେ ୧୦୦ରୁ ୩୦୦ ଥର ବିଜୁଳି ମାରିବାର ନଜିର ରହିଛି। ଏହି କାରଣରୁ ଏହାକୁ ବିଶ୍ୱର ସର୍ବାଧିକ ବିଜୁଳି ମାରିବା ସ୍ଥାନ ଭାବେ ଗିନିଜ୍ ବିଶ୍ୱ ରେକର୍ଡ ସ୍ୱୀକୃତି ପ୍ରଦାନ କରିଛି। ସେହିପରି ଏଠାକାର ବିଜୁଳି ମାରିବା ଦୃଶ୍ୟ ଏତେ ବେଶୀ ଉଜ୍ଜ୍ୱଳ ଯେ, ଏହାକୁ ୫୦ କିଲୋମିଟର ଦୂରରୁ ଦେଖିବା ସମ୍ଭବ। ଏ ଦୃଶ୍ୟ କେବଳ ବୈଜ୍ଞାନିକଙ୍କ ଲାଗି କେବଳ ଗବେଷଣାର ବିଷୟ ନୁହେଁ, ବରଂ ସ୍ଥାନୀୟ ଲୋକ ଓ ପର୍ଯ୍ୟଟକଙ୍କ ପାଇଁ ଆକର୍ଷଣର କେନ୍ଦ୍ର। ରାତିର ଅନ୍ଧାରରେ ନିରନ୍ତର ବିଜୁଳି ମାରିବାର ଚମକ ଆକାଶକୁ ଏକ ବିଶାଳ ଆଲୋକ ପ୍ରଦର୍ଶନୀ ବା ଲାଇଟ୍ ଶୋ'ରେ ରୂପାନ୍ତରିତ କରିଥାଏ। ଏଠାରେ ପ୍ରତି ସମୟରେ ବିଜୁଳି କାହିଁକି ଗର୍ଜେ, ତାର ରହସ୍ୟ କାହାକୁ ଜଣା ନାହିଁ। ସାଧାରଣତଃ ଗୋଟିଏ ସ୍ଥାନରେ ଏକା ସାଙ୍ଗରେ ଏକରୁ ଅଧିକ ବିଜୁଳି ଗର୍ଜି ନ ଥାଏ। କିନ୍ତୁ ଏଠାରେ ଗୋଟିଏ ସ୍ଥାନରେ ହଜାର ହଜାର ବିଜୁଳି ଏକା ସମୟରେ ଗର୍ଜିଥାଏ। ୧୯୬୦ ମସିହାରେ ଏକ ରିପୋର୍ଟରେ କୁହାଯାଇଥିଲା ଯେ, ଏହି ସ୍ଥାନରେ ୟୁରାନିୟମର ମାତ୍ରା ଅଧିକ ରହିଛି, ତେଣୁ ଏଭଳି ଘଟଣା ଘଟୁଛି। ବୈଜ୍ଞାନିକମାନେ ଏହାକୁ ନେଇ ଅନେକ ଗବେଷଣା ମଧ୍ୟ କରିଛନ୍ତି। ଏଠାରେ ମିଥେନର ମାତ୍ରା ଅଧିକ କାରଣରୁ ଏମିତି ଘଟୁଛି ବୋଲି ବୈଜ୍ଞାନିକମାନେ କହିଛନ୍ତି। କିନ୍ତୁ ଏବେବି ଏହି ୨ଟି ତଥ୍ୟକୁ ନେଇ କୌଣସି ସଠିକ ପ୍ରମାଣ ମିଳିନାହିଁ। ତେଣୁ ଏବେ ବି ଏହା ରହସ୍ୟ ଘେରରେ ରହିଛି।




## 'ନୋ ଏଣ୍ଟ୍ରି ୨' ଛାଡ଼ିଲେ ବରୁଣ



'ନୋ ଏଣ୍ଟ୍ରି ୨'ରେ ବରୁଣ ଧୱନ୍, ଦିଲଜିତ୍ ଦୋସାଞ୍ଜ, ଅର୍ଜୁନ୍ କପୁର ଲିଡ୍ ରୋଲରେ ନଜର ଆସିଥାନ୍ତେ। କିନ୍ତୁ ଏବେ ଏହାର ଦୁଇ ଜଣ କଳାକାର ଫିଲ୍ମ ଛାଡ଼ି ଦେଇଛନ୍ତି। କିଛି ଦିନ ପୂର୍ବରୁ ଦିଲଜିତ୍ ଏଥିରୁ ବାହାରି ଯାଇଥିଲେ। ଏବେ ବରୁଣ ମଧ୍ୟ ଫିଲ୍ମ ଛାଡ଼ି ଦେଇଥିବା କିଛି ରିପୋର୍ଟରେ ପ୍ରକାଶ ପାଇଛି। 'ନୋ ଏଣ୍ଟ୍ରି ୨' ୨୦୦୫ରେ ଆସିଥିବା ଫିଲ୍ମ 'ନୋ ଏଣ୍ଟ୍ରି'ର ସିକ୍ୱେଲ। ମୂଳ ଫିଲ୍ମରେ ସଲମାନ୍ ଖାନ୍, ଫରଦିନ ଖାନ୍, ଅନୀଲ କପୁର ଦେଖାଯାଇଥିଲେ। ଏହାର ସିକ୍ୱେଲ ନିର୍ମାଣ ବିଷୟରେ ଫିଲ୍ମ ନିର୍ମାତା ଘୋଷଣା କରିବାରୁ ଏଥିରେ ପୁଣି ଥରେ ମୂଳ କଳାକାରମାନେ ନଜର ଆସିବେ ବୋଲି ଦର୍ଶକେ ଭାବୁଥିଲେ। କିନ୍ତୁ ଏଥିରେ ବରୁଣ, ଦିଲଜିତ୍ ଓ ଅର୍ଜୁନ୍‌ଙ୍କୁ ବ୍ରେକ୍ ମିଳିଥିଲା। ବରୁଣ ଏବେ 'ଭେଡିୟା ୨'ର ସୁଟିଂରେ ବ୍ୟସ୍ତ ଅଛନ୍ତି। ୨୦୨୬ ଜୁନ୍ ମାସ ବେଳକୁ ସେ ଫ୍ରି ହେବେ। ବରୁଣଙ୍କ ଯୋଗୁଁ 'ନୋ ଏଣ୍ଟ୍ରି ୨'ର ସୁଟ୍ ଅଟକିଯିବ ଅନୁଭବ କରି ସେ ଫିଲ୍ମ ଛାଡ଼ି ଦେଇଛନ୍ତି। ଇତିମଧ୍ୟରେ ଦିଲଜିତ୍ ଓ ବରୁଣ ଫିଲ୍ମ ଛାଡ଼ି ଦେଇଥିବାରୁ ଏବେ ଫିଲ୍ମ ନିର୍ମାତା ଦୁଇଜଣ ନୂଆ କଳାକାରଙ୍କ ସନ୍ଧାନରେ ଅଛନ୍ତି। ଅନୀସ ବଜ୍‌ମୀ ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଅଛନ୍ତି। ସେହିପରି ବରୁଣ ଓ ଦିଲଜିତ୍ ଏକାସଙ୍ଗେ 'ବର୍ଡର ୨' ଫିଲ୍ମରେ ନଜର ଆସିବେ।

## ସଞ୍ଜୀବନୀ

## ବିଶ୍ୱ ଆଘାତ ଦିବସ



**ବର୍ତ୍ତମାନ ସମୟରେ ଟ୍ରମା ବା ମାନସିକ ଆଘାତ ଏକ ପ୍ରମୁଖ ସ୍ୱାସ୍ଥ୍ୟ ସମସ୍ୟା। ଏହା ଅକସ୍ମାତ୍ ହୃତ୍‌ପିଣ୍ଡ ଏବଂ ମସ୍ତିଷ୍କ ଉପରେ ଗଭୀର ପ୍ରଭାବ ପକାଇଥାଏ। ଏହି ରୋଗ ପ୍ରତି ସଚେତନତା ସୃଷ୍ଟି କରିବାକୁ ପ୍ରତିବର୍ଷ ଅକ୍ଟୋବର ୧୭ ତାରିଖକୁ ବିଶ୍ୱ ଟ୍ରମା ଦିବସ ଭାବେ ପାଳନ କରାଯାଇଆସୁଛି। ଟ୍ରମା ପୀଡ଼ିତଙ୍କୁ ସମର୍ଥନ କରିବା ତଥା ଉପଯୁକ୍ତ ଚିକିତ୍ସା ଯୋଗାଇବା ସମ୍ବନ୍ଧରେ ଶିକ୍ଷା ପ୍ରଦାନ କରିବା ଏହି ଦିବସର ମୂଳ ଲକ୍ଷ୍ୟ।**

ଟ୍ରମା ଯେକୌଣସି ବୟସରେ ହୋଇପାରେ। ଟ୍ରମାଟିକ୍ ଆଘାତ ପାଇ ଅଧିକାଂଶ ଦିବ୍ୟାଙ୍ଗ ହୋଇଯାଆନ୍ତି। ଏଥିରେ ମସ୍ତିଷ୍କ ଆଘାତ ମୁଖ୍ୟ ସମସ୍ୟା। ସଡ଼କ ଦୂର୍ଘଟଣା, ହିଂସା, ପ୍ରାକୃତିକ ବିପର୍ଯ୍ୟୟ, ଆଦି ଜଣଙ୍କୁ ଆଘାତ ଦେଇଥାଏ। ଆଘାତର ପ୍ରଭାବ ପ୍ରତ୍ୟେକଙ୍କଠାରେ ଭିନ୍ନ ଭିନ୍ନ ଲକ୍ଷଣ ଭାବେ ଦେଖାଯାଇଥାଏ। ଶରୀର ଯନ୍ତ୍ରଣା ହେବା, ଥକ୍କାପଣ, ଚିନ୍ତା, କ୍ରୋଧ, ଅନିଦ୍ରା ଆଦି ଏହି ରୋଗର ଲକ୍ଷଣ ହୋଇଥାଏ। ରୋଗର ଚିହ୍ନଟ ପାଇଁ ଡାକ୍ତରଙ୍କ ପରାମର୍ଶରେ ସିଟି ଏବଂ ଏମ୍‌ଆର୍‌ଆଇ ସ୍କାନ କରାଯାଏ। ଅଭିଜ୍ଞ ଟ୍ରମା ସ୍ପେଶାଲିଷ୍ଟ, ନ୍ୟୁରୋସର୍ଜନ, ହୃଦ୍‌ରୋଗ ବିଶେଷଜ୍ଞ, ଅର୍ଥୋପେଡିକ୍‌ଙ୍କ ତତ୍ତ୍ୱାବଧାନରେ ଚିକିତ୍ସା ଯୋଗାଇ ହୁଏ। ବିଶ୍ୱ ଆଘାତ ଦିବସରେ ସ୍କୁଲ, କଲେଜ ତଥା ବିଭିନ୍ନ ସଂଗଠନରେ ଟ୍ରମା ପୀଡ଼ିତଙ୍କୁ ମାନସିକସ୍ତରରେ କିପରି ସାହାଯ୍ୟ ଯୋଗାଇ ହେବ ସେନେଇ ଜାଗ୍ରତ କରାଯାଏ। ଏନେଇ ସରକାରୀସ୍ତରରେ ବିଭିନ୍ନ ଉନ୍ନୟନମୂଳକ ପଦକ୍ଷେପ ସହିତ ଅଧିକ ଟ୍ରମା କେୟାର ସେଣ୍ଟରମାନ ରହିଛି।

## ସ୍ମାର୍ଟ ଡେଣ୍ଟାଲ ମେସିନ୍
## ଦୁଇ ମିନିଟ୍‌ରେ ମିଳିବ ଦାନ୍ତ ରିପୋର୍ଟ




ଦାନ୍ତବିନ୍ଧା ଏକ ସାଧାରଣ ସମସ୍ୟା। ଦାନ୍ତ ପୋକ ଖାଇଲେ, ଅଧା ଭାଙ୍ଗିଗଲେ, ମାଢ଼ି ସଂକ୍ରମଣ ଆଦି କାରଣରୁ ଦାନ୍ତ ବିନ୍ଧା ହୋଇଥାଏ। ଦାନ୍ତ ବିନ୍ଧା ଯୋଗୁଁ କାନ, ବେକରେ ଯନ୍ତ୍ରଣା ହୁଏ। ତେଣୁ ଦାନ୍ତର ସଠିକ୍ ଯତ୍ନ ନେବା ସହ ଡାକ୍ତରଙ୍କ ପରାମର୍ଶରେ ନିୟମିତ ଦାନ୍ତ ପରୀକ୍ଷା କରାଯାଏ। ହେଲେ ଏବେ ଦିଲ୍ଲୀ, ମୌଲାନା ଆଜାଦ୍ ଇନଷ୍ଟିଚ୍ୟୁଟ୍ ଅଫ୍ ଡେଣ୍ଟାଲ ସାଇନ୍ସରେ ଏକ ସ୍ମାର୍ଟ ଡେଣ୍ଟାଲ ମେସିନ୍ ଲଗାଯାଇଛି। ଯାହାଦ୍ୱାରା ଜଣେ ବ୍ୟକ୍ତି ନିଜେ ନିଜର ଦାନ୍ତ ସ୍କାନ କରି ଏହାର ସୁସ୍ଥତା ବିଷୟରେ ଜାଣିପାରିବେ। ଏହି ମେସିନ୍‌ଟି ଏଆଇ ଆଧାରିତ ସ୍କାନ୍‌ଓ ଏୟାର ମେସିନ୍। ଏଆଇ ଆଧାରିତ ନାବୀ ରୋବଟ ଏହି ଯାଞ୍ଚରେ ସାହାଯ୍ୟ କରିବ। ଏଥିପାଇଁ ଜଣେ ମେସିନ୍ ପାଖେ ଛିଡା ହୋଇ ନିଜର ମୋବାଇଲ ନମ୍ବର, ନାଁ, ଲିଙ୍ଗ, ବୟସ ଆଦିର ସୂଚନା ଦିଅନ୍ତି। ମେସିନ୍‌ରେ ଲାଗିଥିବା କ୍ୟାମେରା ବ୍ୟକ୍ତିଙ୍କ ଦାନ୍ତକୁ ସ୍କାନ କରି ଫଟୋ ନେଇଥାଏ। ସ୍କାନ ହୋଇଥିବା ଫଟୋ ଆଧାରରେ ଏକ୍ସରେ ରିପୋର୍ଟର ମୂଲ୍ୟାଙ୍କନ ହୁଏ। ଦୁଇ ମିନିଟ୍‌ରେ ରିପୋର୍ଟ ଦିଏ। ରିପୋର୍ଟଟି ପୀଡ଼ିତଙ୍କ ହ୍ୱାଟସଅପ୍‌କୁ ପଠାଯାଏ। ରିପୋର୍ଟ ଆଧାରରେ ଜଣେ ଡାକ୍ତରଙ୍କ ପରାମର୍ଶ ନେଇ ଚିକିତ୍ସା ପାଆନ୍ତି। ଏହି ମେସିନ୍ ସାହାଯ୍ୟରେ ଦାନ୍ତଜନିତ ରୋଗ ତଥା ମୁଖ ଗହ୍ୱର କର୍କଟର ପ୍ରାରମ୍ଭିକ ଅବସ୍ଥାରେ ଜଣାପଡ଼ିବ।

## ଶିଶୁ କର୍କଟ
## ପ୍ରାରମ୍ଭିକ ଅବସ୍ଥାରୁ ଚିହ୍ନଟ ଜରୁରି



**ଦୈନନ୍ଦିନ ଜୀବନଚର୍ଯ୍ୟା, ଖାଦ୍ୟପେୟ ଶୈଳୀ, ଶାରୀରିକ ନିଷ୍କ୍ରିୟତା, ବଂଶାନୁଗତ ଆଦି କାରଣରୁ କର୍କଟ ରୋଗ ହୋଇଥାଏ। ଏହି ରୋଗ ସାଧାରଣତଃ ବୟସ୍କଙ୍କ ସହିତ ଅଧିକ ଜଡିତ। ହେଲେ ଏବେ ଶିଶୁ କର୍କଟ ବୈଶ୍ୱିକସ୍ତରରେ ଚିନ୍ତା ସୃଷ୍ଟି କରୁଛି। ଛୋଟ ପୁଅ-ଝିଅଙ୍କ ମଧ୍ୟରେ ଭିନ୍ନ ଭିନ୍ନ ପ୍ରକାର କର୍କଟ ଦେଖାଯାଉଛି। ତେଣୁ ଏହି କର୍କଟର ପ୍ରାରମ୍ଭିକ ଅବସ୍ଥାକୁ ଚିହ୍ନଟ କରି ଚିକିତ୍ସା କରିବା ଜରୁରି।**

ଶିଶୁ କର୍କଟ ଏକ ବିରଳ ରୋଗ। ମୁଖ୍ୟତଃ ପ୍ରଦୂଷଣ, ପରିବେଶଗତ ସମସ୍ୟା, ବଂଶାନୁଗତ, ମା'ମାନେ ନିଶାସେବନ ବା ଧୂମପାନ କରିବା, ଗର୍ଭାବସ୍ଥାରେ ମାତୃସ୍ୱାସ୍ଥ୍ୟ ସଂକ୍ରମଣ ଏବଂ ନିର୍ଦ୍ଦିଷ୍ଟ ଜେନେଟିକ୍ ଅବସ୍ଥା ପରି କାରଣଗୁଡ଼ିକ ଶିଶୁ କର୍କଟର ରୋଗର ବିପଦକୁ ପ୍ରଭାବିତ କରିପାରେ।

**ପୁଅଙ୍କୁ ଲ୍ୟୁକେମିଆ ଓ ଝିଅଙ୍କୁ ୱିଲମ୍ସ ଟ୍ୟୁମରର ବିପଦ**

ପୁଅ ଓ ଝିଅଙ୍କ ମଧ୍ୟରେ କର୍କଟ ବିପଦର ସାମାନ୍ୟ ପାର୍ଥକ୍ୟ ଦେଖାଯାଏ। ସ୍ୱାସ୍ଥ୍ୟ ଗବେଷଣାରୁ ଜଣାପଡ଼ିଛି ଯେ, ପୁଅଙ୍କୁ ଲ୍ୟୁକେମିଆ, ଲିମ୍ଫୋମା, ମସ୍ତିଷ୍କ ଟ୍ୟୁମର ଏବଂ ନ୍ୟୁରୋବ୍ଲାଷ୍ଟୋମା ଭଳି କର୍କଟ ବିପଦ ଅଧିକ ଥିବାବେଳେ ଝିଅଙ୍କ କ୍ଷେତ୍ରରେ ୱିଲମ୍ସ ଟ୍ୟୁମର(ବୃକ୍କ ଟ୍ୟୁମର) ଅଧିକ ଦେଖାଯାଏ। ଏହି ଲିଙ୍ଗଗତ ପାର୍ଥକ୍ୟ ପଛରେ କାରଣକୁ ଏବେବି ବିଶେଷଜ୍ଞମାନେ ଅନୁସନ୍ଧାନ କରୁଛନ୍ତି।

**ଲକ୍ଷଣକୁ ବୁଝନ୍ତୁ:** ଶିଶୁଙ୍କଠାରେ ଲଗାତାର ଅସାଧାରଣ ଲକ୍ଷଣ ଯେପରିକି ବିନା କାରଣରେ ଓଜନ କମ୍ ହେବା, ଥକ୍କାପଣ, ଦୀର୍ଘ ସମୟ ଧରି ଜ୍ୱର ରହିବା, ଲସିକା ଗ୍ରନ୍ଥି ଫୁଲି ରହିବା, ତ୍ୱଚା ହଳଦିଆ ପଡ଼ିବା, ହାଡ଼ ଯନ୍ତ୍ରଣା ଆଦି ଲକ୍ଷଣ ଦେଖାଦେଲେ ଡାକ୍ତରଙ୍କ ପରାମର୍ଶ ନିଅନ୍ତୁ। ତେବେ ଶିଶୁ କର୍କଟର ବିପଦ ବୟସ୍କ କର୍କଟ ରୋଗ ପରି ନୁହେଁ। ଡାଉନସିଣ୍ଡ୍ରୋମ, ଏଚ୍‌ଆଇଭି, ଏପଷ୍ଟିନ୍-ବାର ଭୂତାଣୁ, କିମ୍ବା ବଂଶାନୁଗତ ସମସ୍ୟା ଥିଲେ ଗର୍ଭାବସ୍ଥା ସମୟରେ ବି ମା' ମାନେ ସ୍କ୍ରିନିଂ କରାଇ ପାରିବେ।

**କର୍କଟ ଆଶଙ୍କାକୁ କମ୍ କରିବାର ଉପାୟ:** ତେଲ ଛଣା, ରାଗ ଓ ମସଲା ଖାଦ୍ୟ ବଦଳରେ ଶିଶୁଙ୍କୁ ବିଭିନ୍ନ ପ୍ରକାର ଫଳ, ପନିପରିବାଯୁକ୍ତ ସନ୍ତୁଳିତ ଖାଦ୍ୟ ଖାଇବାକୁ ଦିଅନ୍ତୁ। ମା'ମାନେ ଫୋଲିକ ଏସିଡ୍ ଯୁକ୍ତ ପ୍ରିନାଟାଲ ଭିଟାମିନ୍ ଗ୍ରହଣ କରିବା ଦ୍ୱାରା ଲ୍ୟୁକେମିଆ ଏବଂ ମସ୍ତିଷ୍କଟ୍ୟୁମର ବିପଦ ହ୍ରାସ ହୋଇଥାଏ। ପିଲାଙ୍କୁ ଖେଳକୁଦ ତଥା ଶାରୀରିକ ସକ୍ରିୟ ରହିବାକୁ ପ୍ରୋତ୍ସାହିତ କରନ୍ତୁ। ସ୍କ୍ରିନ୍ ସମୟ କମ୍ କରିବା ସହ ଧୂଆଁ, ବାୟୁପ୍ରଦୂଷଣ, ଏକ୍ସରେ କିମ୍ବା ସିଟିସ୍କାନ ଭଳି ଅନାବଶ୍ୟକ ପରୀକ୍ଷା ଆଦିଠୁ ପିଲାଙ୍କୁ ଦୂରେଇ ରଖନ୍ତୁ। ଭିଟାମିନ୍ ଡି ସେବନ କର୍କଟ ଆଶଙ୍କାକୁ ହ୍ରାସ କରିବାରେ ମଧ୍ୟ ସହାୟକ ହୋଇଥାଏ।

ଶିଶୁଙ୍କୁ ହେପାଟାଇଟିସ୍ ବି (ଏଚ୍‌ବିଭି) ଏବଂ ହ୍ୟୁମାନ୍ ପାପିଲୋମା ଭୂତାଣୁ (ଏଚ୍‌ପିଭି) ପରି ଟିକାକରଣ କରିବାକୁ ଭୁଲନ୍ତୁନି। ଏହା ଯକୃତ କର୍କଟ ତଥା ଅନ୍ୟାନ୍ୟ କର୍କଟରୁ ସୁରକ୍ଷା ଦେବାରେ ସାହାଯ୍ୟ କରେ। ଅସ୍ୱାଭାବିକ ଲକ୍ଷଣ ଦୀର୍ଘ ସମୟ ଧରି ଦେଖାଗଲେ ଶିଶୁ ବିଶେଷଜ୍ଞଙ୍କୁ ପରାମର୍ଶ କରନ୍ତୁ। ନିୟମିତ ଶିଶୁଙ୍କ ସ୍ୱାସ୍ଥ୍ୟ ପରୀକ୍ଷା ଦ୍ୱାରା ଗମ୍ଭୀର ସ୍ୱାସ୍ଥ୍ୟ ସମସ୍ୟା ବିଷୟରେ ପ୍ରାଥମିକ ଅବସ୍ଥାରୁ ଜଣାପଡ଼ିଥାଏ।

## ଶରୀରକୁ ସୁସ୍ଥ ରଖେ ସଜନା ପତ୍ର ଚୂର୍ଣ୍ଣ

**ଆୟୁର୍ବେଦରେ ସଜନା ପତ୍ରକୁ ସବୁଠୁ ଶକ୍ତିଶାଳୀ ଔଷଧ ଭାବେ ବିବେଚନା କରାଯାଏ। ଏହି ପତ୍ରରେ ଭିଟାମିନ୍, ଆଣ୍ଟି ଅକ୍ସିଡାଣ୍ଟ, ପ୍ରୋଟିନ୍ ଆଦି ପ୍ରଚୁରମାତ୍ରାର ରହିଛି। ତେଣୁ ଏହାକୁ ସେବନ କରିବା ଦ୍ୱାରା ଶରୀରରେ ବିଭିନ୍ନ ରୋଗ ଦୂର ହୋଇଥାଏ।**

- ସଜନା ପତ୍ରକୁ ଛାୟା ଶୁଷ୍କ କରି ଚୂର୍ଣ୍ଣ କରି ସେବନ କଲେ, ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧି ପାଏ। ଥକ୍କାପଣ ଦୂର ହୁଏ। ଏଥିରେ ଭିଟାମିନ୍-ଏ ଥିବାରୁ ଏହା ଦୃଷ୍ଟିଶକ୍ତି ବୃଦ୍ଧି କରାଏ। ଶରୀରକୁ ସୁସ୍ଥ ରଖେ।
- ସଜନା ପତ୍ରରେ ଆଣ୍ଟି ଇନ୍ଫ୍ଲାମେଟରୀ ଗୁଣ ରହିଛି। ଏହା ଶରୀରକୁ ବିଭିନ୍ନ ସଂକ୍ରମଣରୁ ସୁରକ୍ଷା ଦିଏ। ଜ୍ୱର, ଥଣ୍ଡା, ଅନ୍ୟାନ୍ୟ ରୋଗରୁ ମୁକ୍ତି ମିଳିଥାଏ।
- ସଜନାପତ୍ର ଚୂର୍ଣ୍ଣ ନିୟମିତ ଖାଇଲେ ମାଂସପେଶୀ ଶକ୍ତ ହୋଇଥାଏ। ଏହା ରକ୍ତରେ ଶର୍କରାକୁ ନିୟନ୍ତ୍ରଣ କରେ। ମଧୁମେହ ରୋଗୀଙ୍କ ପାଇଁ ଏହା ଭଲ। ଏହି ଚୂର୍ଣ୍ଣ ପାଚନକ୍ରିୟାକୁ ସକ୍ରିୟ କରି କୋଷ୍ଠକାଠିନ୍ୟ, ଗ୍ୟାସ୍ ଆଦି ଦୂର କରେ।
- ଆୟୁର୍ବେଦ ଚିକିତ୍ସକଙ୍କ ପରାମର୍ଶ ନେଇ ଏହି ଚୂର୍ଣ୍ଣକୁ ଅନୁମୋଦିତ ହାରରେ ଦୁଗ୍ଧ, ପାଣି କିମ୍ବା ଜୁସ୍‌ରେ ମିଶାଇ ସକାଳୁ ଖାଲି ପେଟରେ କିମ୍ବା ଖାଇବା ପରେ ସେବନ କରିପାରିବେ। କୌଣସି ସ୍ୱାସ୍ଥ୍ୟ ସମସ୍ୟା ଥିଲେ ଡାକ୍ତରଙ୍କ ପରାମର୍ଶରେ ଏହାକୁ ସେବନ କରିବା ଆବଶ୍ୟକ।



■ ମହିଳା ବିଶ୍ୱକପ୍ କ୍ରିକେଟ

## ଅଷ୍ଟ୍ରେଲିଆ ୧୦ ୱିକେଟରେ ବିଜୟୀ

ବିଶାଖାପାଟଣା,୧୬।୧୦(ଏଜେନ୍ସି): ବାଂଲାଦେଶକୁ ୧୦ ୱିକେଟରେ ପରାସ୍ତ କରି ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ଏଠାରେ ଚାଲିଥିବା ମହିଳା ବିଶ୍ୱକପ୍ କ୍ରିକେଟ ପ୍ରତିଯୋଗିତା ପଏଣ୍ଟ ଟେବଲର ଶୀର୍ଷ ସ୍ଥାନରେ ପହଞ୍ଚିଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ବାଂଲାଦେଶ ନିର୍ଦ୍ଧାରିତ ୫୦ ଓଭରରେ ୯ ୱିକେଟ ହରାଇ ୧୯୮ ରନ୍ କରିଥିଲା। ଜବାବରେ ଅଷ୍ଟ୍ରେଲିଆ ଏହାର ଅଧା ବା ୨୪.୫ ଓଭରରେ କୌଣସି ୱିକେଟ ନ ହରାଇ ବିଜୟୀ ହୋଇଥିଲା। ବିଜୟୀ ଦଳ ପକ୍ଷରୁ ଓପନର, ୱିକେଟ ରକ୍ଷକ ତଥା ଅଧିନାୟକ ଅଲିସା ହିଲି ୭୭ ବଲ୍‌ରେ ୨୦ ଚୌକା ସହ ୧୧୩ ଏବଂ ତାଙ୍କ ପାର୍ଟନର ଫୋଏବ୍ ଲିଚ୍‌ଫିଲ୍ଡ ୭୨ ବଲ୍‌ରୁ ୧୨ ଚୌକା ଓ ୧ ଛକା ସହ ୮୪ ରନ୍‌ରେ ଅପରାଜିତ ରହିଥିଲେ। ଏମାନେ ପ୍ରଥମ ୱିକେଟ ଭାଗୀଦାରିରୁ ୨୦୨ ରନ୍ ଉଠାଇଥିଲେ। ଏହି ବିଜୟ ଫଳରେ ଅଷ୍ଟ୍ରେଲିଆ ୫ମ ମ୍ୟାଚ୍‌ରୁ ଚତୁର୍ଥ ବିଜୟ ଓ ଗୋଟିଏ ବାତିଲ ମ୍ୟାଚ୍‌ରୁ ୯ ପଏଣ୍ଟ ସଂଗ୍ରହ କରି ଟେବଲର ଶୀର୍ଷସ୍ଥାନରେ ରହିଛି। ପ୍ରଥମ ଦଳ ଭାବେ ଅଷ୍ଟ୍ରେଲିଆ ମଧ୍ୟ ସେମିଫାଇନାଲରେ ପ୍ରବେଶ କରିଛି। ଅଷ୍ଟ୍ରେଲିଆ ୧୦ ୱିକେଟରେ ଜିତିଥିଲେ ମଧ୍ୟ ବାଂଲାଦେଶ ଇନିଂସରେ ୧୦ ଓଭର ବୋଲିଂ କରି ମାତ୍ର ୧୮ ରନ୍ ଦେଇ ୨ଟି ୱିକେଟ ନେଇଥିବା ଆଲାନ କିଙ୍ଗଙ୍କୁ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଛି। ପୂର୍ବରୁ ବାଂଲାଦେଶ ଇନିଂସରେ ଶୋଭନା ମୋସ୍ତାରି ଅପରାଜିତ ୬୬ ଓ ରୁବେୟା ହାଇଦର ୪୪ ରନ୍‌ର ଉପଯୋଗୀ ଇନିଂସ ଖେଳିଥିଲେ। ଅଷ୍ଟ୍ରେଲିଆ ପକ୍ଷରୁ ଆଶ୍‌ଲେ ଗାର୍ଡନର, ଆନାବେଲ ସଦରଲାଣ୍ଡ, କିଙ୍ଗ୍ ଓ ଜର୍ଜିଆ ୱେରହାମ୍ ୨ଟି ଲେଖାଏଁ ୱିକେଟ ନେଇ ବାଂଲା ବ୍ୟାଟିଂର ମେରୁଦଣ୍ଡ ଭାଙ୍ଗିଦେଇଥିଲେ।



| ଆଜିର ମ୍ୟାଚ୍ |
|---|
| ଦକ୍ଷିଣ ଆଫ୍ରିକା-ଶ୍ରୀଲଙ୍କା |
| ସ୍ଥାନ- କଲମ୍ବୋ |
| ଖେଳ ଆରମ୍ଭ- ଅପରାହ୍ଣ ୩ଟା |
| ପ୍ରସାରଣ- ଷ୍ଟାରସ୍ପୋର୍ଟ୍ସ |

## ସୁପର କପ୍‌ରୁ ଓହରିଲା ରିଅଲ କାଶ୍ମୀର

ନୂଆଦିଲ୍ଲୀ,୧୬।୧୦(ଏଜେନ୍ସି): ଦଳର ବିଦେଶୀ ଖେଳାଳିଙ୍କୁ ଭିସା ମିଳିବାରେ ବିଳମ୍ବ ହେବାରୁ ଶ୍ରୀନଗର ଭିତ୍ତିକ ଫୁଟବଲ କ୍ଲବ୍ ରିଅଲ କାଶ୍ମୀର ୨୦୨୫-୨୬ ଏଆଇଏଫ୍‌ଏଫ୍ ସୁପର କପ୍‌ରୁ ଓହରିଯାଇଛି। ଗ୍ରୁପ୍-ଏ'ରେ ସ୍ଥାନ ପାଇଥିବା ଏହି ଦଳ ଟୁର୍ଣ୍ଣାମେଣ୍ଟର ଆରମ୍ଭ ହେବାର ଅଳ୍ପଦିନ ପୂର୍ବରୁ ଓହରିଯାଇଛି। ରିଅଲ କାଶ୍ମୀର ଏଫ୍‌ସି ସ୍ଥାନରେ ଡେମ୍ପୋ ସ୍ପୋର୍ଟ୍ସ କ୍ଲବ୍ ଖେଳିବ ବୋଲି ଏଆଇଏଫ୍‌ଏଫ୍ ପକ୍ଷରୁ ଆଜି ଘୋଷଣା କରାଯାଇଛି। ଗ୍ରୁପ୍-ଏ'ରେ ଡେମ୍ପୋ ସହ ଚେନ୍ନାଇନ୍ ଏଫସି, ମୋହନ ବାଗାନ ସୁପର ଜାଏଣ୍ଟ ଓ ଇଷ୍ଟ ବେଙ୍ଗଲ ଏଫ୍‌ସିକୁ ସ୍ଥାନ ମିଳିଛି। ୨୫ରେ ଇଷ୍ଟ ବେଙ୍ଗଲ ସହ ଡେମ୍ପୋ ତାହାର ପ୍ରଥମ ମ୍ୟାଚ୍ ଖେଳିବ।

■ ସିକେ ନାଇଡୁ ଟ୍ରଫି

## ଓଡ଼ିଶା ୧୫୯ ରନରେ ଅଲଆଉଟ୍

କଟକ,୧୬।୧୦(ସମିସ): ୨୩ ବର୍ଷରୁ କମ୍ ପୁରୁଷ ବର୍ଗର ଜାତୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟ ସିକେ ନାଇଡୁ ଟ୍ରଫି ଗୁରୁବାର ଠାରୁ ଆରମ୍ଭ ହୋଇଛି। ହାଇଦ୍ରାବାଦର ରାଜୀବ ଗାନ୍ଧୀ ଅନ୍ତର୍ଜାତୀୟ ଷ୍ଟାଡିୟମରେ ଘରୋଇ ହାଇଦ୍ରାବାଦକୁ ଭେଟିଛି ଓଡ଼ିଶା ଦଳ। ପ୍ରଥମ ଦିବସରେ ଓଡ଼ିଶା ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇ ୧୫୯ରନରେ ଅଲଆଉଟ ହୋଇଛି। ଜବାବରେ ହାଇଦ୍ରାବାଦ ୪ ୱିକେଟ ହରାଇ ୧୦୯ରନ ସଂଗ୍ରହ କରିଛି। ଓଡ଼ିଶା ଅଧିନାୟକ ସାଇଦୀପ ମହାପାତ୍ର ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ୨୦ରନରେ ପ୍ରଥମ ୱିକେଟ ହରାଇଥିବା ଓଡ଼ିଶାର ମଧ୍ୟକ୍ରମ ବ୍ୟାଟିଂ ଲାଇନଅପ ଭୁଷୁଡ଼ି ପଡ଼ିଥିଲା। ଓପନର ପାନକଲ ଶଶାଙ୍କ ସର୍ବାଧିକ ୩୭ରନ କରିଥିଲେ। ହାଇଦ୍ରାବାଦର ଏମ ଶଶାଙ୍କ ଓ ପ୍ରଣବ ବର୍ମା ୪ଟି ଲେଖାଏ ୱିକେଟ ଅକ୍ତିଆର କରିଥିଲେ। ନିଜସ୍ୱ ଗ୍ରାଉଣ୍ଡରେ ଓଡ଼ିଶାକୁ କଡ଼ା ଜବାବ ଦେବାରେ ହାଇଦ୍ରାବାଦ ସଫଳ ହୋଇଛି। ଅମନ ରାଓ ୫୫ରନ ଏବଂ ନାଇଟ ୱାଚମ୍ୟାନ ଶଶାଙ୍କ ଶୂନରେ ଅପରାଜିତ ଅଛନ୍ତି। ଓଡ଼ିଶାର ଆୟୂଷ ବାରିକ ୨ଟି ୱିକେଟ ଦଖଲ କରିଛନ୍ତି।

୩ ଦିନିକିଆ ଓ ୫ ଟି-୨୦ ଅନ୍ତର୍ଜାତୀୟ ମୁକାବିଲା

# ୧୯ରୁ ଭାରତର ଅଷ୍ଟ୍ରେଲିଆ ଅଭିଯାନ

ନୂଆଦିଲ୍ଲୀ,୧୬।୧୦(ଏଜେନ୍ସି):

ଅନ୍ତର୍ଜାତୀୟ କ୍ରିକେଟରେ ଅଷ୍ଟ୍ରେଲିଆ ଏବେ ଭାରତର ନୂଆ ପ୍ରତିଦ୍ୱନ୍ଦ୍ୱୀ। ଏକଦା ଅଷ୍ଟ୍ରେଲିଆକୁ ହରାଇବା ଭାରତ ଲାଗି କଷ୍ଟକର ହେଉଥିଲାବେଳେ ଏବେ ସ୍ଥିତି ଭିନ୍ନ ହୋଇଛି। ଅଷ୍ଟ୍ରେଲିଆ ମାଟିରେ ମଧ୍ୟ ଭାରତ ପ୍ରଭାବୀ ଖେଳ ପ୍ରଦର୍ଶନ କରିଛି। ଦୁଇଦେଶ ମଧ୍ୟରେ ଅନୁଷ୍ଠିତ ଦ୍ୱିପାକ୍ଷିକ ସିରିଜ୍‌ରେ ଅଷ୍ଟ୍ରେଲିଆର ବିଜୟ ପ୍ରତିଶତକୁ ପ୍ରତିହତ କରିବାରେ ଭାରତ ସମର୍ଥ ହୋଇ ନ ଥିଲେ ମଧ୍ୟ ଲଢୁଆ ଖେଳ ପ୍ରଦର୍ଶନ କରି ବେଶ ଲୋକପ୍ରିୟତା ହାସଲ କରିଛି। ଟେଷ୍ଟ ଓ ଟି-୨୦ ଫର୍ମାଟରେ ଉଭୟଙ୍କ ମଧ୍ୟରେ ଅଧିକ କଡ଼ା ମୁକାବିଲା ହୋଇଛି। ମୋଟାମୋଟି କହିବାକୁ ଗଲେ ଭାରତ ଓ ଅଷ୍ଟ୍ରେଲିଆ କ୍ରିକେଟ ଖେଳରେ ଏବେ ନୂଆ ପ୍ରତିଦ୍ୱନ୍ଦ୍ୱୀ ସାଜିଛନ୍ତି। ଦିନିକିଆ ବିଶ୍ୱକପ୍ ଫାଇନାଲ ପରେ ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ପ୍ରଥମଥର ଆସନ୍ତା ୧୯ରୁ ଏକ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଆରମ୍ଭ ହେବ। ଏହା ପରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ମଧ୍ୟ ଖେଳାଯିବ। ଏଥିଲାଗି ଉଭୟ ଦଳ ପ୍ରସ୍ତୁତି ଶେଷ କରିଥିଲେ ମଧ୍ୟ ଆହତ ସମସ୍ୟା ଯୋଗୁଁ ଅଷ୍ଟ୍ରେଲିଆର ନିୟମିତ ଅଧିନାୟକ ପ୍ୟାଟ କମିନ୍ସ ଏହି ସିରିଜ୍‌ରେ ଖେଳିବେ ନାହିଁ। ମିଚେଲ ମାର୍ଶ ଦଳର ନେତୃତ୍ୱ ନେବେ। ଉଭୟ ଦେଶ ମଧ୍ୟରେ ନେତୃତ୍ୱ କିଏ ନେଉଛି, କିଏ ଉପସ୍ଥିତ ବା ଅନୁପସ୍ଥିତ ରହୁଛି ତାହା ବଡ଼ କଥା ନୁହେଁ, ପଡ଼ିଆରେ କିଏ କେତେ ସଫଳ ହେଉଛି ତାହା ହେଉଛି ଗୁରୁତ୍ୱପୂର୍ଣ୍ଣ। ଏଭଳି ସ୍ଥିତିରେ ବିଶ୍ୱର ସବୁଠାରୁ ଅଭିଜ୍ଞ ଦୁଇ ଖେଳାଳି ଭାରତର ପୂର୍ବତନ ଅଧିନାୟକ ରୋହିତ ଶର୍ମା ଓ ବିରାଟ କୋହଲି ସମ୍ଭବତଃ ଶେଷଥର ଲାଗି ଅଷ୍ଟ୍ରେଲିଆରେ ଖେଳିବେ। ଉଭୟ ଖେଳାଳି ଟେଷ୍ଟ ଓ ଟି-୨୦ ଫର୍ମାଟରୁ ଅବସର ନେଇସାରିଛନ୍ତି। ଏଣୁ ଏହି ସିରିଜ୍ ଉଭୟଙ୍କ ଲାଗି ଅଷ୍ଟ୍ରେଲିଆରେ ଶେଷ ସିରିଜ୍ ହେବ ଓ ଉଭୟ ଭାରତୀୟ ଦଳରେ ରହିବେ କି ନାହିଁ ତାହା ମଧ୍ୟ ସ୍ପଷ୍ଟ ହେବ। ସମସ୍ତ ଦୃଷ୍ଟି କୋଣରୁ ତର୍ଜମା କଲେ ଏହି ସିରିଜ୍ ଅଷ୍ଟ୍ରେଲିଆ ଅପେକ୍ଷା ଭାରତ ଲାଗି ବେଶ ମହତ୍ତ୍ୱ ରଖୁଛି। ରୋହିତ ଶର୍ମାଙ୍କ ସ୍ଥାନରେ ଶୁବମନ ଗିଲ୍ ଏବେ ଭାରତର ଉଭୟ ଟେଷ୍ଟ ଓ ଦିନିକିଆ ଅଧିନାୟକ ଦାୟିତ୍ୱରେ ରହିଛନ୍ତି।

ଚଳିତ ୩ ମ୍ୟାଚ୍ ବିଶିଷ୍ଟ ସିରିଜ୍ ଅଷ୍ଟ୍ରେଲିଆରେ ଖେଳାଯିବ। ଏହି ସିରିଜ୍‌ର ପ୍ରଥମ ମୁକାବିଲା ପର୍ଥର ଫାଷ୍ଟ ପିଚ୍‌ରେ ଅକ୍ଟୋବର ୧୯ ତାରିଖ ବା ଆସନ୍ତା ରବିବାର ଖେଳାଯିବ। ଶୁବମନ ଗିଲ୍‌ଙ୍କ ନେତୃତ୍ୱରେ ଭାରତୀୟ ଦଳ ଏବେ ଅଷ୍ଟ୍ରେଲିଆରେ ପହଞ୍ଚିସାରିଛି। ପିଚ୍ ଓ ପରିବେଶ ସହ ଖାପ୍ ଖୁଆଇବା ପରେ ଲଢ଼େଇ ଲାଗି ପ୍ରସ୍ତୁତ ହେବ। ଅଷ୍ଟ୍ରେଲିଆରେ ଭାରି ଶେଷଥର ୨୦୧୮-୧୯ରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍‌କୁ ୨-୧ରେ ଜିତିଥିଲା। ଏହା ପରେ ଆଉ ଗୋଟିଏ ସିରିଜ୍ ଖେଳାଯାଇଛି ଓ ଏହାକୁ ଅଷ୍ଟ୍ରେଲିଆ ବିଜୟୀ ହୋଇଛି। ଏବେ ନୂଆ ଖେଳାଳିଙ୍କୁ ନେଇ ଭାରତୀୟ ଦଳ ଅଷ୍ଟ୍ରେଲିଆର ମୁକାବିଲା କରିବାକୁ ଯାଉଛି। ଅଷ୍ଟ୍ରେଲିଆ ଦଳରେ ସ୍ଥାନ ପାଇଥିବା ପ୍ରାୟ ସମସ୍ତ ଖେଳାଳି ଆଇପିଏଲ୍‌ରେ ଖେଳିଛନ୍ତି। ଏଣୁ ଉଭୟ ଦଳର ଖେଳାଳିମାନେ ପରସ୍ପର ଖେଳ ଓ ରଣନୀତି ସମ୍ପର୍କରେ ବେଶ ଅବଗତ ଅଛନ୍ତି। ଏଣୁ ପିଚ୍ ଓ ପରିବେଶକୁ ଭାରତୀୟ ଦଳ କିପରି ଖାପ୍ ଖୁଆଇବ ତାହା ଉପରେ ଖେଳର ସ୍ଥିତି ନିର୍ଭର କରୁଛି। ଶେଷଥର ଉଭୟଙ୍କ ମଧ୍ୟରେ ଏକ ସିରିଜ୍ ୨୦୨୩-୨୪ ସିଜନରେ ଭାରତରେ ଖେଳାଯାଇଥିଲା। ଘରୋଇ ମାଟିରେ ଭାରତ ଏହାକୁ ଜିତିବାରେ ସମର୍ଥ ହୋଇଥିଲା। ଏବେ ନୂଆ ଖେଳାଳି ଓ ନୂଆ ନେତୃତ୍ୱରେ ଏକ ଭିନ୍ନ ଲଢ଼େଇ ଦେଖିବାକୁ ମିଳିବ ବୋଲି ଆଶା କରାଯାଉଛି।

ରୋହିତ, କୋହଲି ଓ ଗିଲ୍‌ଙ୍କ ଉପରେ ନଜର: ଚାମ୍ପିଅନ୍ସ ଟ୍ରଫି ପରେ ବିରାଟ କୋହଲି ଓ ରୋହିତ ଶର୍ମାଙ୍କର ଏହା ପ୍ରଥମ ପ୍ରତିଯୋଗିତାମୂଳକ କ୍ରିକେଟ ହେବ। ଏହି ଦୁଇ ଖେଳାଳି ଏବେ କେବଳ ଦିନିକିଆ ଫର୍ମାଟରେ ଅନ୍ତର୍ଜାତୀୟ କ୍ରିକେଟ ଖେଳୁଛନ୍ତି। ଦିନିକିଆ ବିଶ୍ୱକପ୍ ୨୦୨୭ରେ ଖେଳାଯିବ। ଏହା ମଧ୍ୟରେ ଟିମ୍ ସଜାଡିନେବାକୁ ସମସ୍ତ ଉଦ୍ୟମ କରିବ ଟିମ୍ ଇଣ୍ଡିଆ। ରୋହିତ ଓ କୋହଲିଙ୍କ ନେଇ ଭାରତ ବିଶ୍ୱକପ୍ ଖେଳିବ କିମ୍ବା ସେମାନଙ୍କୁ ବାଦ୍ ଦେବ ତାହାର ପୂର୍ବାନୁମାନ କରିବା କଷ୍ଟକର। କିନ୍ତୁ ଏହି ସିରିଜ୍‌ରୁ ସେମାନଙ୍କ ଭବିଷ୍ୟତ ସମ୍ପର୍କରେ ନିଶ୍ଚିତ କିଛି ସ୍ପଷ୍ଟ ସୂଚନା ମିଳିବ। ସେହିପରି ଶୁବମନ ଗିଲଙ୍କ ନେତୃତ୍ୱରେ ଭାରତ ଦିନିକିଆ ସିରିଜ୍ ଖେଳିବାକୁ ଯାଉଛି। ଇଂଲଣ୍ଡରେ ଟେଷ୍ଟ ଦଳର ନେତୃତ୍ୱ ନେଇ ଗିଲ ଉଭୟ ବ୍ୟାଟିଂ ଓ ନେତୃତ୍ୱରେ ବେଶ ସଫଳତା ଲାଭ କରିଥିଲେ। ଏବେ ଆଉ ଏକ ପରୀକ୍ଷାର ସମ୍ମୁଖୀନ ହୋଇଛନ୍ତି ଗିଲ୍। ଏଣୁ ଭାରତର ଏହି ସିରିଜ୍‌ରେ ୩ ତାରକା ଖେଳାଳିଙ୍କ ଉପରେ ନିଶ୍ଚିତ ନଜର ରହିବ।



| ଖେଳ ଆରମ୍ଭ (ଭାରତୀୟ ସମୟ) |
|---|
| ଦିନିକିଆ: ସକାଳ ୯ଟା |
| ଟି-୨୦ : ଅପରାହ୍ଣ ୧ଟା ୪୫ ମିନିଟ୍ |
| ପ୍ରସାରଣ |
| ଷ୍ଟାର ସ୍ପୋର୍ଟ୍ସ ନେଟ୍‌ୱର୍କ, ଜିଓ ହଟ୍‌ଷ୍ଟାର |

**ଖେଳ ସୂଚୀ- ଦିନିକିଆ**

| ତାରିଖ | ମ୍ୟାଚ୍ | ଭେନ୍ୟୁ |
|---|---|---|
| ୧୯।୧୦ | ପ୍ରଥମ ଦିନିକିଆ | ପର୍ଥ |
| ୨୩।୧୦ | ଦ୍ୱିତୀୟ ଦିନିକିଆ | ଆଡିଲେଡ୍ |
| ୨୫।୧୦ | ତୃତୀୟ ଦିନିକିଆ | ସିଡନୀ |

**ଖେଳ ସୂଚୀ- ଟି-୨୦ ଅନ୍ତର୍ଜାତୀୟ**

| ତାରିଖ | ମ୍ୟାଚ୍ | ଭେନ୍ୟୁ |
|---|---|---|
| ୨୯।୧୦ | ପ୍ରଥମ ଟି-୨୦ | କାନବେରା |
| ୩୧।୧୦ | ଦ୍ୱିତୀୟ ଟି-୨୦ | ମେଲବୋର୍ଣ୍ଣ |
| ୨।୧୧ | ତୃତୀୟ ଟି-୨୦ | ହୋବାର୍ଟ |
| ୬।୧୧ | ଚତୁର୍ଥ ଟି-୨୦ | ଗୋଲ୍ଡ କୋଷ୍ଟ |
| ୮।୧୧ | ପଞ୍ଚମ ଟି-୨୦ | ବ୍ରିସ୍‌ବେନ୍ |

**ଭାରତର ଖେଳାଳି ଦଳ**

**ଦିନିକିଆ ଦଳ:** ଶୁବମନ ଗିଲ୍ (ଅଧିନାୟକ), ରୋହିତ ଶର୍ମା, ବିରାଟ କୋହଲି, ଶ୍ରେୟସ ଆୟର (ଉପଅଧିନାୟକ), ଲୋକେଶ ରାହୁଲ, ଯଶସ୍ୱୀ ଜୟସ୍ୱାଲ, ନୀତୀଶ କୁମାର ରେଡ୍ଡୀ, ଧ୍ରୁବ ଜୁରେଲ, ଅକ୍ଷର ପଟେଲ, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ମହମ୍ମଦ୍ ସିରାଜ, ଅର୍ଶଦୀପ ସିଂହ, ପ୍ରସିଦ୍ଧ କ୍ରିଷ୍ଣା, ହର୍ଷିତ ରାଣା।

**ଟି-୨୦ ଦଳ:** ସୂର୍ଯ୍ୟକୁମାର ଯାଦବ (ଅଧିନାୟକ), ଶୁବମନ ଗିଲ୍ (ଉପଅଧିନାୟକ), ଅଭିଷେକ ଶର୍ମା, ତିଳକ ବର୍ମା, ସଞ୍ଜୁ ସାମସନ (ୱିକେଟରକ୍ଷକ), ନୀତୀଶ କୁମାର ରେଡ୍ଡୀ, ଶିବମ ଦୁବେ, ରିଙ୍କୁ ସିଂ, ଜିତେଶ ଶର୍ମା (ୱିକେଟରକ୍ଷକ), ଅକ୍ଷର ପଟେଲ, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ବରୁଣ ଚକ୍ରବର୍ତ୍ତୀ, ଯଶପ୍ରୀତ ବୁମ୍‌ରା, ଅର୍ଶଦୀପ ସିଂହ, ହର୍ଷିତ ରାଣା।

## ଭାଇଙ୍କୁ ଗୁରୁଗ୍ରାମ ସମ୍ପତ୍ତି ହସ୍ତାନ୍ତର କଲେ କୋହଲି

ଗୁରୁଗ୍ରାମ୍, ୧୬।୧୦ (ଏଜେନ୍ସି): ଭାରତୀୟ ବ୍ୟାଟିଂ ସୁପରଷ୍ଟାର ବିରାଟ କୋହଲି ଗୁରଗ୍ରାମରେ ଥିବା ତାଙ୍କ ସମ୍ପତ୍ତି ଭାଇ ବିକାଶଙ୍କୁ ହସ୍ତାନ୍ତର କରିଛନ୍ତି। ସେ ବିକାଶଙ୍କ ନାମରେ ସବୁ ସମ୍ପତ୍ତି ଲେଖିଛନ୍ତି ଓ ପାୱାର ଅଫ୍ ଆଟର୍ଣ୍ଣି ଭାଇଙ୍କ ନାଁରେ କରିଛନ୍ତି। ଏଥିପାଇଁ ସେ ମଙ୍ଗଳବାର ଗୁରୁଗ୍ରାମ୍‌ର ୱଜିରାବାଦ୍ ତହସିଲ ଅଫିସ୍‌ରେ ପହଞ୍ଚିଥିଲେ। ସେ ତହସିଲ୍‌ରେ ଏକ ଘଣ୍ଟା ରହିଥିଲେ ଓ ଉପସ୍ଥିତ ସବୁ କର୍ମଚାରୀଙ୍କ ସହ ଫଟୋ ଉଠାଇଥିଲେ। ଏହାପରେ ସେ ଦିଲ୍ଲୀ ବିମାନବନ୍ଦରରୁ ଅଷ୍ଟ୍ରେଲିଆ ଗସ୍ତ କରିଥିଲେ। କୋହଲି ପତ୍ନୀ ତଥା ଅଭିନେତ୍ରୀ ଅନୁଷ୍କା ଶର୍ମା ଓ ପୁଅ-ଝିଅଙ୍କ ସହ ସହ ଲଣ୍ଡନରେ ଅବସ୍ଥାନ କରୁଛନ୍ତି। ସେ ଭାରତରେ କମ୍ ସମୟ ରହୁଛନ୍ତି। ସେଥିପାଇଁ ସେ ତାଙ୍କ ସମ୍ପତ୍ତିକୁ ଭାଇ ନାଁରେ କରିଛନ୍ତି। ଗୁରୁଗ୍ରାମ୍‌ରେ ଡିଏଲ୍‌ଏଫ୍ ସିଟିରେ କୋହଲିଙ୍କ ଏକ ଘର ଓ ଫ୍ଲାଟ ରହିଛି। ଉଲ୍ଲେଖଥାଉ କି, କୋହଲି ଟି-୨୦ ଓ ଟେଷ୍ଟ କ୍ରିକେଟରୁ ଅବସର ଘୋଷଣା କରିସାରିଛନ୍ତି। ସେ ୧୯ରୁ ଆରମ୍ଭ ହେବାକୁ ଯାଉଥିବା ଦିନିକିଆ ସିରିଜ ଖେଳିବାକୁ ଅଷ୍ଟ୍ରେଲିଆ ଗସ୍ତ କରିଛନ୍ତି।



## ଅଭିଷେକ, ମନ୍ଧାନା ସେପ୍ଟେମ୍ବରର ଶ୍ରେଷ୍ଠ ଆଇସିସି କ୍ରିକେଟର

ଦୁବାଇ, ୧୬।୧୦ (ଏଜେନ୍ସି): ଭାରତୀୟ ବିସ୍ଫୋରକ ବ୍ୟାଟର ଅଭିଷେକ ଶର୍ମା ଓ ସ୍ମୃତି ମନ୍ଧାନା ଯଥାକ୍ରମେ ପୁରୁଷ ଓ ମହିଳା ବିଭାଗରେ ସେପ୍ଟେମ୍ବର ମାସର ଅନ୍ତର୍ଜାତୀୟ କ୍ରିକେଟ ପରିଷଦ (ଆଇସିସି) ପ୍ଲେୟର ଅଫ୍ ଦି ମ୍ୟାଚ୍ ବିବେଚିତ ହୋଇଛନ୍ତି। ଗତମାସରେ ୟୁଏଇରେ ଅନୁଷ୍ଠିତ ଟି-୨୦ ଏସିଆକପ୍‌ରେ ସେ ଭାରତ ପାଇଁ ଇନିଂସ ଓପନ କରି ଧୂଆଁଧାର ବ୍ୟାଟିଂ କରିବା ସହ ୭ରୁ ୬ଟି ମ୍ୟାଚ୍‌ରେ ଜବରଦସ୍ତ ଆରମ୍ଭ ପ୍ରଦାନ କରିଥିଲେ। ଟୁର୍ଣ୍ଣାମେଣ୍ଟରେ ସେ ମୋଟ୍ ୩୧୪ ରନ ସଂଗ୍ରହ କରି ଏହି ପୁରସ୍କାର ହାସଲ କରିଛନ୍ତି। ଏହିକ୍ରମରେ ଅଭିଷେକ ନିଜର ଦେଶର ତାରକା ସ୍ପିନର କୁଲଦୀପ ଯାଦବ ଓ ଜିମ୍ବାୱେରେ ଓପନିଂ ବ୍ୟାଟର ବ୍ରାଏନ ବେନେଟଙ୍କୁ ପଛରେ ପକାଇଛନ୍ତି। କୁଲଦୀପ ଏସିଆକପ୍‌ରେ ୧୭ଟି ୱିକେଟ ଅକ୍ତିଆର କରି ଭାରତକୁ ଚାମ୍ପିଅନ କରାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ସେହିପରି ବେନେଟ ଟି-୨୦ ବିଶ୍ୱକପ୍ କ୍ୱାଲିଫାୟରରେ ଶତକ ହାସଲ କରିଥିଲେ। ଏସିଆକପ୍‌ରେ ଅଭିଷେକ ୭ଟି ମ୍ୟାଚ୍ ଖେଳିଥିଲେ।





ସେ ୨୦୦ ଷ୍ଟ୍ରାଇକ୍‌ରେଟ୍ ୬ଟି ମ୍ୟାଚ୍‌ରେ ୩୦ରୁ ଉର୍ଦ୍ଧ୍ୱ ରନ୍ ସଂଗ୍ରହ କରିଥିଲେ। ସେ ୩ଟି ଅର୍ଦ୍ଧଶତକ ହାସଲ କରିଥିଲେ। ସୁପର-୪ ପର୍ଯ୍ୟାୟରେ ସେ ପାକିସ୍ତାନ ବିପକ୍ଷରେ ୭୪ ଓ ବାଂଲାଦେଶ ବିପକ୍ଷରେ ୭୫ ରନର ଇନିଂସ ଖେଳିଥିଲେ। ଟୁର୍ଣ୍ଣାମେଣ୍ଟରେ ସର୍ବାଧିକ ରନ୍ ସଂଗ୍ରହ କରିବା ସହ ସେ ସର୍ବାଧିକ ବାଉଣ୍ଡାରୀ ମାରିଥିଲେ।

ଅନ୍ୟପଟେ ମହିଳା କ୍ରିକେଟରେ ଭରତୀୟ ବାହହାତୀ ବ୍ୟାଟର ସ୍ମୃତି ମନ୍ଧାନା ମଧ୍ୟ ଆଇସିସି ପ୍ଲେୟର ଅଫ୍ ଦି ମନ୍ଥ ବିବେଚିତ ହୋଇଛନ୍ତି। ସେ ପାକିସ୍ତାନର ସିଦ୍ରା ଅମିନ ଓ ଦକ୍ଷିଣ ଆଫ୍ରିକାର ତାଜମିନ ବ୍ରିଟ୍‌ଜଙ୍କୁ ପଛରେ ପକାଇ ସେପ୍ଟେମ୍ବର ଶ୍ରେଷ୍ଠ ମହିଳା କ୍ରିକେଟର ବିବେଚିତ ହୋଇଛନ୍ତି।

## ୨୫ରୁ ମହିଳା କାୟାକିଂ ଓ କାନୋଇଂ ଲିଗ୍

କଟକ, ୧୬।୧୦ (ସମିସ): ଜଗତପୁରସ୍ଥିତ ଜଳକ୍ରୀଡ଼ା କେନ୍ଦ୍ରରେ ଆସନ୍ତା ୨୫ରୁ ଖେଲୋ ଇଣ୍ଡିଆ ମହିଳା କାୟାକିଂ ଓ କାନୋଇଂ ଲିଗ୍ ଆରମ୍ଭ ହେବ। କେବଳ ମହିଳା ପ୍ରତିଯୋଗୀଙ୍କୁ ନେଇ ହେବାକୁ ଥିବା ଏହି ପ୍ରତିଯୋଗିତା ଦୁଇ ଦିନ ଧରି ଚାଲିବ। ସମସ୍ତ ବୟସ ବର୍ଗର ଖେଳାଳି ଏଥିରେ ଅଂଶ ଗ୍ରହଣ କରିବେ। ଏପରିକି ଓଡ଼ିଶାରେ ଚାକିରି କରିଥିବା ଅନ୍ୟ ରାଜ୍ୟର ଜଳକ୍ରୀଡ଼ାବିତ୍ ମାନେ ମଧ୍ୟ ଭାଗ ନେଇ ପାରିବେ। ରାଜ୍ୟ ସଂଘର ସମସ୍ତ ଅନୁବନ୍ଧିତ ୟୁନିଟ୍‌କୁ ଏ ବାବଦରେ ସୂଚନା ଦିଆଯାଇଛି। ଏଭଳି ଲିଗ୍ ଆୟୋଜନ ଦ୍ୱାରା ଓଡ଼ିଶାରୁ କାୟାକିଂ ଓ କାନୋଇଂ ପ୍ରତିଭା ଚିହ୍ନଟ ହେବେ ବୋଲି ରାଜ୍ୟ ସଂଘ ସମ୍ପାଦକ ବିପିନ ଦାଶ ପ୍ରେସବିବୃତ୍ତି ମାଧ୍ୟମରେ ଜଣାଇଛନ୍ତି।

ବାରବାଟୀ ରଣଜୀ

# ରାଜେଶ ଧୂପର୍ ଶତକରୁ ବଞ୍ଚିତ

କଟକ,୧୬।୧୦(ସମିସ):

ବାରବାଟୀ ଷ୍ଟାଡିୟମର ଘରୋଇ ପରିବେଶରେ ବରୋଦାକୁ ଟକ୍କର ଦେବାରେ ଓଡ଼ିଶା ବିଫଳ ହୋଇଛି। ଓଡ଼ିଶାର ପାଳି ୨୭୧ରନରେ ସୀମିତ ରହିବା ପରେ ବରୋଦା ୨ ୱିକେଟ ହରାଇ ୧୨୭ରନ କରିଛି। ଓପନର ଶିବାଲିକ ଶର୍ମା ୭୫ରନରେ ଅପରାଜିତ ରହିଛନ୍ତି। ହାତରେ ୮ ୱିକେଟ ବାକି ରଖି ୧୪୪ରନରେ ପଛୁଆ ଥିବା ବରୋଦା ଏଠାରେ ଇନିଂସ ଅଗ୍ରଣୀ ଦିଗରେ ଅଗ୍ରସର ହେଉଛି। ଶୁକ୍ରବାର ଖେଳର ୩ୟ ଦିବସ। ବରୋଦାର ପ୍ରଥମ ଇନିଂସକୁ ଯଥାଶୀଘ୍ର ସମାପ୍ତ କରିବାକୁ ଓଡ଼ିଶା ଲକ୍ଷ୍ୟ ରଖିବ। ଓଡ଼ିଶାର ବୋଲିଂ ଆଗରେ ଅତ୍ୟନ୍ତ ଧୈର୍ଯ୍ୟର ସହ ଖେଳି ବରୋଦା ପ୍ରଥମ ଇନିଂସ ଅଗ୍ରଣୀ ଲକ୍ଷ୍ୟରେ ରହିଛି। ଓଡ଼ିଶା ଇନିଂସରେ ରାଜେଶ ଧୂପର ସର୍ବାଧିକ ୯୪ ରନ୍‌ରେ ଆଉଟ ହୋଇଥିଲାବେଳେ ମାତ୍ର ୬ ରନ୍ ଲାଗି ଶତକରୁ ବଞ୍ଚିତ ହୋଇଛନ୍ତି।

| ଓଡ଼ିଶା ୨୭୧/୧୦; |
|---|
| ବରୋଦା ୧୨୭/୨ |



ଓଡ଼ିଶାର ଅସମାପ୍ତ ପ୍ରଥମ ପାଳି ୨୦୫/୫ରୁ ଗୁରୁବାର ଖେଳ ଆରମ୍ଭ ହୋଇଥିଲା। ୭୬ରନରେ ଅପରାଜିତ ଥିବା ରାଜେଶ ଧୂପରଙ୍କ ସହ କ୍ରିଜରେ ଯୋଗ ଦେଇଥିଲେ ୱିକେଟକିପର ଆଶୀର୍ବାଦ ସ୍ୱାଇଁ। ଉଭୟଙ୍କ ଭିତରେ ୪୫ରନର ଭାଗିଦାରୀ ସୃଷ୍ଟି ହୋଇଥିଲା। ତେବେ ୯୪ରନରେ ପହଞ୍ଚିଥିବା ରାଜେଶଙ୍କୁ ଏଲବିଡବ୍ଲ୍ୟୁ କରି ଅତୀତ ସେଠ୍ ଓଡ଼ିଶାକୁ ବଡ ଝଟ୍‌କା ଦେଇଥିଲେ। ୨୫୨ବଲ ସମ୍ମୁଖୀନ ହୋଇ ୭ଟି ଚୌକା ଓ ୨ଟି ଛକା ବଳରେ ରାଜେଶ ଏହି ଲଢୁଆ ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ଦଳୀୟ ସ୍କୋରରେ ଆଉ ୩ରନ୍ ଯୋଡ଼ି ହେବା ପରେ ଆଶୀର୍ବାଦ (୨୨ରନ) ପ୍ୟାଭିଲିୟନ ଫେରିଥିଲେ। ରାଜେଶ ମହାନ୍ତି ୮ରନ, ସୁନୀଲ ରାଉଳ ୯ରନ, ସୁମିତ ଶର୍ମା ଶୂନରେ ଆଉଟ ହେବା ସହ ଓଡ଼ିଶା ପାଳିର ପରିସମାପ୍ତି ଘଟିଥିଲା। ବରୋଦାର ଅତୀତ ୪ଟି ୱିକେଟ ହାସଲ କରିଥିବା ବେଳେ ରସିକ ସଲାମ ୩ଟି ଓ ଭାର୍ଗବ ଭଟ୍ଟ ୨ଟି ୱିକେଟ ଅକ୍ତିଆର କରିଛନ୍ତି। ରସିକ୍ ଓଡ଼ିଶାର ଶେଷ ୩ଟି ୱିକେଟ ନେବାରେ ସଫଳ ହୋଇଥିଲେ। ଜ୍ୟୋତ୍ସ୍ନିଳ ସିଂହ ଓ ଶିବାଳିକ ଶର୍ମା ଓପନିଂ ଭାଗିଦାରୀରେ ୩୭ରନ ସଂଗ୍ରହ କରିଥିଲେ। ଅତ୍ୟନ୍ତ ଧିମା ଗତିରେ ଖେଳୁଥିବା ଜ୍ୟୋତ୍ସ୍ନିଳ ୧୨ରନ କରିଥିବା ବେଳେ ରନଆଉଟ ହୋଇ କ୍ରିଜ ଛାଡ଼ିଥିଲେ। ପରେ କ୍ରିଜକୁ ଆସିଥିବା ଶାଶ୍ୱତ ରାଉତ ଗୋବିନ୍ଦ ପୋଦ୍ଦାରଙ୍କ ସ୍ପିନ ଜାଲରେ ଫସିଥିଲେ। ମାତ୍ର ୮ରନରେ ସେ ୱିକେଟକିପର ଆଶୀର୍ବାଦଙ୍କ ହାତରେ ଧରା ପଡ଼ିଥିଲେ। ୫୧ରନରେ ପ୍ରଥମ ଦୁଇ ୱିକେଟ ହରାଇଥିବା ବରୋଦା ଦଳ ଓଡ଼ିଶା ବୋଲରଙ୍କୁ ଆଉ ସୁଯୋଗ ନଦେଇ ଦଳୀୟ ସ୍କୋରକୁ ୧୨୭ରେ ପହଞ୍ଚାଇଛି। ଶିବାଳିକ ୭୫ରନ ଏବଂ ସୁକୀର୍ତ୍ତ ପାଣ୍ଡେ ୩୨ରନରେ ଅପରାଜିତ ଅଛନ୍ତି। ଶିବାଳିକ୍ ଏହି ସ୍କୋର କରିବାକୁ ୧୬୬ଟି ଓ ସୁକୀର୍ତ୍ତ ୧୧୪ଟି ବଲ୍‌ର ସମ୍ମୁଖୀନ ହୋଇଥିଲେ। ଉଭୟ ବୋଲର ଗୋଟିଏ ଲେଖାଏଁ ଛକା ମାରିଥିଲାବେଳେ ଶିବାଳିକ ୬ଟି ଓ ସୁକୀର୍ତ୍ତ ତାଙ୍କ ଇନିଂସରେ ୩ଟି ଚୌକା ମାରିଥିଲେ। ଓଡ଼ିଶାର ପ୍ରମୁଖ ବୋଲର ରାଜେଶ ମହାନ୍ତି, ସୁନୀଲ ରାଉଳ, ସୁମିତ ଶର୍ମା ଏବଂ ବାଦଲ ବିଶ୍ୱାଳଙ୍କ ୱିକେଟ ଖାତା ଖାଲି ରହିଛି। କାମଚଳା ସ୍ପିନର ଗୋବିନ୍ଦ ପୋଦ୍ଦାରଙ୍କୁ ୨ଟି ଯାକ ୱିକେଟ ମିଳିଛି।

ୟୁନିଲାଇଟ୍ କପ୍

## ସେମିରେ ଓଡିଏମ୍ ଗ୍ଲୋବାଲ୍ ସ୍କୁଲ୍

ଭୁବନେଶ୍ୱର, ୧୬।୧୦ (ସମିସ): ଭୁବନେଶ୍ୱର ଭେଟେରାନ ଫୁଟବଲ ଖେଳାଳି ସଂଘ ଆନୁକୂଲ୍ୟରେ ସ୍ଥାନୀୟ ୟୁନିଟ୍-୧ ଫୁଟବଲ ଏକାଡେମୀ ପଡିଆରେ ଚାଲିଥିବା ୟୁନିଲାଇଟ୍ ଆନ୍ତଃସ୍କୁଲ ଫୁଟବଲ ଟୁର୍ଣ୍ଣାମେଣ୍ଟରେ ଓଡ଼ିଏଲ୍ ଗ୍ଲୋବାଲ ସ୍କୁଲ ସେମିଫାଇନାଲରେ ପ୍ରବେଶ କରିଛି। ଗୁରୁବାର ଅନୁଷ୍ଠିତ କ୍ୱାର୍ଟରଫାଇନାଲ ମୁକାବିଲାରେ ଓଡ଼ିଏମ୍ ଟାଇବ୍ରେକରରେ ୬-୫ ଗୋଲରେ ଗଣ୍ଡରପୁରର ଅରବିନ୍ଦ ହାଇସ୍କୁଲକୁ ପରାସ୍ତକରି ସେମିକୁ ଉଠିଛି। ନିର୍ଦ୍ଧାରିତ ସମୟ ସୁଦ୍ଧା ମ୍ୟାଚ୍ ୧-୧ ଗୋଲ୍‌ରେ ଅମୀମାଂସିତ ରହିଥିଲା। ଗଣ୍ଡରପୁରର ଓମ୍ ସାଇ ସତ୍ୟଜିତ ଦଳାଇ ପେନାଲ୍ଟି ଜରିଆରେ ଗୋଲ ଦେଇ ଦଳକୁ ଅଗ୍ରଣୀ କରାଇଥିଲେ। ଦ୍ୱିତୀୟାର୍ଦ୍ଧରେ ଗ୍ଲୋବାଲର ଆୟୁଷ ଖୋଗେ ଗୋଲ ଦେଇ ମ୍ୟାଚ୍‌କୁ ବରାବର ସ୍ଥିତିକୁ ଆଣିଥିଲେ। ମ୍ୟାଚ୍ ଅମୀମାଂସିତ ରହିବା ଫଳରେ ଟାଇବ୍ରେକରର ସହାୟତା ନିଆଯାଇଥିଲା। ଅତିଥି ଭାବେ ରାଜକୁମଳ ମଣ୍ଡଳ ଓ ଅରୁଣ କୁମାର ବଳିୟାରସିଂ ମ୍ୟାନ ଅଫ୍ ଦି ମ୍ୟାଚ୍ ପୁରସ୍କାର ଗଣ୍ଡରପୁର ଗୋଲରକ୍ଷକ ସତ୍ୟଜିତ ପଡିହାରୀଙ୍କୁ ପ୍ରଦାନ କରିଥିଲେ। ପୁରସ୍କାର ବିତରଣୀ ଉତ୍ସବରେ ସଭାପତି ନବରଞ୍ଜନ ପଟ୍ଟନାୟକ, ଆଶୋକ କୁମାର ପଟ୍ଟନାୟକ ଉପସ୍ଥିତ ଥିଲେ। ରାଜୁ ମହାନ୍ତି, ସରୋଜ ମହରାଣା, ଶେଖାୱତ ଖାନ୍, ଅମିତ ନାୟକ ଖେଳ ପରିଚାଳନା କରିଥିବା ବେଳେ ମ୍ୟାଚ୍ କମିଶନର ଭାବେ ଟି ମୋହନରାଓ ଦାୟିତ୍ୱ ସମ୍ପାଦନ କରିଥିଲେ। ଶୁକ୍ରବାର ଗ୍ଲୋବାଲ ହାଇସ୍କୁଲ ପଟିଆ ଓ ଜଟଣୀ ସରକାରୀ ସ୍କୁଲ ପରସ୍ପରକୁ ଭେଟିବେ।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS